

୧୦୦ ତମ ଟାଇଟଲ୍ ଜିତିଲେ ଜୋକୋଭିଚ୍

▶ପୃଷ୍ଠା ୧୨ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 42 •ISSUE-327 •BHUBANESWAR •MONDAY •26 MAY 2025 •PAGE-12 •₹ 6.00 | JEYPORE | •ବର୍ଷ-୪୨ •ସଂଖ୍ୟା-୩୨୭ •ଭୁବନେଶ୍ୱର •ସୋମବାର •୨୬ ମେ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦






# ADYANTIANS: Maintaining the Traditions of Excellence

## OUR RESULTS AT A GLANCE

Well Done ! We are Proud of you !!!

**ADYANT**
HIGHER SECONDARY SCHOOL
(A Division of Adyant Educational & Charitable Trust)
In Association With
**Aakash**
Medical|IIT - JEE Foundations



**BIJETA BEHERA** — SCORE **580**
Roll No. 395MA355

| Name | Roll No. | Score |
|---|---|---|
| SHRADDHA SUMAN SEN | 395MA004 | 573 |
| RATNASAGAR DAS | 395MA003 | 572 |
| RAJESWARI JENA | 395MA018 | 569 |
| S KRISHNA SAHOO | 395MA013 | 566 |
| ABHIJIT MOHANTY | 395MA001 | 565 |
| SURYAKANTA SWAIN | 395MA002 | 562 |
| SUSREE SANGITA BEHERA | 395MA015 | 562 |
| ASMITA BEHERA | 395MA008 | 561 |
| HIMANSHU S. PRUSTY | 395MA022 | 561 |
| RAMESH NAIK | 395MA361 | 561 |
| RAJENDRA KU. SAMANTARAY | 395MA030 | 560 |
| AYUSH JENA | 395MA005 | 559 |
| ABHIPSA BEHERA | 395MA037 | 559 |
| SHRADHANJALI ROUT | 395MA133 | 558 |
| ANKITA PARIDA | 395MA024 | 557 |
| KONARK SHIKHAR NATH | 395MA043 | 557 |
| SAUMYA KANTA ARUK | 395MA045 | 557 |
| SUSAMA NAYAK | 395MA090 | 557 |
| SHUBHANKAR BEHERA | 395MA016 | 556 |
| ASUTOSH SAHOO | 395MA026 | 556 |
| SAISMITA DASH | 395MA120 | 556 |
| NISHIKANTA TRIPATHY | 395MA017 | 555 |
| AKANKSHYA P. PRADHAN | 395MA041 | 555 |
| DEEPAK KUMAR SEND | 395MA047 | 555 |
| JITENDRA NARAYAN PANI | 395MA049 | 555 |
| AYUSH SARANGI | 395MA056 | 555 |
| PRAGYNA P. BEHERA | 395MA031 | 554 |
| BARSHA P. SAHUY | 395MA032 | 554 |
| MAMALI PRADHAN | 395MA102 | 554 |
| GAURICK DEY | 395MA006 | 553 |
| MINAKSHI MOHANTY | 395MA025 | 553 |
| RUDRA P. SAMANTARAY | 395MA054 | 553 |
| APARNA PRADHAN | 395MA019 | 552 |
| JYOTIRMAYEE MISHRA | 395MA035 | 551 |
| SUBRAT MAHARANA | 395MA183 | 551 |
| ALISHA MEHER | 395MA209 | 551 |
| CHINMAY KU. KHUNTIA | 395MA012 | 550 |
| GYANASHREE RATH | 395MA074 | 550 |
| SUJIT KUMAR SAMAL | 395MA140 | 550 |
| TRUPTIMAYEE PRIYADARSHINEE | 395MA023 | 548 |
| ASHISH NARAYAN MARTHA | 395MA033 | 548 |
| SAIKRISHNA ROUT | 395MA011 | 547 |
| PRATIK KUMAR MALLICK | 395MA098 | 546 |
| SUBHA PRASAD MALLIK | 395MA148 | 546 |
| RAJLAXMI DIXIT | 395MA027 | 545 |
| RISHITA MISHRA | 395MA100 | 545 |
| BHAKTI PRASAD JENA | 395MA053 | 544 |
| SATYARANJAN PADHIARY | 395MA138 | 544 |
| PRIYABRATA RATH | 395MA149 | 543 |
| ABHIRAM ROUT | 395MA194 | 543 |
| NIHAR RANJAN SAHOO | 395MA215 | 543 |
| MUSKAN ROUT | 395MA067 | 542 |
| SMRUTI SULAGNA SAHOO | 395MA040 | 541 |
| MATRUPRASAD SAHU | 395MA063 | 541 |
| SRIYANSU S. MAHARANA | 395MA042 | 540 |

And many more...

**e-Admission in +2 Science for the Session 2025-27** — For Admission Apply through Student Academic Management System (SAMS Online) as per Govt. Notification

**ADYANT**
HIGHER SECONDARY SCHOOL
(A Division of Adyant Educational & Charitable Trust)

### OUR RESULTS AT A GLANCE

| 56 | 122 | 181 | 229 | 276 | 339 | 94% |
|---|---|---|---|---|---|---|
| Students Above 90% Marks | Students Above 85% Marks | Students Above 80% Marks | Students Above 75% Marks | Students Above 70% Marks | Students Above 60% Marks Out of 361 Students | students got 1st Division |

1. AC & Digital Classrooms
2. Guided Study Programme
3. Daily Doubt Clearing Classes
4. Vocal, Dance, Guitar, Keyboard, Drum Classes
5. Outdoor & Indoor Gymnasium
6. Outdoor & Indoor Auditorium
7. 24 X 7 CCTV Surveillance And Security
8. 24 X 7 Ambulance & Health Facilities
9. Separate Hostels for Boys & Girls
10. Separate Cafeteria for Boys & Girls
11. Separate Playgrounds for Boys & Girls
12. Transport Facility




**Campus : Bhatakhuri, Gangapada, Janla, Bhubaneswar-752054, Mobile : 700 800 4000**

www.adyanthighersecondaryschool.org | www.facebook.com/adyant.school | www.instagram.com/adyant.school | @ adyant_school | college@adyant.org






# ଲାଲୁ ପରିବାରରେ ଝଡ଼

ପାଟନା, ୨୫।୫ (ଏଜେନ୍ସି):

ଆରଜେଡି ସୁପ୍ରିମ ଲାଲୁ ପ୍ରସାଦ ଯାଦବଙ୍କ ପରିବାରରେ ଝଡ଼ ସୃଷ୍ଟି ହୋଇଛି। ଏହି ଝଡ଼ ଅଚାନକ ଆସି ଲାଲୁ ପରିବାରକୁ ଭାଗ ଭାଗ କରିଦେଇଛି। ଶେଷରେ ବାପା ବାଧ ହୋଇ ବଡ଼ ପୁଅ ତେଜ ପ୍ରତାପଙ୍କୁ ୬ ବର୍ଷ ପାଇଁ ଦଳ ଏବଂ ପରିବାରରୁ ବିଦା କରି ଦେଇଛନ୍ତି। ପୁଅ ଦାୟିତ୍ୱହୀନ କାମ କରିଛି ବୋଲି କହିଛନ୍ତି। ଫେସ୍‌ବୁକ୍‌ରେ ଲାଲୁ ନିଜେ ଏହି ସୂଚନା ଦେଇ ପୁଅ ନୈତିକ ମୂଲ୍ୟବୋଧ ଏବଂ ସଂସ୍କାରକୁ ଭୁଲି ଯାଇଥିବା ଅଭିଯୋଗ କରିଛନ୍ତି। ପୁଅର ବ୍ୟକ୍ତିଗତ ଜୀବନ ସାମାଜିକ ନ୍ୟାୟ ପାଇଁ ସାମୂହିକ ସଂଘର୍ଷକୁ ଦୁର୍ବଳ କରୁଛି। ଲୋକଲଜ୍ଜା ଦେଖି ପରିବାରରେ ନୀତି ଆଦର୍ଶରେ ପରିଚାଳିତ ହୋଇ ବିବେକର ସହ ନିଷ୍ପତ୍ତି ନେବାକୁ ଲାଲୁ ତାଙ୍କୁ ପରାମର୍ଶ ଦେଇଛନ୍ତି। ଆଜିଠୁ ଦଳ ଏବଂ ପରିବାରରେ ତେଜପ୍ରତାପଙ୍କ କୌଣସି ଭୂମିକା ରହିବା ନାହିଁ ବୋଲି ଉଲ୍ଲେଖ କରିଛନ୍ତି। ବିହାର ଏବଂ ଦେଶ ରାଜନୀତିରେ ଚର୍ଚ୍ଚାରେ ଥିବା ଏହି ଘଟଣା ପଛରେ ପୁଅ ତେଜପ୍ରତାପଙ୍କ ପ୍ରେମ କାହାଣୀ ରହିଛି। ଏହି ପ୍ରେମ କାହାଣୀ ଲାଲୁ ପରିବାର ପାଇଁ ଅସହ୍ୟ ହୋଇ ପଡ଼ିଛି।



- ବଡ଼ ପୁଅ ତେଜ ପ୍ରତାପ ଦଳରୁ ବହିଷ୍କୃତ
- ପରିବାରରୁ ମଧ୍ୟ ତଡ଼ା ଖାଇଲେ
- ଭାଇରାଲ ହେଉଛି ମହିଳାଙ୍କ ସହ ତେଜଙ୍କ ଫଟୋ

ଦିନକ ତଳେ ଶନିବାର ସନ୍ଧ୍ୟାରେ ତେଜ ପ୍ରତାପଙ୍କ ସହ ଜଣେ ମହିଳା (ଅନୁଷ୍କା ଯାଦବ) ଙ୍କ ଫଟୋ ଏବଂ ଭିଡିଓ ଭାଇରାଲ ହୋଇଥିଲା। ଏହାକୁ ତେଜପ୍ରତାପଙ୍କ ସୋସିଆଲ ମିଡିଆ ଆକାଉଣ୍ଟରେ ଅପ୍‌ଲୋଡ କରାଯାଇଥିଲା। ଉଭୟେ ୧୨ ବର୍ଷ ହେଲା ପରସ୍ପରକୁ ଭଲ ପାଉଥିବା କହିଥିଲେ। ସମସ୍ତେ ସ୍ୱୀକାର କରିବେ ବୋଲି ଆଶା କରିଥିଲେ। ମାତ୍ର ଏହାର କିଛି ସମୟ ପରେ ସବୁ କିଛି ବଦଳି ଯାଇଥିଲା। ନିଜ ପରିବାର ସ୍ୱୀକାର କରିବା ପରିବର୍ତ୍ତେ ଏହାକୁ ତୀବ୍ର ବିରୋଧ କରିଥିଲା। ଏଥିପାଇଁ ଲାଲୁଙ୍କ ବଡ଼ ତନୟଙ୍କୁ ସାମ୍ନାକୁ ଆସିବାକୁ ପଡ଼ିଥିଲା। ସେ ଆଇଡି ହ୍ୟାକ ହୋଇଯାଇଥିବା ଏବଂ କେହି ଏଡିଟିଂ କରି ଫଟୋ ଅପଲୋଡ୍ କରିଥିବା କହିଥିଲେ। କିନ୍ତୁ ଏହା ପରେ ପରେ ସେହି ମହିଳାଙ୍କ ସହ ତେଜପ୍ରତାପଙ୍କ ୬ଟି ଫଟୋ ଏବଂ ୨ଟି ଭିଡିଓ ସାମ୍‌ନାକୁ ଆସିଥିଲା। ଏଥିରେ ଉଭୟେ 'କରବା ଚୌଥ' ପାଳୁଥିବା ଫଟୋ ମଧ୍ୟ ସାମିଲ ଥିଲା। ତେଜପ୍ରତାପ ଦ୍ୱିତୀୟ ବିବାହ କରି ସାରିଥିବା ଲୋକେ ଅନୁମାନ କରୁଛନ୍ତି। କିନ୍ତୁ ଲାଲୁ ପରିବାରର ଏହି ଝଡ଼କୁ ନେଇ ଲୋକଙ୍କ ମନରେ ଅନେକ ପ୍ରଶ୍ନ ଉଠୁଛି। ଖ୍ରୀଷ୍ଟିଆନ ସମ୍ପ୍ରଦାୟର ରାଚେଲ ଗୋଡିହ୍ନୋଙ୍କ ସହ ସାନ ପୁଅ ତେଜସ୍ୱୀର ପ୍ରେମ ବିବାହ କରାଇଥିବା ଲାଲୁ ଏହି ବିବାହରେ କାହିଁକି ରାଜି ନ ଥିଲେ ବୋଲି ପ୍ରଶ୍ନ ଉଠୁଛି।

ଯଦି ତେଜପ୍ରତାପ ୧୨ ବର୍ଷ ହେଲା ଭଲ ପାଉଥିଲେ ତେବେ ୨୦୧୮ ରେ ପୂର୍ବତନ ମୁଖ୍ୟମନ୍ତ୍ରୀ ଦାରୋଗା ରାୟଙ୍କ ନାତୁଣୀ ଐଶ୍ୱର୍ଯ୍ୟା ରାୟଙ୍କୁ ବିବାହ କରିବାକୁ କାହିଁକି ରାଜି ହୋଇଥିଲେ? ଏହା ପଛରେ ପିତା ଏବଂ ପରିବାରର ଚାପ ନ ଥିଲା ତ? ରାଜନୈତିକ ସ୍ୱାର୍ଥ ସାଧନ ପାଇଁ ବାପାଙ୍କ କଥାରେ ପଡ଼ି ତେଜପ୍ରତାପ ଆଉ ବାହା ହୋଇ ନ ଥିଲେ? ଏଥିପାଇଁ ତାଙ୍କ ବିବାହ ତିଷ୍ଠି ପାରି ନ ଥିଲା ତ? ସୂଚନାଯୋଗ୍ୟ ଯେ ଏବେ ଐଶ୍ୱର୍ଯ୍ୟ ଏବଂ ତେଜପ୍ରତାପଙ୍କ ବିବାହ ବିଚ୍ଛେଦ ମାମଲା କୋର୍ଟରେ ଚାଲିଛି। ଲାଲୁଙ୍କ ବଡ଼ ପୁଅ ମାଡ଼ ମାରି ତ୍ରସ୍ତ ଦେଉଥିଲେ ବୋଲି ଐଶ୍ୱର୍ଯ୍ୟା ଅଭିଯୋଗ କରିଥିଲେ। ଏହି ଖବର ଆସିବା ପରେ ଐଶ୍ୱର୍ଯ୍ୟାଙ୍କ ମା ପୁନମ ରାୟ କହିଥିଲେ ଯେ ପୂର୍ବରୁ ଏ ବିଷୟରେ ସେ ଜାଣିଥିଲେ। ସମସ୍ତେ ଏ ବିଷୟରେ ଜାଣିଛନ୍ତି। ଏଥିରେ କିଛି ଲୁଚାଛପା ନାହିଁ। ସେହିପରି ଏହି ପ୍ରସଙ୍ଗକୁ ନେଇ ତେଜସ୍ୱୀ କହିଛନ୍ତି ଯେ ସେ ଏଭଳି ମାମଲାକୁ ବରଦାସ୍ତ କରନ୍ତିନି। ଭାଇଙ୍କ କ୍ଷେତ୍ରରେ ରାଜନୈତିକ ଏବଂ ବ୍ୟକ୍ତିଗତ ଜୀବନ ଅଲଗା ଅଲଗା ହୋଇଥାଏ। ନିଜ ନିଷ୍ପତ୍ତି ନେବାରେ ସେ ସ୍ୱାଧୀନ।

# ତୁଣ୍ଡରେ ଲଗାମ ପାଇଁ ଅମାନିଆଙ୍କୁ ମୋଦୀଙ୍କ ପରାମର୍ଶ

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ଏନଡିଏ ନେତାମାନେ ସାଧାରଣରେ ଟିକା ଟିପ୍ପଣୀ ଦେବା ବେଳେ ଶାଳୀନତା ରକ୍ଷା କରନ୍ତୁ ଏବଂ ଅଯଥା କଥା କହି ବିବାଦୀୟ ପରିସ୍ଥିତି ସୃଷ୍ଟି ନ କରିବାକୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପରାମର୍ଶ ଦେଇଛନ୍ତି। ବିଶେଷକରି ଅପରେସନ ସିନ୍ଦୂରକୁ ନେଇ ଏନଡିଏର କିଛି ନେତା ଦେଇଥିବା ଟିପ୍ପଣୀ ଏବେ ବିବାଦୀୟ ପରିସ୍ଥିତି ସୃଷ୍ଟି କରିଥିବାରୁ ଏଭଳି ସ୍ଥିତିରୁ ବର୍ତ୍ତିବାକୁ ସେ କହିଛନ୍ତି। ଏନଡିଏ ଶାସିତ ରାଜ୍ୟରେ ସୁଶାସନ ଏବଂ ବିକାଶ ପ୍ରକ୍ରିୟା ତ୍ୱରାନ୍ୱିତ କରିବା ବିଷୟକୁ ନେଇ ରବିବାର ନୂଆଦିଲ୍ଲୀ ଠାରେ ଅନୁଷ୍ଠିତ ଏନଡିଏ ନେତାଙ୍କ ବୈଠକରେ ପ୍ରଧାନମନ୍ତ୍ରୀ ମୋଦୀ



ଅଧ୍ୟକ୍ଷତା କରି ଏହା କହିଛନ୍ତି। ଅପରେସନ ସିନ୍ଦୂରରେ ଅସ୍ତ୍ରବିରତି ପ୍ରସଙ୍ଗ ଏବେ ରାଜନୈତିକ ମହଲରେ ସବୁଠୁ ଚର୍ଚ୍ଚିତ ବିଷୟ ହୋଇଥିଲା ବେଳେ ମୋଦୀ ଏ ସମ୍ପର୍କରେ ମଧ୍ୟ ନେତାମାନଙ୍କୁ ସ୍ପଷ୍ଟ କରାଇ ଦେଇଛନ୍ତି। ପାକିସ୍ତାନର ଅନୁରୋଧ ପରେ ଅସ୍ତ୍ରବିରତି ପାଇଁ ନିଷ୍ପତ୍ତି ହୋଇଥିଲା ଏବଂ ଏଥିରେ କୌଣସି ତୃତୀୟ ପକ୍ଷର ଭୂମିକା ନାହିଁ ବୋଲି ମୋଦୀ କହିଛନ୍ତି। କିନ୍ତୁ ଏହି ବିଷୟକୁ ନେଇ କୌଣସି ନେତା ଭୁଲ ତଥ୍ୟ ଦେଇ ଅଯଥା ଟିପ୍ପଣୀ ଦେବା ଉଚିତ ନୁହେଁ। ଏହାଦ୍ୱାରା ଦଳୀୟ ଛବି କ୍ଷୁଣ୍ଣ ହେବା ସହିତ କୌଣସି କାରଣ ନଥାଇ ବିବାଦୀୟ ସ୍ଥିତି ଉପୁଜୁଛି ବୋଲି ସେ କହିଛନ୍ତି। ଏହାଛଡ଼ା କୌଣସି ନେତା ସାଧାରଣରେ ଯେକୌଣସି ପ୍ରସଙ୍ଗରେ ଟିପ୍ପଣୀ ଦିଅନ୍ତୁ ନା କାହିଁକି , ତାଙ୍କ ବକ୍ତବ୍ୟ ଶାଳୀନ ଏବଂ ଶୃଙ୍ଖଳିତ ହେବା ଉଚିତ ବୋଲି ମୋଦୀ କହିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ଅପରେସନ ସିନ୍ଦୂରକୁ ନେଇ ବହୁ ବିଜେପି ନେତା ଦେଇଥିବା ବୟାନ ନିକଟରେ ବିବାଦ ସୃଷ୍ଟି କରିଥିଲା। ମଧ୍ୟପ୍ରଦେଶ ମନ୍ତ୍ରୀ ବିଜୟ ଶାହଙ୍କ ଠାରୁ ଆରମ୍ଭ କରି ଉପମୁଖ୍ୟମନ୍ତ୍ରୀ ଜଗଦ୍ଦୀଶ ଦେବଦାଙ୍କ ଭଳି କିଛି ନେତାଙ୍କ ବୟାନ ବିବାଦ ବଢାଇଥିବାରୁ ଏଥିରୁ ନିବୃତ୍ତ ହେବାକୁ ମୋଦୀ ପରାମର୍ଶ ଦେଇଛନ୍ତି। ଏହି ବୈଠକରେ ଏନଡିଏ ଶାଶିତ ରାଜ୍ୟଗୁଡିକର ମୁଖ୍ୟମନ୍ତ୍ରୀ, ଉପ ମୁଖ୍ୟମନ୍ତ୍ରୀ ଏବଂ ଅନ୍ୟ କିଛି କେନ୍ଦ୍ର ମନ୍ତ୍ରୀ ଉପସ୍ଥିତ ରହିଥିଲେ।

## କାହିଁକି ଛାଡ଼ିଲେ ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତା

ଲଣ୍ଡନ, ୨୫।୫ (ଏଜେନ୍ସି): ହାଇଦରାବାଦରେ ଜାରି ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତାକୁ ନେଇ ବିବାଦ ସୃଷ୍ଟି ହୋଇଛି। ଅତିଥିଙ୍କୁ ଖୁସି କରିବା ପାଇଁ ଚାପ ପକାଯାଉଛି। ଅର୍ଥ ଲଗାଣକାରୀଙ୍କ ସହ ସମ୍ପର୍କ ବଢ଼ାଇବାକୁ କୁହାଯାଉଛି। ବେଶ୍ୟା ଭଳି ବ୍ୟବହାର କରାଯାଉଛି। ଆୟୋଜକମାନେ ଅସମ୍ମାନ କରୁଛନ୍ତି। ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତାକୁ ଛାଡ଼ି ଚାଲି ଯାଇଥିବା ମିସ୍ ଇଂଲଣ୍ଡ ମିଲା ମାଗି ଇଂଲଣ୍ଡର ଏକ ଖବରକାଗଜକୁ ସାକ୍ଷାତକାର ଦେଇ ଏଭଳି ଗୁରୁତର ଅଭିଯୋଗ ଲଗାଇଛନ୍ତି। ମିସ୍ ୱାର୍ଲ୍ଡର ସିଇଓ ଜୁଲିଆ ମାର୍ଲେ ବିବୃତ୍ତି ଜାରି କରି ଏହି ଅଭିଯୋଗକୁ ଖାରଜ କରିଦେଇଛନ୍ତି। ମା'ଙ୍କ ଦେହ ଖରାପ ଥିବା କହି ମିଲା ପ୍ରତିଯୋଗିତା ଛାଡ଼ିଥିବା କହିଛନ୍ତି।



**ଅତିଥିଙ୍କୁ ଖୁସି କରିବାକୁ ପକା ଯାଉଥିଲା ଚାପ**

ଗତ ୭ ତାରିଖରେ ହାଇଦରାବାଦରେ ପହଞ୍ଚି ଥିବା ମିଲା ୧୬ରେ ପ୍ରତିଯୋଗିତା ଛାଡ଼ି ବ୍ରିଟେନ ଫେରି ଯାଇଥିଲେ। ମିସ୍ ୱାର୍ଲ୍ଡରେ ପ୍ରଥମ ଥର ପାଇଁ ଇଂଲଣ୍ଡର ପ୍ରତିନିଧିତ୍ୱ କରୁଥିବା ପ୍ରତିଯୋଗୀ ଅଚାନକ ବଦଳି ଯାଇଥିଲେ। ମିଲାଙ୍କ ସ୍ଥାନରେ ମିସ୍ ଇଂଲଣ୍ଡ ରନର୍ସ ଅପ୍ ସାମିଲ ହୋଇଥିଲେ। ତେବେ ମିଲା ଅଭିଯୋଗ କରିଥିଲେ ଯେ ପ୍ରତିଯୋଗିତାରେ ଅଧିକ ବୟସର ପୁରୁଷଙ୍କ ସହ ସମୟ ବିତାଇବାକୁ, ଭାବ ବଢ଼ାଇବାକୁ କୁହାଯାଇଥିଲା। ଏଥିପାଇଁ ସବୁ ପ୍ରତିଯୋଗୀଙ୍କୁ ଦିନ ଯାକ ମେକ୍‌ଅପ୍‌ରେ ରହିବାକୁ ପଡୁଥିଲା। ଜଳଖିଆ କରିବା ସମୟରେ ବି ଗାଉନ ପିନ୍ଧିବାକୁ କୁହାଯାଉଥିଲା। ପ୍ରତି ଟେବୁଲରେ ୬ ଜଣ ଅତିଥି ଏବଂ ୨ ଜଣ ଯୁବତୀଙ୍କୁ ବସା ଯାଉଥିଲା। ଅତିଥିଙ୍କୁ ଖୁସି କରିବାକୁ ଝିଅଙ୍କୁ କୁହାଯାଉଥିଲା। ଏହା ଦେଖି ବହୁତ ଖରାପ ଲାଗିଥିଲା। ଏପରି କରି ତାଙ୍କୁ ବେଶ୍ୟା ଭଳି ଅନୁଭବ ହେଉଥିଲା। ଏଠାରେ ଖରାପ ଲାଗିବା ଭଳି ଆଲୋଚନା ହେଉଥିଲା। ଭାଗ ନେଇଥିବା ୧୦୯ ଯୁବତୀଙ୍କୁ ମାଙ୍ଦା କହି ଗାଳି କରାଯାଇଥିଲା। ମାଙ୍କଡ଼ ଭଳି ବ୍ୟବହାର କରାଯାଉଥିଲା। ତେଣୁ ଏହାକୁ ବରଦାସ୍ତ କରିପାରିଲି ନାହିଁ ବୋଲି ମିଲା କହିଥିଲେ। ଅନ୍ୟପକ୍ଷରେ ତେଲଙ୍ଗାନା ସରକାର ଏହି ମାମଲାର ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

■ ଚିନ୍ତାରେ ପାକିସ୍ତାନ ସରକାର

## ଅସ୍ତିତ୍ୱ ପାଇଁ ଭାରତ ବିପଦ

ୱାଶିଂଟନ୍,୨୫।୫(ଏଜେନ୍ସି): ଭାରତକୁ ପାକିସ୍ତାନ ନିଜର ଅସ୍ତିତ୍ୱ ରକ୍ଷା ପାଇଁ ସବୁଠୁ ବଡ଼ ବିପଦ ବୋଲି ଚିନ୍ତା କରୁଛି। ଏଥିପାଇଁ ପାକିସ୍ତାନ କ୍ରମାଗତ ଭାବେ ନିଜର ସେନାର ଆଧୁନିକୀକରଣ କରିବା ସହିତ ନୂଆ ଅସ୍ତ୍ରଶସ୍ତ୍ର କ୍ରୟ ଏବଂ ପରମାଣୁ ଶକ୍ତି ବୃଦ୍ଧି କରିବାକୁ ଉଦ୍ୟମ କରିଆସୁଛି ବୋଲି ଆମେରିକା ପ୍ରତିରକ୍ଷା ବିଭାଗର ଗୁଇନ୍ଦା ଏଜେନ୍ସି ଦ୍ୱାରା ପ୍ରକାଶ କରାଯାଇଥିବା 'ୱାର୍ଲଡ ଥ୍ରେଟ୍ ଆସେସମେଣ୍ଟ ରିପୋର୍ଟ'ରେ କୁହାଯାଇଛି। ପାକିସ୍ତାନର ଅସ୍ତିତ୍ୱ ପାଇଁ ଭାରତ ବିପଦ ହୋଇ ରହିଆସିଛି। ତେଣୁ ପାକିସ୍ତାନ ନିଜର ପରମାଣୁ ଅସ୍ତ୍ରଶସ୍ତ୍ରର ଆଧୁନିକୀକରଣ, ପରମାଣୁ କମାଣ୍ଡ ସେଣ୍ଟରର ରକ୍ଷଣାବେକ୍ଷଣ ଏବଂ ସାମୂହିକ ବିଧ୍ୱଂସକାରୀ ଅସ୍ତ୍ର ମହଜୁଦ ରଖିବାକୁ ସର୍ବଦା ଗୁରୁତ୍ୱ ଦେଇଆସିଛି ବୋଲି ଏହି ରିପୋର୍ଟରେ କୁହାଯାଇଛି। ଅନ୍ୟପକ୍ଷରେ ପାକିସ୍ତାନ ପାଇଁ ଚୀନ ଭରସାଯୋଗ୍ୟ ହୋଇଛି। ପାକିସ୍ତାନ ଚୀନ୍ ଠାରୁ ମିଲିଟାରୀ ସହାୟତା ହାସଲ କରିବା ସହିତ ଏଠାରୁ ଅତ୍ୟାଧୁନିକ ଅସ୍ତ୍ରଶସ୍ତ୍ର କ୍ରୟ କରିବା ଏବଂ ଚୀନ୍ ସେନା ସହିତ ମିଳିତ ସମରାଭ୍ୟାସ କରିବାକୁ ଗୁରୁତ୍ୱ ଦେଇଛି ବୋଲି କୁହାଯାଇଛି। ଏପରିକି 'ଡବ୍ଲ୍ୟୁଏମଡି (ୱିପନସ୍ ଅଫ୍ ମାସ୍ ଡିଷ୍ଟ୍ରକ୍ସନ)' କ୍ରୟ କରିବାକୁ ମଧ୍ୟ ପାକିସ୍ତାନ ଚୀନ୍‌କୁ ଭରସା କରିଛି ବୋଲି ଏହି ରିପୋର୍ଟରେ କୁହାଯାଇଛି।

## 'ଯୁଦ୍ଧ ଲଗାଇ ଅର୍ଥ ଉପାର୍ଜନ କରୁଛି ଆମେରିକା'

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ପାକିସ୍ତାନ ପ୍ରତିରକ୍ଷା ମନ୍ତ୍ରୀ ଖୱାଜା ଆସିଫ ଆମେରିକା ବିରୋଧରେ ସଙ୍ଗୀନ ଅଭିଯୋଗ ଆଣିଛନ୍ତି। ଆମେରିକା ଅର୍ଥ ଉପାର୍ଜନ କରିବାକୁ ଦେଶ ଦେଶ ମଧ୍ୟରେ ଯୁଦ୍ଧ ଲଗାଇବାକୁ ପଛାଉ ନାହିଁ। ଦେଶ ଦେଶ ମଧ୍ୟରେ ଶତ୍ରୁତା ବଢାଇ ସେମାନଙ୍କୁ ଅସ୍ତ୍ରଶସ୍ତ୍ର ବିକ୍ରୟ କରିବାକୁ ରଣନୀତି ପ୍ରସ୍ତୁତ କରିବା ସହିତ ଅର୍ଥ ଉପାର୍ଜନ କରୁଛି ବୋଲି ସେ କହିଛନ୍ତି। ଆମେରିକା ବିରୋଧରେ ଖୱାଜା ଆସିଫଙ୍କ ଏଭଳି ରୋଚକ ମନ୍ତବ୍ୟର ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି।

## ବାଂଲାଦେଶକୁ ଆମେରିକା ହାତରେ ଟେକିଦେଇଛନ୍ତି ୟୁନୁସ୍ : ହାସିନା

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ବାଂଲାଦେଶ ଅନ୍ତରୀଣ ସରକାର ମୁଖ୍ୟ ମହମ୍ମଦ ୟୁନୁସ୍‌ଙ୍କୁ ନେଇ ଏବେ ରାଜନୈତିକ ଦୃଶ୍ୟପଟ୍ଟରେ ଭିନ୍ନ ସ୍ଥିତି ଦେଖିବାକୁ ମିଳିଛି। ଗୋଟିଏ ପଟେ ବାଂଲାଦେଶ ସେନା ମୁଖ୍ୟ ୱାକର ଜମାନ ୟୁନୁସ୍ ବିରୋଧୀ ହୋଇ ପଡ଼ିଥିଲା ବେଳେ ଅନ୍ୟପଟେ ନିର୍ବାଚନ ହେଉ ନଥିବାରୁ ବହୁ ରାଜନୈତିକ ଦଳ ୟୁନୁସ୍ଙ୍କ ଆଭିମୁଖ୍ୟକୁ ବିରୋଧ କରିବା ଆରମ୍ଭ କରିଛନ୍ତି। ଏହାମଧ୍ୟରେ ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ ହସିନା ୟୁନୁସଙ୍କୁ ନେଇ ବଡ଼ ଅଭିଯୋଗ ଆଣିଛନ୍ତି। ୟୁନୁସ ବାଂଲାଦେଶକୁ ଆମେରିକା ହାତରେ ବିକ୍ରି କରିଦେବାକୁ ଯୋଜନା କରିଛନ୍ତି ବୋଲି ହସିନା କହିଛନ୍ତି। ହସିନା ସୋସିଆଲ ମିଡିଆରେ ପୋଷ୍ଟ କରି କହିଛନ୍ତି ଯେ,



'ୟୁନୁସ୍ କଠୋରପନ୍ଥୀ ସଂଗଠନଗୁଡିକୁ ହାତ କରି କ୍ଷମତା ଦଖଲ କରିଛନ୍ତି। ଏପରିକି ଯେଉଁସବୁ ସଂଗଠନଗୁଡିକୁ ଆନ୍ତର୍ଜାତିକ ସ୍ତରରେ ନିଷିଦ୍ଧ କରାଯାଇଛି ସେମାନଙ୍କୁ ହାତ ବାରିସି କରି ୟୁନୁସ୍ ବାଂଲାଦେଶ କ୍ଷମତା ହାସଲ କରିବା ସହିତ ବର୍ତ୍ତମାନ ସେମାନଙ୍କ ଜରିଆରେ କାର୍ଯ୍ୟ କରୁଛନ୍ତି। ଏଥିପାଇଁ ସେ ବିଦେଶୀ ସହାୟତା ମଧ୍ୟ ପାଉଛନ୍ତି। ଯେଉଁ କଠୋରପନ୍ଥୀ ସଂଗଠନ ଠାରୁ ଆମେ ବାଂଲାଦେଶର ଲୋକଙ୍କୁ ସୁରକ୍ଷା ଦେଇ ଆସିଥିଲୁ ୟୁନୁସ୍ ବର୍ତ୍ତମାନ ସେସବୁ ଗୋଷ୍ଠୀଙ୍କ ସହ ମିଳିତ ଭାବେ କାର୍ଯ୍ୟ କରୁଛନ୍ତି। ଏଭଳି ସଂଗଠନର ବହୁ ନେତାଙ୍କୁ ଆମ ସରକାର ଗିରଫ କରିଥିଲା। କିନ୍ତୁ ୟୁନୁସ୍ ସରକାର ସେମାନଙ୍କୁ ପରବର୍ତ୍ତୀ ସମୟରେ ମୁକ୍ତ କରି ସେମାନଙ୍କୁ ହାତ ବାରିସି କରି ଶାସନ ଚଳାଇଛନ୍ତି ବୋଲି ସେ କହିଛନ୍ତି। ସେ ଆହୁରି କହିଛନ୍ତି ଯେ ବଙ୍ଗୀୟ ଜାତିର ମୁକ୍ତି ସଂଗ୍ରାମ ଏବଂ ସମ୍ବିଧାନକୁ ନେଇ ବାଂଲାଦେଶ ବହୁତ କିଛି ହାସଲ କରିଥିଲା। ହେଲେ ସେସବୁକୁ କ୍ଷୁଣ୍ଣ କରାଯାଇ ଏବେ କାର୍ଯ୍ୟ କରାଯାଉଛି। ୟୁନୁସ ଦେଶର ମୁଖ୍ୟ ପରାମର୍ଶଦାତା ପଦବୀରେ ରହିବାର କୌଣସି ଆଧାର ନାହିଁ ବୋଲି ହସିନା କହିଛନ୍ତି।

## କଣ୍ଡୋମ୍ ଲଗାଇ ସୁନା ଚାଲାଣ

ମୁରାଦାବାଦ, ୨୫।୫ (ଏଜେନ୍ସି): ଉତ୍ତର ପ୍ରଦେଶ ମୁରାଦାବାଦରୁ ଚାଞ୍ଚଲ୍ୟକର ମାମଲା ସାମ୍‌ନାକୁ ଆସିଛି। ଏନ୍‌କାଉଣ୍ଟର ପରେ ଦୁବାଇରୁ ସୁନା ଚୋରା ଚାଲାଣ କରୁଥିବା ଏକ ଗ୍ୟାଙ୍ଗର ୬ ସଦସ୍ୟଙ୍କୁ ଅପହରଣକାରୀଙ୍କ କବ୍‌ଜାରୁ ମୁକ୍ତ କରି ମୁରାଦାବାଦ ପୁଲିସ ଗିରଫ କରିଛି। ଯଦି ପୁଲିସ ପହଞ୍ଚିବାରେ ସାମାନ୍ୟ ବିଳମ୍ବ କରିଥାଆନ୍ତା ତେବେ ଜାଲ୍ ସୀମାଶୁଳ୍କ ଅଧିକାରୀ ହୋଇ ଆସିଥିବା ଅପହରଣକାରୀ ସୁନା ବାହାର କରିବା ପାଇଁ ଏହି ୬ ଜଣଙ୍କ ପେଟ ଚିରି ଦେଇଥାନ୍ତେ। ପୁଲିସ ୨ ଅପହରଣକାରୀଙ୍କୁ ଗୁଳି କରି ଧରିଥିଲା।

ମୁରାଦାବାଦ ଏସଏସ୍‌ପି ସତପାଲ ଅନ୍ତିଲ କହିଛନ୍ତି ଯେ ୪ ଚୋରା ଚାଲାଣକାରୀଙ୍କ ପେଟ ଏବଂ ଗୁପ୍ତାଙ୍ଗରୁ ୨୯ ଟି ସୁନା କ୍ୟାପସୁଲ ଜବତ କରାଯାଇଛି। ଏମାନେ ଗୁପ୍ତାଙ୍ଗରେ କଣ୍ଡୋମ ଲଗାଇ ସୁନା ଚାଲାଣ କରୁଥିଲେ। ଜବତ ସୁନାର ଓଜନ ପ୍ରାୟ କେଜିଏ ହେବ। ଏହି ଗ୍ୟାଙ୍ଗରେ ସାମିଲ ଅନ୍ୟମାନଙ୍କୁ ମଧ୍ୟ ଟ୍ରେସ କରାଯାଉଛି। ସାଉଦିରୁ ସୁନା ଲୁଚାଇ ଆଣୁଥିବା ଏହି ଗ୍ୟାଙ୍ଗ ଦୀର୍ଘ ଦିନ ହେଲା ରାମପୁରର ଟାଣ୍ଡା ଅଞ୍ଚଳରେ ସକ୍ରିୟ ରହିଛି। ସୂଚନା ଅନୁଯାୟୀ ଗତ ୨୩ ତାରିଖରେ ଟାଣ୍ଡା ବାଦଲି ଅଞ୍ଚଳର ମହମ୍ମଦ ମୁତଲିବ, ଅଜହରୁଦ୍ଦିନ, ସାନେ ଆଲମ ଏବଂ ଜୁଲଫିକର ଅଲି ଦୁବାଇରୁ ମୁମ୍ବାଇ ବିମାନରେ ଆସିଥିଲେ। ପରେ ଏଠାରୁ ବିମାନରେ ଦିଲ୍ଲୀ ଯାଇଥିଲେ। ସେହିପରି ନାଭେଦ ଏବଂ ଜାହିଦ ଅଲ୍ଲୀ ସିଧା ଦୁବାଇରୁ ଦିଲ୍ଲୀରେ ପହଞ୍ଚି ଥିଲେ। ସମସ୍ତେ ଦିଲ୍ଲୀ ବିମାନବନ୍ଦରରେ ଏକାଠି ହୋଇଥିଲେ। ପୂର୍ବରୁ ଏମାନେ ସୁନା ଚୋରା ଚାଲାଣ କରୁଥିବାର ସୂଚନା କିଛି ଲୋକ ପାଇଥିଲେ। ସେମାନେ ଜାଲ୍ ଶୁଳ୍କ ଅଧିକାରୀ ଭାବେ ଏହି ୬ ଜଣଙ୍କୁ ଧରି ଅପହରଣ କରି ଜଙ୍ଗଲକୁ ନେଇଥିଲେ। ମାତ୍ର ସେଠାରେ ପୁଲିସ ପହଞ୍ଚି ଯାଇଥିଲା।

**୬ ଜଣଙ୍କୁ ଗିରଫ କଲା ପୁଲିସ**



## ଦିଲ୍ଲୀରେ ପ୍ରବଳ ବର୍ଷା

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ଦିଲ୍ଲୀ ଏବଂ ଏନସିଆର ଅଞ୍ଚଳରେ ରବିବାର ପ୍ରବଳ ବର୍ଷା ସହିତ ଘଡ଼ଘଡ଼ି ଏବଂ ବଜ୍ରପାତ ସାଧାରଣ ଜନଜୀବନକୁ ଭାରୀ ମାତ୍ରାରେ ପ୍ରଭାବିତ କରିଛି। ପ୍ରବଳ ମାତ୍ରାରେ ଲଗାଣ ବର୍ଷା ଯୋଗୁଁ ଦିଲ୍ଲୀ ଏବଂ ଏନସିଆରର ବହୁ ଅଞ୍ଚଳ ଜଳମଗ୍ନ ହୋଇପଡ଼ିବାରୁ ଟ୍ରାଫିକ ସମସ୍ୟାକୁ ନେଇ ଜଟିଳ ପରିସ୍ଥିତି ସୃଷ୍ଟି ହୋଇଛି। ସେପଟେ ବର୍ଷା ଯୋଗୁଁ ଇନ୍ଦିରା ଗାନ୍ଧୀ ଆନ୍ତର୍ଜାତିକ ବିମାନ ବନ୍ଦରର ଟର୍ମିନାଲ-୧ର ଏକ କାନୋପି( ଟେନସାଇଲ ଫାବ୍ରିକ ଛାତ) ଖସି ପଡ଼ିବାରୁ ବିମାନ ବନ୍ଦର ସେବା ମଧ୍ୟ ପ୍ରଭାବିତ ହୋଇଛି। ଲଗାଣ ବର୍ଷା ଯୋଗୁଁ ବିମାନ ବନ୍ଦର ବାହାରେ ଲାଗିଥିବା କାନୋପିଗୁଡିକରେ ପାଣି ଜମା ହୋଇଯାଇଥିଲା। ଫଳରେ ଗୋଟିଏ କାନୋପି ଖସି ପଡ଼ିଥିବା କୁହାଯାଇଛି। ଅନ୍ୟପକ୍ଷରେ ବର୍ଷା ଏବଂ ବଜ୍ରପାତ ଯୋଗୁଁ ବହୁ ବିମାନ ଉଡାଣରେ ବିଳମ୍ବ ଘଟିଛି। ଯାହାକୁ ନେଇ ଯାତ୍ରୀମାନେ ଘଣ୍ଟା ଘଣ୍ଟା ଧରି ବସିରହିବାକୁ ବାଧ ହୋଇଥିଲେ ବୋଲି କୁହାଯାଇଛି। ଚଳିତ ବର୍ଷ ମୌସୁମୀର ପ୍ରବାହ ଶୀଘ୍ର ହେବା ସହିତ ମୌସୁମୀ କେରଳ ଉପକୂଳ ଛୁଇଁବା ପରେ ଆଗକୁ ଅଗ୍ରସର ହେବାରେ ଲାଗିଛି। ବର୍ତ୍ତମାନ ଏହା ମହାରାଷ୍ଟ୍ର ଏବଂ କର୍ଣ୍ଣାଟକର କିଛି ଭାଗ ଛୁଇଁସାରିଥିଲା ବେଳେ ଆଉ କିଛି ଘଣ୍ଟା ମଧ୍ୟରେ ମୌସୁମୀ ମୁମ୍ବାଇ ସମେତ ଗୋଆ, କର୍ଣ୍ଣାଟକ, ମିଜୋରାମ୍, ମଣିପୁର ଏବଂ ନାଗାଲାଣ୍ଡ ଛୁଇଁବ ବୋଲି ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି। ଆଉ କିଛି ଘଣ୍ଟା ମଧ୍ୟରେ ମହାରାଷ୍ଟ୍ର ସମେତ କର୍ଣ୍ଣାଟକ, କେରଳ ଏବଂ ତାମିଲନାଡୁର ବିଭିନ୍ନ ଭାଗରେ ପ୍ରବଳ ବର୍ଷା ହେବାର ଆକଳନ କରାଯାଇଥିବାରୁ ଆଇଏମଡି ପକ୍ଷରୁ ସତର୍କତା ଜାରି କରାଯାଇଛି। ସେହିପରି ଉତ୍ତରାଖଣ୍ଡର ଉଚ୍ଚ ପାର୍ବତ୍ୟପୂର୍ଣ୍ଣ ଜିଲ୍ଲାଗୁଡିକରେ ପ୍ରବଳ ପବନ ସହିତ ଧୂଳିଝଡ଼ ଏବଂ ବର୍ଷା ସମ୍ଭାବନା ଥିବାରୁ ଏଠାରେ ମଧ୍ୟ ଲୋକଙ୍କୁ ସତର୍କ ରହିବାକୁ ପରାମର୍ଶ ଦିଆଯାଇଛି।

**ଏନ୍‌ସିଆର ସମେତ ବହୁ ଅଞ୍ଚଳ ଜଳମଗ୍ନ**

**ଖସିପଡ଼ିଲା ଆନ୍ତର୍ଜାତିକ ବିମାନ ବନ୍ଦର କାନୋପି**

## ବିଏଲ୍‌ଏ ଆକ୍ରମଣରେ ୩୨ ପାକିସ୍ତାନୀ ଯବାନ ନିହତ

କ୍ୱେଟା,୨୫।୫(ଏଜେନ୍ସି): ପାକିସ୍ତାନ ସେନା ଉପରେ ବେଲୁଚିସ୍ତାନ ଲିବରେସନ ଆର୍ମି( ବିଏଲଏ)ର ସାନି ଆକ୍ରମଣ ଘଟଣାରେ ପାକିସ୍ତାନ ସେନାର ୩୨ ଯବାନ ନହିତ ହେବା ସହିତ ୩ ଗାଡି ଧ୍ୱଂସ ହୋଇଯାଇଛି। କରାଚି-କ୍ୱେଟା ଜାତୀୟ ରାଜପଥର ଖୁଜଦାରର ଜିରୋ ପଏଣ୍ଟ ନିକଟରେ ବିଏଲଏ ପକ୍ଷରୁ ଏଭଳି ଆକ୍ରମଣ କରାଯାଇଛି। ମିଳିଥିବା ସୂଚନା ଅନୁସାରେ ବହୁ ସଂଖ୍ୟକ ଯବାନଙ୍କୁ ନେଇ ପାକିସ୍ତାନ ସେନାର ଏକ ମୋଟର କେଡ୍ ଯାଉଥିଲା ବେଳେ ଏହି ସମୟରେ ବିଏଲଏ ପକ୍ଷରୁ 'ଇମ୍ପ୍ରୋଭାଇଜ୍ଡ ଏକ୍ସପ୍ଲୋସିଭ୍ ଡିଭାଇସ୍ 'ଦ୍ୱାରା ଆକ୍ରମଣ କରାଯାଇଥିଲା। ବିସ୍ଫୋରକ ଭର୍ତ୍ତି ଏକ କାର୍ ଏହି ମୋଟରକେଡ୍ ଉପରେ ମାଡ଼ ହେବା ଦ୍ୱାରା ପାକ୍ ସେନାର ୩ ଗାଡିରେ ବିସ୍ଫୋରଣ ଘଟି ସେଗୁଡିକ ଧ୍ୱଂସ ହୋଇଯାଇଥିଲା। ଏଥିରେ ଘଟଣାସ୍ଥଳରେ ୩୨ ଜଣ ଯବାନଙ୍କ ମୃତ୍ୟୁ ହୋଇଥିଲା ବେଳେ ୨୦ରୁ ଅଧିକ ଯବାନ ଗୁରୁତର ଆହତ ହୋଇଥିବା କୁହାଯାଇଛି। ନିକଟରେ ପାକ୍ ସେନା ଜଣେ ବରିଷ୍ଠ ବଲୁଚ ସାମ୍ବାଦିକଙ୍କୁ ହତ୍ୟା କରିଥିଲା। ଏହାର ପ୍ରତିଶୋଧ ନେବା ଉଦ୍ଦେଶ୍ୟରେ ବିଏଲଏ ଲଗାତାର ଭାବେ ପାକ୍ ସେନକୁ ଟାର୍ଗେଟ କରି ଆକ୍ରମଣ ଚଳାଇଛି।

## ୟୁକ୍ରେନ୍ ଉପରେ ସବୁଠୁ ବଡ଼ ଡ୍ରୋନ ଆକ୍ରମଣ

କିଭ୍,୨୫।୫(ଏଜେନ୍ସି): ୟୁକ୍ରେନର କିଭ୍ ସମେତ ଅନ୍ୟ ପ୍ରମୁଖ ସହର ଉପରେ ରୁଷ ଗତକାଲି ଆରମ୍ଭ କରିଥିବା ଆକ୍ରମଣକୁ ଆହୁରି ତୀବ୍ର କରିଛି। ଶନିବାର ବିଳମ୍ବିତ ରାତିରେ ରୁଷ ପକ୍ଷରୁ ୩୦୦ରୁ ଅଧିକ ଡ୍ରୋନ ଏବଂ କ୍ଷେପଣାସ୍ତ୍ର ମାଡ଼ କରାଯାଇଛି। ଯାହାକି ବର୍ତ୍ତମାନ ସୁଦ୍ଧା ୟୁକ୍ରେନ ଉପରେ ସବୁଠୁ ବଡ଼ ଡ୍ରୋନ ଆକ୍ରମଣ ବୋଲି କୁହାଯାଇଛି। ଏହି ଆକ୍ରମଣରେ ତିନି ଶିଶୁଙ୍କ ସମେତ ୩୬ ଜଣଙ୍କ ମୃତ୍ୟୁ ହୋଇଥିଲା ବେଳେ ଶତାଧିକ ଲୋକ ଆହତ ହୋଇଥିବା ୟୁକ୍ରେନ ଆଭ୍ୟନ୍ତରୀଣ ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି। ରୁଷ ଅତ୍ୟନ୍ତ ଅମାନବୀୟ ଭାବେ ୟୁକ୍ରେନର ଜନବସତି ଉପରେ ଯେଭଳି ଆକ୍ରମଣ ଚଳାଇଛି ତାହାକୁ ତୁରନ୍ତ ରୋକାଯିବା ଦରକାର ବୋଲି ୟୁକ୍ରେନ ରାଷ୍ଟ୍ରପତି ଜେଲେଁସ୍କି କହିଛନ୍ତି। ଯୁଦ୍ଧ ବନ୍ଦ ପାଇଁ ବିଭିନ୍ନ ସ୍ତରରେ ଆଲୋଚନା ଚାଲିଥିବା ସତ୍ତ୍ୱେ ରୁଷ ଆକ୍ରମଣ ବନ୍ଦ କରୁନାହିଁ। ତେବେ ଆମେରିକାର ନିରବତା ରୁଷକୁ ଆକ୍ରମଣ ପାଇଁ ଖୋରାକ୍ ଯୋଗାଉଛି ବୋଲି ଜେଲେଁସ୍କି କହିଛନ୍ତି।

**୩୦୦ରୁ ଅଧିକ ଡ୍ରୋନ୍ ଓ କ୍ଷେପଣାସ୍ତ୍ର ମାଡ଼; ୩୬ ମୃତ**



## ବୁଡ଼ିଯାଇଥିବା ଜାହାଜରୁ ଲିକ୍ ହେଉଛି ପ୍ରଚୁର ତେଲ

ତିରୁଅନନ୍ତପୁରମ୍,୨୫।୫(ଏଜେନ୍ସି): ଆରବ ସାଗର ମଧ୍ୟରେ କେରଳ ଉପକୂଳରେ ଗତକାଲି ବୁଡିବାକୁ ଆରମ୍ଭ କରିଥିବା ଲାଇବେରିଆ ପଣ୍ୟବାହୀ ଜାହାଜ ରବିବାର ସମ୍ପୂର୍ଣ୍ଣ ବୁଡି ଯାଇଛି। ଏହାଦ୍ୱାରା ଏହି ଜାହାଜରେ ରହିଥିବା କିଛି ବିପଦପୂର୍ଣ୍ଣ କଣ୍ଟେନର ସମେତ ଏଥିରୁ ବିପୁଳ ପରିମାଣରେ ନିର୍ଗତ ହେଉଥିବା ତୈଳ ପରିବେଶ ପାଇଁ ବିପଦ ସୃଷ୍ଟି କରିଛି। ଏହାକୁ ଦୃଷ୍ଟିରେ ରଖି କେରଳ ସରକାରଙ୍କ ପକ୍ଷରୁ ସତର୍କତା ଜାରି କରାଯାଇଛି। ଏହି ଜାହାଜରେ ରହିଥିବା କ୍ୟାଲସିୟମ କାର୍ବାଇଡ୍ ବିପୁଳ ପରିମାଣରେ ସମୁଦ୍ର ଜଳରେ ମିଶିଯାଇଥିବାରୁ ଏହା ସାମୁଦ୍ରିକ ଜୀବସତ୍ତା ପାଇଁ ମଧ୍ୟ ବିପଦ ସୃଷ୍ଟି କରିପାରେ।



KALINGA INSTITUTE OF INDUSTRIAL TECHNOLOGY (KIIT)
Deemed to be University
(Established U/S 3 of UGC Act 1956), Bhubaneswar, Odisha, India

15th nirf
Among Indian Universities Ranked by NIRF, Govt. of India

A++ Grade
Accredited by NAAC

Tier 1 NBA
Re-accredited by NBA All Engineering Programs for 6 Years

KIITEE 2025 PHASE - 2
APPLY ONLINE
through KIIT Websites
www.kiitee.ac.in / www.kiit.ac.in

Last Date to Apply 4th June 2025 | No Examination Fee (Computer-Based Test)

KIITEE 2025 Online Test (Phase -2) starts from
8th June to 12th June 2025

Special Consultative Status by the UN-ECOSOC
ABET (US) Accreditation
THE 601-800 University Ranking 2024 World University Rankings
IET ACCREDITED PROGRAMME The Institute of Engineering and Technology

ACADEMIC PROGRAMMES AVAILABLE

UG (3 years/4 years)/Integrated (5 years) Programmes [All 4 years Programmes are with Honors/Research]

B.Tech Programmes
- Civil
- Construction Technology
- Electrical
- Electrical & Computer Science
- Mechanical
- Mechanical (Automobile)
- Aerospace
- Mechatronics
- Electronics & Telecommunication
- Electronics & Computer Science
- Electronics & Electrical
- Electronics (VLSI Design & Technology)
- Chemical
- Computer Science & Engineering (CSE)
- CSE (Artificial Intelligence & Machine Learning)
- CSE (Artificial Intelligence)
- CSE (Cyber Security)
- CSE (Data Science)
- CSE (Internet of Things & Cyber Security including Block Chain Technology)
- CSE (Internet of Things)
- Information Technology
- Computer Science & System
- Computer Science & Communication

UG Programmes in other Disciplines
- B.Design (Automobile/ Graphic/Product)
- B.Design (Fashion / Textile)
- B.Tech & M.Tech Biotechnology (5yrs)
- B.Tech (Lateral Entry)
- B.Arch
- BCA
- BBA
- B.Sc (Hospitality & Tourism)
- Bachelor of Film & Television Production
- Bachelor of Communication & Journalism
- Bachelor of Physical Education & Sports
- BA Economics
- BA Sociology
- BA English
- BA Psychology
- BA French
- BA Spanish
- BA Japanese
- BA German
- B.Com
- B.Sc (Economics & Data Analytics)
- B.Sc Computer Science
- B.Sc Nursing
- B.Pharma
- D.Pharma
- BA LLB/BBA LLB/B.Sc LLB (Hons) 5yrs

PG (1 year/2 years)/Integrated (5 years) Programmes
- M.Tech
- LLM (1yr)
- MCA
- M.Sc Biotechnology
- M.Sc Applied Microbiology
- M.Arch
- MBA
- MBA in Rural Management
- MBA in Agribusiness Management
- MBA-IEV (Innovation, Entrepreneurship and Venture Development)
- Master of Communication & Journalism
- Master in Urban & Regional Planning
- Master in Yoga & Naturopathy
- Master of Hospital Administration
- Master of Public Health
- MA in Fashion Management
- M. Design (Interior)
- M.Sc Computer Science
- MA Economics
- MA Sociology
- MA English
- MA Psychology
- Master in Public Policy
- M.Com
- M.Sc Physics
- M.Sc Chemistry
- M.Sc Mathematics & Data Science
- Master in Library & Information Sciences
- Master in Physical Education & Sports
- M.Sc Nursing
- Integrated M.Tech & Ph.D
- Ph.D

CAMPUS PLACEMENT 2024 HIGHLIGHTS
700+ Companies
5585+ Job Offers
₹53 LPA Highest Salary Offered
₹8.50 LPA Average CTC
1500+ Paid Internships
1000+ Students with multiple job offers

Director, Admissions : Admission Cell, Koel Campus, Po- KIIT, Bhubaneswar-751024, Odisha, India,
Ph: 8080 735 735, Fax : 0674 - 2741465, Email: admission@kiit.ac.in, Website: www.kiitee.ac.in

KIIT (Deemed to be University) has only one permanent campus in Bhubaneswar, Odisha. It has no other campus / off campus anywhere else in the country and globe.



# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-327 ◆BHUBANESWAR ◆MONDAY ◆26 MAY 2025 ◆PAGE-12 ◆₹ 6.00

◆ବର୍ଷ-୪୨ ◆ସଂଖ୍ୟା-୩୨୭ ◆ଭୁବନେଶ୍ୱର ◆ସୋମବାର ◆୨୬ ମେ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଭାଙ୍ଗିବ ଗରିବଙ୍କ ଘର ସ୍ୱପ୍ନ

## ରାଜ୍ୟକୁ 'ଆବାସ' ଅନୁଦାନ ୩୪୮୫ କୋଟି ହ୍ରାସ

■ **ଭୁବନେଶ୍ୱର, ୨୫।୫ (ସମିସ):** ରାଜ୍ୟରେ କେହି ଜଣେ ବି ଲୋକ କଚ୍ଚା ଘରେ ରହିବେ ନାହିଁ ଓ ବର୍ଷକ ମଧ୍ୟରେ ସବୁ କଚ୍ଚାଘର ପକ୍କା କରାଯିବ ବୋଲି ନିର୍ବାଚନ ସମୟରେ ବିଜେପି ନେତାମାନେ ଦେଇଥିବା ପ୍ରତିଶ୍ରୁତି ଏବେ ପ୍ରତାରଣାରେ ପରିଣତ ହୋଇଛି। ରାଜ୍ୟର ଲକ୍ଷଲକ୍ଷ ଗରିବ ଲୋକଙ୍କ ମୁଣ୍ଡ ଉପରେ ଛାତ ନାହିଁ; ଫନି ପ୍ରଭାବିତ ଉପକୂଳ ଓଡ଼ିଶାର ହଜାର ହଜାର ପରିବାର ଏବେ ବି ପକ୍କା ଘରପାଇଁ ଆଶା ବାନ୍ଧି ବସିଛନ୍ତି। ଏହି ସମୟରେ ଡ଼ବଲ ଇଞ୍ଜିନ୍ ସରକାର ଓଡ଼ିଶାବାସୀଙ୍କୁ କରିଥିବା ପ୍ରତାରଣାର ଆଉ ଏକ ଛବି ପଦାକୁ ଆସିଛି। ଡ଼ବଲ ଇଞ୍ଜିନ୍ ସରକାର ରାଜ୍ୟ ପାଇଁ ଡ଼ବଲ ଅନୁଦାନ ଆଣିବା ପରିବର୍ତ୍ତେ ଡବଲ ପ୍ରତାରଣା ଦେଇଥିବା ଅଭିଯୋଗ ହୋଇଛି। ବିଶେଷକରି ଗ୍ରାମୀଣ ଓ ସହରାଞ୍ଚଳ ଗୃହ ନିର୍ମାଣ କ୍ଷେତ୍ରରେ ଓଡ଼ିଶାବାସୀ ସମ୍ପୂର୍ଣ୍ଣ ପ୍ରତାରିତ ହୋଇଛନ୍ତି। ତତ୍‌କାଳୀନ ନବୀନ ପଟ୍ଟନାୟକଙ୍କ ସରକାର ସମୟରେ ଓଡ଼ିଶା କେନ୍ଦ୍ରରୁ ଯେତିକି ଅନୁଦାନ

- ୨୦୨୩-୨୪ରେ ମିଳିଥିଲା ୪୩୧୦ କୋଟି ଟଙ୍କା
- ୨୦୨୪-୨୫ରେ ମିଳିଛି ମାତ୍ର ୮୨୫ କୋଟି ଟଙ୍କା
- ଗରିବଙ୍କ ଘର ପାଇଁ ସରକାରଙ୍କ ପାଖରେ ନାହିଁ ପାଣ୍ଠି

PMAY-G

ପାଇଥିଲା, ଏବେ ବିଜେପି ସରକାର ତାହାର ଏକ ଚତୁର୍ଥାଂଶରୁ କମ୍ ଅନୁଦାନ ଆଣିବାକୁ ସକ୍ଷମ ହୋଇଛନ୍ତି। ଗୋଟିଏ ବର୍ଷରେ ରାଜ୍ୟ ସରକାର କେବଳ 'ଆବାସ' ଯୋଜନାରେ ୩୪୮୫ କୋଟି ଟଙ୍କା କମ୍ ଅନୁଦାନ ପାଇଛି।

ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ରାଜ୍ୟର ଗରିବ ଲୋକମାନଙ୍କୁ ଘର ଯୋଗାଇ ଦିଆଯାଇଥାଏ। ଏଥିପାଇଁ କେନ୍ଦ୍ର ସରକାରଙ୍କ ଅନୁଦାନ ଯୋଗାଇ ଦିଅନ୍ତି ଓ ରାଜ୍ୟ ସରକାର ନିଜ ଅଂଶ ପ୍ରଦାନ କରି ଲୋକଙ୍କୁ ଘର ପ୍ରଦାନ କରିଥାଆନ୍ତି। ତତ୍‌କାଳୀନ ନବୀନ ପଟ୍ଟନାୟକଙ୍କ ସରକାର ସମୟରେ ୨୦୨୩-୨୪ ଆର୍ଥିକ ବର୍ଷରେ ଓଡ଼ିଶା ▶ପୃଷ୍ଠା-୭

## ବାଲେଶ୍ୱରରେ ଲଜ୍ଜା | ସାତ ଦିନରେ ୨ ଦୁଷ୍କର୍ମ

■ ବାଲେଶ୍ୱର(ଉତ୍ତର)/ଜଳେଶ୍ୱର ବ୍ଲକ, ୨୫।୫ (ସମିସ): ରାଜ୍ୟରେ ଶାସନ ବ୍ୟବସ୍ଥା ହୁଗୁଳିଛି। ବିଭିନ୍ନ ସ୍ଥାନରେ ହତ୍ୟା, ଧର୍ଷଣ, ଚୋରି, ରାହଜାନି ବୃଦ୍ଧି ପାଉଥିବା ଦେଖିବାକୁ ମିଳୁଛି। ଗୋଟିଏ ସପ୍ତାହ ମଧ୍ୟରେ ଭୋଗରାଇ ଏବଂ ଜଳେଶ୍ୱର ଅଞ୍ଚଳରେ ଦୁଇ ନାବାଳିକା ସହ ଜଣେ ବିବାହିତ ମହିଳାଙ୍କ ଦୁଷ୍କର୍ମ ଘଟଣା ଏବେ ରାଜ୍ୟରେ ଆଲୋଡ଼ନ ସୃଷ୍ଟି କରିଛି ।

- ଦୁଷ୍କର୍ମ ପରେ ଜଣେ ନାବାଳିକାଙ୍କୁ ହତ୍ୟା
- ମାନସିକ ଭିନ୍ନକ୍ଷମ ନାବାଳିକାକୁ ଦୁଷ୍କର୍ମ
- ବିବାହିତାଙ୍କୁ ମାଡ଼ ସହ ଦୁଷ୍କର୍ମ ଉଦ୍ୟମ

ଜଳେଶ୍ୱର ବ୍ଲକ୍ ଶ୍ୟାମନଗର ଅଞ୍ଚଳରେ ଜନୈକା ମାନସିକ ବିକୃତ ୧୪ ବର୍ଷର ନାବାଳିକା ଗତ ଶୁକ୍ରବାର ▶ପୃଷ୍ଠା-୭

## ଟ୍ରେନ୍ ଧକ୍କାରେ ୨ ଶ୍ରମିକ ମୃତ

■ **ଯଖପୁରା, ୨୫।୫ (ସମିସ):** ଯାଜପୁର ଜିଲ୍ଲା ଯଖପୁରା ରେଳ ଡିଭିଜନରେ ରେଳ କେବୁଲ ଲାଇନ୍ ବିଛାଉଥିବା ବେଳେ କେନ୍ଦୁଢିପ ଲେବୁଲକ୍ରସିଂ ନିକଟରେ ପଛ ପଟୁ ଟ୍ରେନ ଧକ୍କା ଦେବାରୁ ଦୁଇ ଜଣ ଶ୍ରମିକଙ୍କର ମୃତ୍ୟୁ ଘଟିଛି। ମୃତ ଶ୍ରମିକ ଦୁଇ ଜଣଙ୍କ ଘର ପଶ୍ଚିମବଙ୍ଗ ରାଜ୍ୟ ପଶ୍ଚିମ ମେଦିନାପୁର ଜିଲ୍ଲା କୁନାରପୁର ଗ୍ରାମରେ। ଦୁଇ ମୃତ ଶ୍ରମିକ ହେଲେ ଲାଲୁ ଦିଗାର (୪୫) ଓ ସାଖର ଦିଗାର (୩୫) ବୋଲି ଜଣାପଡିଛି। ୧୦ରୁ ୧୨ ଜଣ ▶ପୃଷ୍ଠା-୭


ସାଇକୃପା କଲେଜ ରାଜ୍ୟ ସ୍ତରରେ ଏକ ସ୍ୱତନ୍ତ୍ର

ଦଶମରେ କମ୍ ନମ୍ବର ରଖି ଯୁକ୍ତ ୨ ବିଜ୍ଞାନରେ ୯୦% ଉର୍ଦ୍ଧ୍ୱ ନମ୍ବର ରଖିଥିବା ୮ ପରୀକ୍ଷାର୍ଥୀ







CHSE RESULT -2025
1ST DIVISION -109/129
ABOVE 90% - 08Nos.
ABOVE 500 - 27Nos.
ABOVE 80% - 42Nos.
100 Marks in MATH-18, CHEM-11, PHY- 09
ENG 97 Mark- 3nos




ଦଶମରେ କମ୍ ନମ୍ବର ରଖି ଯୁକ୍ତ ୨ ବିଜ୍ଞାନରେ ୯୦% ଉର୍ଦ୍ଧ୍ୱ ନମ୍ବର ରଖିଥିବା ଛାତ୍ରଛାତ୍ରୀ

| Roll No. | Applicant Name | +2 % | 10th % |
|---|---|---|---|
| 350DB004 | SUBHASHREE BISWAL | 95.17 % | 84 % |
| 350DB008 | PRIYANKA PRIYA. BISWAL | 94.17 % | 82.5 % |
| 350DB002 | PADMINI MAHARANA | 92.33 % | 87.5 % |
| 350DB054 | AMRUTANSHU ROUT | 92.17 % | 76 % |
| 350DB005 | AKASH SAHU | 91 % | 84 % |
| 350DB080 | MUKESH OJHA | 91 % | 63.83 % |
| 350DB011 | SHUBHAM HATI | 90.5 % | 81.67 % |
| 350DB016 | ANSHUMAN SAHOO | 90.17 % | 80 % |
| 350DB091 | GYANAMANGALAM | 87.83 % | 71 % |
| 350DB015 | MONALISHA SAHOO | 86.83 % | 72 % |
| 350DB089 | LARENS SAHU | 85.33 % | 71 % |
| 350DB012 | SOUMYADEEP BEHERA | 85.17 % | 73.5 % |
| 350DB120 | JIBANTOSH MUDULI | 85 % | 68.83 % |
| 350DB060 | RUDRA NARAYAN RAJ | 84.67 % | 70.14 % |
| 350DB024 | BIKASH RANA | 84.33 % | 71.12 % |
| 350DB007 | MAHENDRA SAMAL | 83.5 % | 72.72 % |
| 350DB030 | SAGAR BEHERA | 83.33 % | 71.68 % |
| 350DB074 | BARSARANI SAHOO | 83.33 % | 73.84 % |




NEET, JEE-MAIN
by experts form KOTA

AT.: DHENKANAL / M- 9437799193, 9437027391,8917381641

# ସରିଗଲା ଫିଟନେସ୍ ଅବଧି, ବୁହାହେଲା ଓଏସ୍ଆରଟିସି ବସ୍



ରାୟଗଡ଼ା,୨୫।୫(ସମିସ): ରାୟଗଡ଼ା ଓଏସ୍ଆରଟିସି ବସ୍ ଡିପୋରେ ଥିବା ସରକାରୀ ବସ୍ ଗୁଡିକର ଫିଟ୍‌ନେସ୍ ଅବଧି ସରିଯିବା ପରେ ଏବେ ରାୟଗଡ଼ାରୁ କୋଲନରାକୁ କ୍ରେନ୍ ଯୋଗେ ବୁହା ହେଉଛି ନଷ୍ଟ ହୋଇଯାଇଥିବା ବସ୍‌ଗୁଡିକ। ୧୦ବର୍ଷ ଧରି ଚଳାଚଳ କରୁଥିବା ବସ୍ ଗୁଡିକର ଫିଟନେସ୍ ଅବଧି ସରିଥିବାରୁ ଦୀର୍ଘ ଦିନ ଧରି ଏଗୁଡିକ ରାୟଗଡ଼ା ବସ୍‌ଷ୍ଟାଣ୍ଡରେ ଅଚଳ ଓ ନଷ୍ଟ ହୋଇ ପଡି ରହିଥିଲା। ଓଡ଼ିଶା ସରକାରଙ୍କ ଓଡ଼ିଶା ରାଜ୍ୟ ସଡ଼କ ପରିବହନ ନିଗମ ସଂସ୍ଥା ଦ୍ୱାରା ପରିଚାଳିତ ହେଉଥିବା ରାୟଗଡ଼ା ବସ୍ ଡିପୋରେ ଥିବା ୯ଟି ବସ୍‌ର ଫିଟନେସ୍ ନ ଥିବା ଯୋଗୁଁ ଦୀର୍ଘ ୨ରୁ ୩ ମାସ ହେବ ଆରଟିଓ କାର୍ଯ୍ୟାଳୟ ପକ୍ଷରୁ ଦିଆଯାଇଥିବା ରୁଟ୍ ଗୁଡିକରେ ଏହି ବସ୍ ସେବା ସଂପୂର୍ଣ୍ଣ ଭାବେ ବନ୍ଦ ହୋଇପଡିଛି। ବସ ଚଳାଚଳ ବନ୍ଦ ଥିବାରୁ ନିଗମ ପକ୍ଷରୁ ଡ୍ରାଇଭର, କଣ୍ଡକ୍ଟର ଓ ତାଙ୍କ ପରିବାର ଲୋକେ ଧାରଣାରେ ବସିବାକୁ ବାଧ ହୋଇଥିଲେ। ତେବେ ଏହି ସମସ୍ୟା ବିଷୟରେ ଅବଗତ ହେବା ପରେ ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା ସମସ୍ୟାର ତୁରନ୍ତ ସମାଧାନ ହେବ ବୋଲି ପ୍ରତିଶୃତି ଦେଇଥିଲେ। ଆସନ୍ତା ୧୫ରୁ ୨୦ଦିନ ମଧ୍ୟରେ ରାୟଗଡ଼ାକୁ ନୂତନ ସରକାରୀ ବସ୍ ଗୁଡିକ ଆସିବାକୁ ଥିବା ବେଳେ ଯଥାଶୀଘ୍ର ଆରଟିଓଙ୍କ ପରମିଟ୍ ଅନୁମତି ପରେ ପୁଣିଥରେ ବନ୍ଦ ଥିବା ରୁଟ୍‌ରେ ବସ୍ ଚଳାଚଳ ଆରମ୍ଭ ହେବ ବୋଲି ରାୟଗଡ଼ା ଓଏସଆରଟିସି କର୍ତ୍ତୃପକ୍ଷଙ୍କ ଠାରୁ ସୂଚନା ମିଳିଛି। ରାୟଗଡ଼ାରେ ଦୀର୍ଘ ଦିନ ଧରି ଅଚଳ ହୋଇପଡିଥିବା ୯ଟି ସରକାରୀ ବସ୍ ଗୁଡିକ ମଧ୍ୟରୁ ୫ଟି ବସ୍‌କୁ କୋଲନରାକୁ ସ୍ଥାନାନ୍ତର କରାଯାଉଥିବା ଜଣାପଡିଛି। ପ୍ରକାଶ ଥାଉ କି, ଗତ ୨୦୧୫ ମସିହାରେ ରାୟଗଡ଼ା ବସଷ୍ଟାଣ୍ଡରେ ଓଏସଆରଟିସି ବସ୍ ଡିପୋ ଆରମ୍ଭ ହୋଇଥିଲା। ଏହି ଡିପୋ ଅଧିନରେ କୋରାପୁଟ, ରାୟଗଡ଼ା ଓ କଳାହାଣ୍ଡି ଜିଲ୍ଲାର ୧୨ଟି ରୁଟ୍‌ରେ ବସ ଚଳାଚଳ କରୁଥିଲା। ତାହା ଏବେ ଦୀର୍ଘ ମାସ ଧରି ବନ୍ଦ ହୋଇପଡିଛି। ଫଳରେ ଘରୋଇ ବସ୍‌ଠାରୁ କମ୍ ଭଡାରେ ଯାତ୍ରୀମାନେ ବସ୍ ରୁଟ ଅନୁଯାୟୀ ନିଜ ନିଜ ଗନ୍ତବ୍ୟ ସ୍ଥଳକୁ ଯାଇପାରୁଥିଲେ।

● ଯୁବକଙ୍କୁ ମରଣାନ୍ତକ ଆକ୍ରମଣ ମାମଲା

# ୩ ଅଭିଯୁକ୍ତ କୋର୍ଟଚାଲାଣ


ଜୟପୁର,୨୫।୫(ସମିସ):

ଜୟପୁର ଟାଉନ୍ ଥାନା ପୁଲିସ ପକ୍ଷରୁ ନୂଆସାହିରେ ଯୁବକଙ୍କୁ ଆକ୍ରମଣ ମାମଲାରେ ଆଜି ୩ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ଅଭିଯୁକ୍ତମାନେ ହେଲେ ଅଜୟ ଅନକା, ସୁନିଲ ଅନକା ଓ ଅନିଲ ଅନକା। ନବରଙ୍ଗପୁର ଅଞ୍ଚଳର ଯୁବକଙ୍କୁ ଆକ୍ରମଣ ମାମଲାରେ ସଂଶ୍ଳିଷ୍ଟ ଥିବା ଯୋଗୁଁ ଆଜି ଟାଉନ୍ ପୁଲିସ ୩ଜଣଙ୍କୁ ଗିରଫ କରିଛି। ଏହି ମାମଲାରେ ମୋଟ ୧୧ଜଣ ଥିବା ବେଳେ ୩ ଜଣଙ୍କୁ ଗିରଫ କରାଯାଇଛି ବୋଲି ତଦନ୍ତକାରୀ ଅଧିକାରୀ ରାଜେନ୍ଦ୍ର କୁମାର ପାଙ୍ଗି ସୂଚନା ଦେଇଛନ୍ତି।
ପୁଲିସ ସୂଚନା ଅନୁଯାୟୀ, ଗତ ୨୩ ତାରିଖରେ ନବରଙ୍ଗପୁରର କେତେଜଣ ଯୁବକ ସ୍ଥାନୀୟ ବ୍ରାହ୍ମଣୀଗାଁର ଜଣେ ସମ୍ପର୍କୀୟଙ୍କ ଘରକୁ ଯାଇଥିଲେ। ସନ୍ଧ୍ୟାରେ ନୂଆସାହି ଅଞ୍ଚଳର ଅନ୍ୟ ଏକ ସମ୍ପର୍କୀୟଙ୍କ ଘରକୁ ଆସିଥିବା ସମୟରେ ନୂଆସାହି ଅଞ୍ଚଳର ଯୁବକ ମାନେ ସେମାନଙ୍କୁ ଆକ୍ରମଣ କରିଥିଲେ। ପ୍ରକାଶ ଥାଉକି ଆଜି ଗିରଫ ହୋଇଥିବା ଅଜୟ ଅନକାଙ୍କ ଭାଇକୁ ପୂର୍ବରୁ ନବରଙ୍ଗପୁର ଅଞ୍ଚଳର ଏହି ଯୁବକ ମାନେ ଆକ୍ରମଣ କରି ଜୀବନରେ ମାରିଦେଇଥିଲେ। ତାହାର ପ୍ରତିଶୋଧ ନେବା ପାଇଁ ଅଜୟ ଏବଂ କିଛି ଯୁବକ ଗତ ୨୩ ତାରିଖରେ ଆକ୍ରମଣ କରିଥିଲେ। ଏନେଇ ପୁଲିସ ଉଭୟ ପକ୍ଷରୁ ୨ଟି ମମଲା ରୁଜୁ କରିଛି। ଉଭୟ ପକ୍ଷର ୧୧ଜଣଙ୍କ ନାମରେ ମାମଲା ରୁଜୁ କରିଛି। ଆଜି ୩ ଜଣଙ୍କୁ ଗିରଫ କରିବାରେ ସଫଳ ହୋଇଥିବା ବେଳେ ଅନ୍ୟ ମାନଙ୍କୁ ଖୋଜାଖୋଜି କରାଯାଉଥିବା ଟାଉନଥାନା ଅଧିକାରୀ ଉଲ୍ଲାସ ରଞ୍ଜନ ରାଉତ ସୂଚନା ଦେଇଛନ୍ତି।

## ପ୍ଲାଷ୍ଟିକ୍ ଦୌଡ଼ି ଲଗାଇ ଯୁବକଙ୍କ ଆତ୍ମହତ୍ୟା

କଲ୍ୟାଣସିଂହପୁର,୨୫।୫(ସମିସ): ରାୟଗଡ଼ା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ ସଦର କଚରାସାହିରେ ରହୁଥିବା ମେଦ୍ରୀ ସମ୍ପ୍ରଦାୟର ରାମ ନାଗଙ୍କ ପୁଅ ଅକ୍ଷୟ ନାଗ (୨୮)ପ୍ଲାଷ୍ଟିକ ଦୌଡ଼ି ଲଗାଇ ଆତ୍ମହତ୍ୟା କରିଥିବା ସୂଚନା ମିଳିଛି। ଆଜି ସକାଳେ ପରିବାର ଲୋକେ ଲେଶକେ ତାକୁ ଡାକିବାରୁ ସେ କବାଟ ଖୋଲି ନଥିଲା। କବାଟ ଖୋଲି ଦେଖିବାରୁ ସେ ଏକ ପ୍ଲାଷ୍ଟିକ ଦୌଡ଼ି ସାହାଯ୍ୟରେ ଝୁଲି ରହିଥିବା ଦେଖିବାକୁ ମିଳିଥିଲା। ଥାନା ଏସ୍ଆଇ ଦିଲୀପ ମାଝି ଘଟଣା ସ୍ଥଳରେ ପହଞ୍ଚି ଶବକୁ ଜବତ କରି ଅପମୃତ୍ୟୁ ମାମଲା ରୁଜୁ କରିଛନ୍ତି। ଶବ ବ୍ୟବଚ୍ଛେଦ ପରେ ପରିବାରକୁ ହସ୍ତାନ୍ତର କରାଯାଇଥିଲା। ଅକ୍ଷୟ ପାଠ ପଢି କୌଣସି କାର୍ଯ୍ୟରେ ନିୟୋଜିତ ହୋଇପାରି ନଥିବାରୁ ମାନସିକ ହରାଇ ଆତ୍ମହତ୍ୟା କରିଥିବା ଶୁଣିବାକୁ ମିଳୁଛି।

# ମୁକୁଳା ଡ୍ରେନ୍ ଉପରେ ପଡ଼ିଲା ପ୍ଲେଟ୍



'ସକାଳ' ପ୍ରଭାବ

କୋଷାଗୁମୁଡା,୨୫।୫(ସମିସ):

ସନ୍ତୋଷପୁର ମୁଖ୍ୟ ବଜାର ରାସ୍ତା କଡ଼ରେ ଥିବା ଡ୍ରେନ୍ ନିର୍ମାଣର ୧୦ଦିନ ବିତିଯାଇଥିଲେ ସୁଦ୍ଧା ଏହା ଉପରେ ପ୍ଲେଟ ନ ପଡ଼ି ମୁକୁଳା ରହିବାରୁ ସନ୍ତୋଷପୁର ଦୋକାନୀ ଓ ଗ୍ରାମବାସୀଙ୍କ ଅଭିଯୋଗକୁ ନେଇ ବିଗତ ୨୦ ତାରିଖ ଦିନ ଦୈନିକ "ସକାଳ'ରେ ଏକ ଖବର ପ୍ରକାଶିତ ହୋଇଥିଲା। ଖବର ପ୍ରକାଶିତ ପରେ ପୂର୍ତ୍ତ ବିଭାଗର ନିର୍ଦ୍ଦେଶ କ୍ରମେ ସମ୍ପ୍ରସାରଣ ରାସ୍ତା କାର୍ଯ୍ୟ କରୁଥିବା ଠିକା ସଂସ୍ଥା ବର୍ତ୍ତମାନ ଡ୍ରେନ୍ ଉପରେ ପ୍ଲେଟ ପକାଇବା କାର୍ଯ୍ୟ ଆରମ୍ଭ କରିଛି। ଏଥିପାଇଁ "ସକାଳ"କୁ ସନ୍ତୋଷପୁର ବଜାର ସାହିର ଦୋକାନୀ ଓ ଗ୍ରାମବାସୀ କୃତଜ୍ଞତା ଜଣାଇଛନ୍ତି। ଖବର ପ୍ରକାଶ ପରେ ହିଁ କାର୍ଯ୍ୟ ଆରମ୍ଭ କଲା ଠିକାସଂସ୍ଥା। ତା ପୂର୍ବରୁ ବାରମ୍ବାର କହିଲେ ମଧ କେହି କର୍ଣ୍ଣପାତ କରୁନଥିଲେ ବୋଲି ସନ୍ତୋଷପୁର ଦୋକାନୀ ମାନେ କହିଛନ୍ତି।

# ଚଳନ୍ତା ଟ୍ରେନରୁ ଖସିପଡ଼ି ବୃଦ୍ଧଙ୍କ ମୃତ୍ୟୁ

ରାୟଗଡ଼ା,୨୫।୫(ସମିସ): ରାୟଗଡ଼ା ରେଳ ଷ୍ଟେସନ ପ୍ଲାଟଫର୍ମ ନଂ-୫ରେ ଆଜି ଅପରାହ୍ନରେ ବିଶାଖାପାଟଣମ-ମୁମ୍ବାଇ ଏଲ୍‌ଟିଟିଇ ଏକ୍ସପ୍ରେସ ଟ୍ରେନ୍‌ରୁ ଖସିପଡି ଜଣେ ୭୧ବର୍ଷିୟ ବୃଦ୍ଧର ମୃତ୍ୟୁ ହୋଇଛି। ମୃତକ ଜଣକ ହେଲେ ବିହାର ରାଜ୍ୟର ଗୟା,ବାରା ନିକଟସ୍ଥ ରୌଂଧା ଗ୍ରାମର ଦ୍ୱାରିକ ପାସୱାନ। ଏହା ଆଧର କାର୍ଡରେ ଥିବା ଠିକଣାରୁ ଜଣାପଡ଼ିଛି। ମୃତକଙ୍କ ଶବକୁ ରାୟଗଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ତାଙ୍କ ପରିବାର ଲୋକଙ୍କୁ ସୂଚନା ଦିଆଯିବା ସହ ରାୟଗଡ଼ା ଜିଆରପିଏସ ଥାନାରେ ଏ ନେଇ ଏକ ଅପମୃତ ମାମଲା ରୁଜୁ ହୋଇଥିବା ଜଣାପଡିଛି। ସୂଚନା ପ୍ରକାରେ ଆଜି ଅପରାହ୍ନ ୧୨ଟା ୫୦ମିନିଟ ସମୟରେ ରାୟଗଡ଼ା ରେଳ ଷ୍ଟେସନ ପ୍ଲାଟଫର୍ମ ନଂ-୫ରେ ଟ୍ରେନ ନଂ ୨୨୮୪୭ ବିଶାଖାପାଟଣାମ୍- ମୁମ୍ବାଇ ଏଲଟିଟିଇ ଏକ୍ସପ୍ରେସ ଟ୍ରେନ୍‌ଟି ପହଞ୍ଚିବା ସମୟରେ ଏହି ଟ୍ରେନରେ ଯାତ୍ରା କରୁଥିବା ୭୧ବର୍ଷିୟ ବୃଦ୍ଧ ଦ୍ୱାରିକ ପାସୱାନ କୌଣସି କାରଣ ବଶତଃ ଚଳନ୍ତା ଟ୍ରେନ୍‌ରୁ ଖସି ପଡିଥିଲେ। ଫଳରେ ତାଙ୍କର ଡାହାଣ ଗୋଡଟି ସଂପୂର୍ଣ୍ଣ କଟି ଯାଇଥିବା ବେଳେ ତାଙ୍କ ପେଟରେ ମଧ ଗୁରୁତର ଆଘାତ ଲାଗିଥିଲା। ଘଟଣାସ୍ଥଳରେ ହିଁ ଦ୍ୱାରିକଙ୍କ ମୃତ୍ୟୁ ହୋଇଥିବା ଜିଆରପିଏସ ପୁଲିସ ପକ୍ଷରୁ ସୂଚନା ମିଳିଛି।

## ନଦୀକୂଳରୁ ମହିଳାଙ୍କ ଶବ ଉଦ୍ଧାର

ମାଥିଲି, ୨୫।୫ (ସମିସ): ମାଲକାନଗିରି ଜିଲ୍ଲା ମାଥିଲି ଥାନା ଅନ୍ତର୍ଗତ ପାଙ୍ଗାମ ପଞ୍ଚାୟତ କଦମଗୁଡା ଗ୍ରାମ ଗାରିଆଗଡ଼ ନଦୀରୁ ଆଜି ଅଜଣା ମହିଳାଙ୍କ ଶବ ଉଦ୍ଧାର କରିଛି ମାଥିଲି ପୁଲିସ। ସୂଚନା ଅନୁଯାୟୀ ଆଜି ସକାଳ ସମୟରେ ଏକ ମହିଳାଙ୍କ ଶବ ଭାସୁ ଥିବା ଦେଖିବାକୁ ପାଇଥିଲେ ସ୍ଥାନୀୟ ଲୋକମାନେ। ସ୍ଥାନୀୟ ଲୋକମାନେ ମାଥିଲି ଥାନା ଅଧିକାରିଣୀ ଦୀପାଞ୍ଜଳି ପ୍ରଧାନଙ୍କୁ ଜଣାଇଥିଲେ। ଖବର ପାଇ ଥାନା ଅଧିକାରୀଣି ଶ୍ରୀମତୀ ପ୍ରଧାନ ଥାନାର ଅଫିସର ଙ୍କ ସହ ଅନ୍ୟ କର୍ମଚାରୀ ମାନଙ୍କୁ ଘଟଣା ସ୍ଥଳକୁ ପଠାଇ ଥିଲେ। ମାଥିଲି ପୋଲିସ ଘଟଣା ସ୍ଥଳରେ ଅଚିହ୍ନା ମହିଳାଙ୍କ ଶବ ଜବତ କରି ତଦନ୍ତ ଚଳାଇଥିଲେ। କିଛି ଘଣ୍ଟା ପରେ ମୃତ ମହିଳାଙ୍କ ପରିଚୟ ପାଇଥିଲା ମାଥିଲି ପୁଲିସ ମୃତ ମହିଳା ଜଣକ ମୁଦୁଲିପଡା ଥାନା ଅନ୍ତର୍ଗତ ଖଇରପୁଟ ପଞ୍ଚାୟତ କରଡାବାଡ଼ି ଗ୍ରାମର ବିମଳା ଖରା (୪୭) ବୋଲି ଜଣା ପଡିଥିଲା। ଖବରପାଇ ମୃତ ବିମଳାର ପୁଅ ଗୋବିନ୍ଦ ଖରା ମାଥିଲି ଥାନାରେ ପହଞ୍ଚି ନିଜର ମା'କୁ ଚିହ୍ନଟ କରିଥିଲେ। ମା'ର ମାନସିକ ବିକୃତି ଥିବାରୁ ଘରୁ କେତେବେଳେ କୁଆଡ଼େ ଚାଲି ଯାଏ ବୋଲି ଥାନାରେ କହିଥିଲେ। ମାଥିଲି ଥାନାରେ ଏକ ଅପମୃତ ମାମଲା ରୁଜୁ କରି ମାଥିଲି ଉପଖଣ୍ଡ ଚିକିତ୍ସାଳୟରେ ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି।

# ୯ ମାଓବାଦୀଙ୍କ ଆତ୍ମସମର୍ପଣ




ମାଲକାନଗିରି, ୨୫।୫(ସମିସ) :

ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ଦନ୍ତେବାଡା ଜିଲ୍ଲା ପୁଲିସ ନିକଟରେ ୪ ଇନାମୀଙ୍କ ସହ ନଅ ଜଣ ମାଓବାଦୀ ଆତ୍ମ ସମର୍ପଣ କରିଛନ୍ତି। ଏହି ମାଓବାଦୀ ମଧ୍ୟରୁ ଏକ ଲକ୍ଷ ଇନାମୀ ମାଓବାଦୀ ଅନିତା ପୋଟାମ, ବିଜୁ ରାମ ଓ ଗୋରଗା କଡତି ଏବଂ ୫୦ ହଜାରି ଇନାମୀ ପାୟକୁ ପୋଡିୟମ ଅଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଦେବେ କୁହଡାମ, ବିଜୋ ରାମ, ଲକ୍ଷ୍ମଣ ଲେକାମ, ଗାଗରୀ ବାରସେ, ଅନିଲ ପଡିଅମ ଆତ୍ମ ସମର୍ପଣ କରିଛନ୍ତି। ଏହି ସମସ୍ତ ମାଓବାଦୀ ମାଓବାଦୀଙ୍କ ବିଭିନ୍ନ ସଂଗଠନରେ କାର୍ଯ୍ୟ କରୁଥିବା ବେଳେ ଏମାନେ ଗଛ କାଟି ରାସ୍ତା ଉପରେ ପକାଇବା, ରାସ୍ତା ଖୋଳି ଅବରୋଧ କରିବା, ମାଓ ପୋଷ୍ଟର, ବ୍ୟାନର ଲଗାଇବା କାର୍ଯ୍ୟରେ ନିୟୋଜିତ ଥିଲେ। ତେବେ ବର୍ତ୍ତମାନ ମାଓ ସଂଗଠନ ଦିନକୁ ଦିନ ଭୁଶୁଡିବାରେ ଲାଗିଥିବା ବେଳେ ସରକାରଙ୍କ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟରେ ଅନୁପ୍ରାଣିତ ହୋଇ ଆତ୍ମ ସମର୍ପଣ କରିଥିବା ପ୍ରକାଶ କରିଛନ୍ତି। ଏମାନଙ୍କୁ ସରକାରଙ୍କ ଥଇଥାନ ନୀତି ଅନୁଯାୟୀ ସମସ୍ତ ପ୍ରକାର ସୁବିଧା ସୁଯୋଗ ଯୋଗାଇ ଦିଆଯିବ ବୋଲି ପୁଲିସ ସୂତ୍ରରୁ ଜଣାପଡ଼ିଛି।

## ଶିଶୁ ମଙ୍ଗଳ କମିଟି ଭଙ୍ଗ ନିର୍ଦ୍ଦେଶକୁ ହାଇକୋର୍ଟଙ୍କ ସ୍ଥଗିତାଦେଶ

ରାୟଗଡ଼ା,୨୫।୫(ସମିସ ): ଏକ ଶିଶୁ ବିକ୍ରି ଘଟଣାରେ ରାୟଗଡ଼ା ଶିଶୁ ମଙ୍ଗଳ କମିଟିକୁ ଭଙ୍ଗ କରିଥିବା ନିର୍ଦ୍ଦେଶନାମାକୁ ରଦ୍ଦ କଲେହାଇକୋର୍ଟ। ଚଳିତ ମାସ ୧ ତାରିଖରେ ଜିଲ୍ଲାପାଳଙ୍କ ସୁପାରିଶ କ୍ରମେ ଜିଲ୍ଲା ଶିଶୁ ମଙ୍ଗଳ କମିଟି ଭଙ୍ଗ ନେଇ ରାଜ୍ୟ ସରକାରଙ୍କ ମହିଳା ଓ ଶିଶୁ କଲ୍ୟାଣ ବିଭାଗ ନିର୍ଦ୍ଦେଶନାମା ଜାରି କରିଥିଲେ। ଏନେଇ କମିଟିର ଅଧ୍ୟକ୍ଷା ବିଦୁଲତା ହୁଇକା, ସଦସ୍ୟ କୈଳାସ ଚନ୍ଦ୍ର ପାଳ, ପ୍ରିୟଦର୍ଶିନୀ ମହାକୁଡ, ଜ୍ୟୋତ୍ସ୍ନାମୟୀ ପାଢ଼ୀ ଏବଂ ଗାଗାରିନ ଶବର ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଏହାର ବିଚାର କରି ହାଇକୋର୍ଟ ବିଚାରପତି ବିରଜା ପ୍ରସନ୍ନ ଶତପଥୀ ସ୍ଥଗିତାଦେଶ ନିର୍ଦ୍ଦେଶ ଦେଇଛନ୍ତି। ଏନେଇ କମିଟି ଅଧ୍ୟକ୍ଷା ଶ୍ରୀମତୀ ବିଦୁଲତାଙ୍କ ଓକିଲ ଏସ୍ ରୟ ମାମଲା ପରିଚାଳନା କରିଥିଲେ।

● ଭୋଟ୍ ପରିଚୟ ପତ୍ର ନାହିଁ

# ବର୍ଦ୍ଧିତ ଭତ୍ତାରୁ ବଞ୍ଚିତ ୮୫ ବର୍ଷୀୟ ବୃଦ୍ଧା



ମୁନିଗୁଡା୨୫।୫(ସମିସ)

ଭୋଟର ପରିଚୟ ପତ୍ର ନଥିବାରୁ ସରକାରଙ୍କ ବର୍ଦ୍ଧିତ ଭତ୍ତା ପାଇବାରୁ ବଞ୍ଚିତ ୮୫ ବର୍ଷୀୟ ବୃଦ୍ଧା। ରାୟଗଡ଼ା ଜିଲ୍ଲା ମୁନିଗୁଡା ବ୍ଲକ ଡିମିରିଗୁଡା ପଞ୍ଚାୟତ ଡିମିରିଗୁଡା ଗ୍ରାମର ବେଲମତି କରକରିଆ। ବେଲମତିଙ୍କୁ ୮୫ ବର୍ଷ ହୋଇଥିବା ବେଳେ ତାଙ୍କ ଆଖିକୁ ଭଲ ଭାବେ ଦେଖା ଯାଉନି। ଚାଲିବା ପାଇଁ ଅକ୍ଷମ, ଆଶାବାଡ଼ି ଏକମାତ୍ର ଭରସା ହୋଇଥିବା ବେଳେ ସମ୍ପ୍ରତି ରୋଗରେ ପୀଡିତ ହୋଇ ଘରେ ଶଯ୍ୟାଶାୟୀ ଅଛନ୍ତି। ଘରର ଆର୍ଥିକ ପରିସ୍ଥିତି ବହୁତ ଖରାପ। ଗୋଟିଏ ବୋଲି ପୁଅ ଦୀର୍ଘ ବର୍ଷ ପୂର୍ବରୁ ଆରପାରିକୁ ଚାଲି ଯାଇଥିବା ବେଳେ ବିଧବା ବୋହୂ ତାଙ୍କ ଦେଖା ଶୁଣା କରୁଛି। ଘର ଚଳାଇବା ତାଙ୍କ ପାଇଁ କଷ୍ଟକର ହୋଇ ପଡୁଛି। ଏପରି ସ୍ଥିତିରେ ସରକାରଙ୍କ ବର୍ଦ୍ଧିତ ଭତ୍ତା ପାଇବା ଆଶା କରି ଆବେଦନ କରିଥିଲେ। ହେଲେ ଭୋଟର ପରିଚୟ ପତ୍ର ନଥିବାରୁ ସମାଜିକ ସୁରକ୍ଷା ଯୋଜନାରେ ବର୍ଦ୍ଧିତ ଭତ୍ତା ଆବେଦନ ହୋଇପାରିବ ନାହିଁ ବୋଲି ସାମାଜିକ ସୁରକ୍ଷା ଅଧିକାରୀ ଜଣାଇଥିଲେ। ବୃଦ୍ଧା ଜଣକ ଅସନ୍ତୋଷ ପ୍ରକାଶ କରି ସରକାରଙ୍କ ଏହି ବ୍ୟବସ୍ଥାକୁ ସମାଲୋଚନା କରିଛନ୍ତି। ବୃଦ୍ଧା ବେଲମତିଙ୍କ ଆଧାର କାର୍ଡ ହିସାବରେ ତାଙ୍କର ଜନ୍ମ ୧୯୪୦ ମସିହାରେ ହୋଇଥିବା ବେଳେ ବର୍ତ୍ତମାନ ତାଙ୍କ ବୟସ ୮୫ ଛୁଇଁଲାଣି। ପ୍ରଶାସନିକ ସ୍ତରରେ ଏହାର ତଦନ୍ତ କରାଇ ତାଙ୍କୁ ସରକାରଙ୍କ ବର୍ଦ୍ଧିତ ଯୋଜନାରେ ଅନ୍ତର୍ଭୁକ୍ତ କରାଇ ୩୫୦୦ ଟଙ୍କା ପ୍ରଦାନ କରିବା ସହ ଭୋଟର ପରିଚୟ ପତ୍ର ଯୋଗାଇ ଦେବାକୁ ଦାବି ହେଉଛି।

## ପୋଖରୀରେ ବୁଡ଼ି ଶିଶୁ ମୃତ

କାକିରିଗୁମା,୨୫।୫(ସମିସ): ଲକ୍ଷ୍ମୀପୁର ବ୍ଲକ ଭିତରଗଡ଼ ପଞ୍ଚାୟତ ଅନ୍ତର୍ଗତ ଚାରଡା ଗ୍ରାମରେ ରବିବାର ପୋଖରୀରେ ବୁଡି ଜଣେ ୬ ବର୍ଷୀୟ ଶିଶୁର ମୃତ୍ୟୁ ହୋଇଛି। ମୃତ ଶିଶୁ ଜଣକ ସେହି ଗ୍ରାମର ରାଜୁ ହିଆଲଙ୍କ ପୁଅ ଅଖିମ ହିଆଲ ବୋଲି ଜଣାପଡ଼ିଛି। ସୂଚନା ଅନୁଯାୟୀ ଚାରଡ଼ା ଗ୍ରାମର ଜଣେ ବ୍ୟକ୍ତିଙ୍କର କୋରାପୁଟ ବଡ଼ ମେଡ଼ିକାଲରେ ଶନିବାର ମୃତ୍ୟୁ ହୋଇଥିଲା। ରବିବାର ଶବ ସତ୍କାର ନିମନ୍ତେ ଗ୍ରାମବାସୀଙ୍କ ସହିତ ରାଜୁ ହିଆଲ, ତାଙ୍କ ପତ୍ନୀ ଓ ୬ ବର୍ଷର ପୁଅ ଗାଁ ଶ୍ମଶାନକୁ ଯାଇଥିଲେ। ବାପା ଶବ ସତ୍କାର କାର୍ଯ୍ୟରେ ବ୍ୟସ୍ତ ଥିବାବେଳେ ଶିଶୁ ଜଣକ ନିକଟସ୍ଥ ପୋଖରୀକୁ ଯାଇ ବୁଡ଼ି ଯାଇଥିଲା। ବାପା ମା'ଛୁଆକୁ ନପାଇ ଖୋଜାଖୋଜି କରିଥିଲେ। ପରେ ପୁଅ ପୋଖରୀରେ ବୁଡ଼ିଥିବା ସନ୍ଦେହ କରି ପାଣିରେ ଖୋଜିବା ପରେ ଅଚେତ ଅବସ୍ଥାରେ ପାଇଥିଲେ। ଶିଶୁଟିକୁ ଗୁରୁତର ଅବସ୍ଥାରେ କାକୀରୀଗୁମ୍ମା ଡାକ୍ତରଖାନାକୁ ନିଆଯାଇଥିଲା। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଅବସ୍ଥା ସଙ୍କଟାପନ୍ନ ହେବାରୁ କୋରାପୁଟ ସ୍ଥାନାନ୍ତର କରାଯାଇଥିଲା। ତେବେ କୋରାପୁଟ ବଡ଼ ମେଡ଼ିକାଲରେ ଡାକ୍ତର ଶିଶୁଟିକୁ ମୃତ ଘୋଷଣା କରିଥିଲେ।

## ଯାନବାହନ ଧରପଗଡ଼, ଜରିମାନା ଆଦାୟ

କୋଷାଗୁମୁଡା,୨୫।୫(ସମିସ): ମଦ ପିଇ ଓ ବିନା ହେଲମେଟରେ ଗାଡ଼ି ଚଳାଉଥିବା ଚାଳକଙ୍କଠାରୁ କୋଷାଗୁମୁଡା ପୁଲିସ ରବିବାର ଦିନ ଜରିମାନା ଆଦାୟ କରିଛି।



କୋଷାଗୁମୁଡା ଥାନା ଅଧିକାରୀ ଉମେଶ ଚନ୍ଦ୍ର ନାୟକଙ୍କ ନେତୃତ୍ୱରେ ଏସ୍ଆଇ କୂଳଭୂଷଣ ନାୟକ, ଏଏସଆଇ ରାମ କଣ୍ଡଗରି, ପର୍ଶୁରାମ ଛତ୍ରିଆ ସଦଳବଳେ ଛକ ଉପରେ ଉପସ୍ଥିତ ରହି ଯଥାକ୍ରମେ ସନ୍ତୋଷପୁର ଛକ, ବଡ଼ ଆମ୍ବଡା ଛକ, ଛେଳିପଦର ଛକ ଓ ମାଝୀଗୁଡା ଛକ ନିକଟରୁ ଆଇନ ଉଲ୍ଲଂଘନ କରୁଥିବା ଦୁଇଚକିଆ ଓ ୪ ଚକିଆ ଗାଡ଼ିଠାରୁ ପ୍ରାୟ ୧୬ ହଜାର ଟଙ୍କା ଜରିମାନା ଆଦାୟ କରିଛନ୍ତି। ଏହି ଏମ୍ବି ଚେକିଂରେ ୪ଜଣ ମଦୁଆ ଓ ହେଲମେଟ ନଥିବା ଏବଂ ୧୬ଜଣ ଚାଳକଙ୍କ କାଗଜପତ୍ର, ଡ୍ରାଇଭର ଲାଇସେନ୍ସ, ଗାଡିର ଇନ୍ସୁରାନ୍ସ ନଥିବା କୁନେଇ ଜରିମାନା କୋଷାଗୁମୁଡା ପୁଲିସ ଆଦାୟ କରିଛି ବୋଲି ଥାନା ପକ୍ଷରୁ ସୂଚନା ମିଳିଛି।

# ହାତିବାରି ଭଙ୍ଗା ପୋଲକୁ ଭୁଲିଗଲା ପ୍ରଶାସନ

ବୈପାରିଗୁଡ଼ା, ୨୫।୫ (ସମିସ): ବୈପାରୀଗୁଡ଼ା ବ୍ଲକ ଅନ୍ତର୍ଗତ ରାମଗିରି ପଞ୍ଚାୟତର ହାତୀବାରି ଗ୍ରାମ ନିକଟରେ ଥିବା ପୋଲ ୫ ବର୍ଷ ହେଲା ଭଗ୍ନ ଅବସ୍ଥାରେ ପଡ଼ିରହିଛି। ଗାଁ ଲୋକେ ବହୁବାର ଅଭିଯୋଗ କଲେ ବି ଫଳ ଶୂନ। ରାମଗିରି ସହ ଚିପାକୁର ଏବଂ ଦଣ୍ଡାବାଡି



ପଞ୍ଚାୟତକୁ ସଂଯୋଗ କରିବା ପାଇଁ ରାମଗିରି ପଞ୍ଚାୟତର ହାତିବାରି ଗାଁ ନିକଟରେ ବହୁ ବର୍ଷ ପୂର୍ବେ ଏକ ପୋଲ ନିର୍ମାଣ କରାଯାଇଥିଲା। କିନ୍ତୁ ସେ ପୋଲ ଏବେ ସମ୍ପୂର୍ଣ୍ଣ ଭାବେ ଭାଙ୍ଗିଯାଇଛି। ଏଥିପାଇଁ ହାତିବାରି, କାଳିଆଯୋଡି, ଚିଲପାଯୋଡି, ବାଙ୍କୁଲିଯୋଡି,ଜାମଗୁଡା, ଭିଙ୍ଗରାଯୋଡି ସମେତ ବହୁ ଗ୍ରାମବାସୀ ଅସୁବିଧାର ସମ୍ମୁଖିନ ହେବାସହ ଖର୍ଚ୍ଚାନ୍ତ ହେଉଥିବା ଜଣା ପଡିଛି କ୍ଷ ଉକ୍ତ ଗ୍ରାମ ଗୁଡିକର ଲୋକେ ସ୍ୱାସ୍ଥ୍ୟସେବା ପାଇଁ ରାମଗିରି ମେଡିକାଲ ଉପରେ ନିର୍ଭର କରିଥାନ୍ତି। ରାମଗିରି ପ୍ରାଥମିକ ଚିକିତ୍ସାଳୟରୁ ଆମ୍ବୁଲାନ୍ସ ସେହି ଗ୍ରାମ ଗୁଡିକରେ ଯିବାକୁ ହେଲେ ଦଣ୍ଡାବାଡି ପଞ୍ଚାୟତ ଦେଇ ପାଞ୍ଚ କିଲୋମିଟର ବଦଳରେ ୧୬ କିଲୋମିଟର ବୁଲି ଯିବାକୁ ହୋଇଥାଏ। ହାତିବାରି ପୋଲ ନିର୍ମାଣ ହେଲେ ଦଣ୍ଡାବାଡି, ରାମଗିରି ଏବଂ ଚିପାକୁର ତିନୋଟି ପଞ୍ଚାୟତର ଯୋଗାଯୋଗରେ ସୁବିଧା ହୋଇପାରିବ। ଏହି ପୋଲଟି ଚିପାକୁର ପଞ୍ଚାୟତର କୁଲାବେଡା ଗ୍ରାମ ଦେଇ ମାଲକାନଗିରି ଜିଲ୍ଲାକୁ ମଧ୍ୟ ସଂଯୋଗ କରିଥାଏ। ତେଣୁ ତିନୋଟି ପଞ୍ଚାୟତର ଗ୍ରାମବାସୀ ହାତିବାରି ପୋଲ ନିର୍ମାଣ ପାଇଁ ଦାବି କରିଛନ୍ତି।

## ପୋଡ଼ାଗଡ଼ରେ ପାନୀୟ ଜଳ ଉତ୍କଟ

# ନଦୀକୂଳରେ ଚୁଆ ଖୋଳି ପାନୀୟ ଜଳ ସଂଗ୍ରହ

ସେମିଳିଗୁଡ଼ା, ୨୫।୫ (ସମିସ):





ରାଜ୍ୟ ସରକାର ସମସ୍ତ ଗ୍ରାମକୁ ପାନୀୟ ଜଳ ଯୋଗାଇବା ପାଇଁ ଅନେକ ଯୋଜନା ଲାଗୁ କରୁଥିବା ବେଳେ ଆଜି ପର୍ଯ୍ୟନ୍ତ ଅନେକ ଗ୍ରାମରେ ପାନୀୟ ଜଳର ସମସ୍ୟା ଦେଖା ଦେଇଛି। ଦୀପ ତଳେ ଅନ୍ଧାର ଭାବେ କୋଲାବ ଜଳଭଣ୍ଡାର ନଦୀ କଡର ଗାଁ। ପାନୀୟ ଜଳ ସମସ୍ୟା ଯୋଗୁଁ ନାହିଁ ନଥିବା ଅସୁବିଧାର ସମ୍ମୁଖିନ ହେଉଛନ୍ତି ଏଠାକାର ଗ୍ରାମବାସୀ। ଗ୍ରୀଷ୍ମ ଋତୁରେ ତାତି ବଢୁଥିବା ଯୋଗୁଁ କୋଲାବ ନଦୀରେ ପାଣି ଶୁଖି ଯାଇଛି। ଫଳରେ ମୁଣ୍ଡଫଟା ଖରାରେ ଗ୍ରାମରୁ ପ୍ରାୟ ଏକ କିଲୋମିଟର ଦୂର ନଦୀ କୂଳରେ ଚୁଆ ଖୋଳି ପାନୀୟ ଜଳ ସଂଗ୍ରହ କରୁଛନ୍ତି ଗ୍ରାମର ମହିଳା ମାନେ। କୋରାପୁଟ ଜିଲ୍ଲା ସେମିଳିଗୁଡା ବ୍ଲକ୍‌ର ପୋଡ଼ାଗଡ଼ ଗ୍ରାମର ସ୍ଥିତି ଏଭଳି ରହିଛି।
ସୂଚନା ଅନୁଯାୟୀ ଗ୍ରାମରେ ୮୦ ପରିବାର ୬ଶହ ଲୋକ ବସବାସ କରୁଛନ୍ତି। ଗ୍ରାମରେ ପ୍ରାଥମିକ ବିଦ୍ୟାଳୟ ଠାରୁ ଅଙ୍ଗନବାଡି ମଧ୍ୟରେ ଦୀର୍ଘବର୍ଷ ତଳେ ଏକ ସୋଲାର ପାନୀୟ ଜଳ ପ୍ରକଳ୍ପ ସ୍ଥାପନ ହୋଇଥିଲା। କିନ୍ତୁ କିଛି ଦିନ ଚାଲିବା ପରେ ଏହା ଅଚଳ ହୋଇ ପଡିଛି। ଗ୍ରାମବାସୀ ବାରମ୍ବାର ଅଭିଯୋଗ କଲେ ମଧ୍ୟ ବର୍ଷ ବର୍ଷ ବିତିଗଲା ପରେ ବି ମରାମତି କରିବାକୁ କେହି ଆସୁ ନାହାନ୍ତି। ଫଳରେ ପାନୀୟ ଜଳ ସମସ୍ୟାର ସମ୍ମୁଖୀନ ହେଉଛନ୍ତି ଗ୍ରାମବାସୀ। ଗ୍ରାମରେ ପାଣି ସମସ୍ୟା ତୀବ୍ର ଥିବା ବେଳେ ଅନ୍ୟ କିଛି ଉପାୟ ନ ପାଇ ମହିଳା ମାନେ ହାଣ୍ଡି ଗରିଆ ଧରି ଏକାସାଙ୍ଗରେ ନଦୀକୂଳକୁ ଯାଇ ପାନୀୟ ଜଳ ସଂଗ୍ରହ କରୁଛନ୍ତି। ଗରମରେ ପାଣି ସଂଗ୍ରହ କରିବା ବହୁତ୍ କଷ୍ଟ ହେଲେ ବି ମହିଳାମାନଙ୍କ ପାଖରେ ଅନ୍ୟ ଉପାୟ ନାହିଁ। ସମସ୍ତ ଗ୍ରାମକୁ ଘରକୁ ଘର ପାନୀୟ ଜଳ ପହଞ୍ଚୁଛି। ଏହି ଗ୍ରାମକୁ କେବେ ବୋଲି ଗ୍ରାମବାସୀ ପ୍ରଶ୍ନ କରିଛନ୍ତି। ଉକ୍ତ ଗାଁ ଉପାନ୍ତ ଅଞ୍ଚଳରେ ଥିବା ଯୋଗୁଁ ବିଭାଗୀୟ ଅଧିକାରୀ ମାନେ ଅବହେଳା କରୁଥିବା ଅଭିଯୋଗ ହେଉଛି। ଅଧିକାରୀମାନେ ସମାଧାନ କରୁ ନଥିବାରୁ ଲୋକଙ୍କ ମଧ୍ୟରେ ଅସନ୍ତୋଷ ହେଖା ଦେଉଛି। ମହିଳାମାନେ ହାଣ୍ଡି ଧରି ନଦୀ କୂଳରେ ସକାଳୁ ଅପେକ୍ଷା କରି ବସୁଥିଲେ ମଧ ପାଣି ସଂଗ୍ରହ କରିବା କଷ୍ଟସାଧ ହେଉଛି। ଗାଁରେ ପାଣି ସମସ୍ୟା ପାଇଁ ଲୋକେ ବହୁ ଅସୁବିଧାରେ ସମ୍ମୁଖିନ ହେଉଛନ୍ତି। ପାଣି ସୁବିଧା ନଥିବାରୁ ଏହି ଗ୍ରାମରେ କେହି ଅନ୍ୟ ଗ୍ରାମର ଲୋକେ ନିଜ କନ୍ୟା ସନ୍ତାନକୁ ବିବାହ ଦେବାକୁ ରାଜି ହେଉ ନଥିବା ଅଭିଯୋଗ ହେଉଛି। ଏ ସମସ୍ୟା ନେଇ ଜିଲ୍ଲାପାଳ ଭି.କୀର୍ତ୍ତି ବାସନ ନିଜ ପ୍ରତିକ୍ରିୟାରେ ମେଗା ପାନୀୟ ଜଳ ପ୍ରକଳ୍ପ କାମ ଚାଲୁଛି, ସେହି କାମ ବିଳମ୍ବ ହେବାରୁ ସମସ୍ୟା ଦେଖାଦେଉଛି। ଉକ୍ତ ସମସ୍ୟା ନେଇ ବ୍ଲକ୍ ପ୍ରଶାସନ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯିବ। ଖୁବଶୀଘ୍ର ଗ୍ରାମରେ ପାନୀୟ ଜଳ ସମସ୍ୟା ସମାଧାନ କରାଯିବ ବୋଲି କହିଛନ୍ତି। ଗ୍ରାମରେ ତୁରନ୍ତ ପାନୀୟ ଜଳ ସମସ୍ୟା ସମାଧାନ କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।

ସକାଳ
THE SAKALA



# ବିପଦସଙ୍କୁଳ ପାଲଟିଛି ତେଲିଗୁଡ଼ କେନାଲ୍ ଛକ

## ● ସରକାରୀ ଜମି ଜବରଦଖଲ କରି ଗୃହ ନିର୍ମାଣ

ଜୟପୁର,୨୫।୫ (ସମିସ): କୋରାପୁଟ ଜିଲ୍ଲା ଜୟପୁରଠାରୁ ବୋରିଗୁମ୍ମାକୁ ସଂଯୋଗ କରୁଥିବା ୨୬ ନମ୍ବର ଜାତୀୟ ରାଜପଥର ଜୟପୁର ନିକଟସ୍ଥ ତେଲିଗଡ଼ା କେନାଲ ଛକ ବିପଦସଙ୍କୁଳ ପାଲଟିଛି। ଏଠାରେ ଛୋଟବଡ଼ ଦୁର୍ଘଟଣା ଘଟୁଛି। ଏଥିରେ ଧନଜୀବନ ମଧ୍ୟ ନଷ୍ଟ ହେଉଛି। ଏହାର ମୁଖ୍ୟକାରଣ ୨୬ ନମ୍ବର ଜାତୀୟ ରାଜପଥର ତେଲିଗୁଡା ଠାରେ କେନାଲର ଜମିକୁ ଜବରଦଖଲ କରାଯାଇ ଗୃହ ନିର୍ମାଣ ହେଉଛି। ଜୟପୁର ସହରରୁ ପ୍ରତିଦିନ ଏହି ୨୬ ନମ୍ବର ଜାତୀୟ ରାଜପଥ ଦେଇ ଜିଲ୍ଲା ଚିକିତ୍ସାଳୟ, ରେଳଷ୍ଟେସନ, ନିୟନ୍ତ୍ରିତ ବଜାର କମିଟି, ଭାରତୀୟ ଖାଦ୍ୟ ଯୋଗାଣ ନିଗମ କାର୍ଯ୍ୟାଳୟ ସମେତ ବୋରିଗୁମ୍ମା,



କୁନ୍ଦୁରା, କୋଟପାଡ, ନବରଙ୍ଗପୁର, ପଶ୍ଚିମ ଓଡ଼ିଶାର ଅଧିକାଂଶ ଜିଲ୍ଲା ଏବଂ ପଡୋଶୀ ଛତିଶଗଡ ରାଜ୍ୟକୁ ହଜାର ହଜାର ସଂଖ୍ୟାରେ ଭାରୀଯାନ, ୪ ଚକିଆ, ୩ ଚକିଆ ଓ ୨ ଚକିଆ ଯାନ ଯାତାୟାତ କରୁଛି। ଉକ୍ତ ଛକ ନିକଟରେ ଜବରଦଖଲକାରୀ ମାନେ କେନାଲ ପାଶ୍ୱର୍ରେ ଗୃହ ନିର୍ମାଣ କରିଥିବା ଯୋଗୁଁ ଜୟପୁର ସହରକୁ ପ୍ରବେଶ କରୁଥିବା ଅନ୍ୟାନ୍ୟ ଗାଡ଼ିଚାଳକ ମାନେ କେନାଲ ରାସ୍ତା ଦିଶୁ ନଥିବା ଯୋଗୁଁ ଉକ୍ତ ରାସ୍ତା ଦେଇ ଆସୁଥିବା ଅନ୍ୟାନ୍ୟ ଗାଡ଼ି ମୁହାଁମୁହିଁ ଦୁର୍ଘଟଣାର ସମ୍ମୁଖୀନ ହେଉଛନ୍ତି। ଫଳରେ ଅନେକ ଲୋକଙ୍କ ଜୀବନହାନୀ ହେବା ସହ ଗୁରୁତର ଆହତ ହେଉଛନ୍ତି। ପ୍ରଶାସନ ପକ୍ଷରୁ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯାଇ ଜବରଦଖଲ ଗୃହ ଭାଙ୍ଗିବା ସହ ବିପଦ ସଙ୍କୁଳ ଛକ ଭାବେ ପରିଚିତ ଏହି ରାସ୍ତାକୁ ଦୁର୍ଘଟଣା ମୁକ୍ତ କରିବାକୁ ସ୍ଥାନୀୟ ଲୋକମାନେ ଦାବି କରିଛନ୍ତି। ଜୟପୁର ଉପଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଟ୍ରାଫିକ୍ ସମସ୍ୟା ସୃଷ୍ଟି କରୁଥିବା ରାସ୍ତା ପାଶ୍ୱର୍ ଦଖଲକାରୀଙ୍କୁ ଉଚ୍ଛେଦ କାର୍ଯ୍ୟ ଜୋରଦାର ଚାଲିଥିବା ଏବଂ ସରକାରୀ ଜମି ଜବରଦଖଲକାରୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଥିବା ଜଣାପଡ଼ିଛି।

## ପୁରୁଣା ରୀତିନୀତିରୁ ମୁହଁ ଫେରାଉଛନ୍ତି ଡଙ୍ଗରିଆ

# ବଦଳୁଛି ବିରଳ ଜନଜାତିଙ୍କ ବିବାହ ପ୍ରଥା

ବିଷମକଟକ,୨୫।୫(ସମିସ):

ରାୟଗଡ଼ା ଜିଲ୍ଲା ବିଷମ କଟକ ବ୍ଲକର ନିୟମଗିରିରେ ବସବାସ କରୁଥିବା ବିରଳ ଜନଜାତି ଏବେ ଆଉ ଏକ ପାଦ ଆଗେଇଛନ୍ତି। ସେଠାକାର ଯୁବକ ଯୁବତୀ ମାନେ ପୁରୁଣା ପ୍ରଥାକୁ ଭୁଲି ନୂଆ ପ୍ରଥାକୁ ଆପଣାଇଛନ୍ତି। ରୀତିନିତି ଅନୁଯାୟୀ ବାହା ହେଉଛନ୍ତି। ଏବେ ବର କନ୍ୟା ପକ୍ଷରୁ ବାହାଘର ନିମନ୍ତ୍ରଣ ପତ୍ର ଛପାଉଛନ୍ତି। ଗାଁ ଗାଁ ବୁଲି ବିବାହ ନିମନ୍ତ୍ରଣ ଦେଇ ବିବାହ କାର୍ଯ୍ୟକ୍ରମରେ ଯୋଗ ଦେବା ପାଇଁ ନିମନ୍ତ୍ରଣ କରୁଛନ୍ତି। ବିଷମ କଟକ ବ୍ଲକ କୁର୍ଲି ସଦର ଗ୍ରାମ ପଞ୍ଚାୟତର ଡ୍ରେକୁ ଜାକାଶିକାଙ୍କ ପୁତ୍ର ସେତୃ ଜାକାଶୀକା ଓ ସେହି ଗ୍ରାମ ପଞ୍ଚାୟତ ଅଧୀନରେ ଥିବା ଖମ୍ବେସୀ ଗ୍ରାମର ବଣ୍ଡି ୱାଡାକାଙ୍କ ଝିଅ ବନିତା ୱାଡ଼କଙ୍କ ରବିବାର ଦିନ ବାହା ଘର ହୋଇଛି। ଏହି ବାହାଘର ସମ୍ପୂର୍ଣ ଅଲଗା ଥିଲା। ଯିଏ ଏହି ବାହାଘର ଦେଖିଛି ସେ ଆଶ୍ଚର୍ଯ୍ୟ ହେଇ ଯାଉଥିଲେ। ଏହି ବିବାହ ଉତ୍ସବରେ ପ୍ରାୟ ପାଞ୍ଚ ହଜାର ଲୋକେ ଉପସ୍ଥିତି ରହି ଥିଲେ। ବର ପିଲା ସେରବାନୀ,ମୁକୁଟ ପିନ୍ଧି ବର ବେଶରେ ସଜେଇ ହୋଇ ଡିଜେ ଗାଡି ସାଙ୍ଗକୁ ସାଙ୍ଗ



ସାଥି ବନ୍ଧୁ ବାନ୍ଧବଙ୍କ ସହ ନାଚ ଗୀତରେ କୁର୍ଲି ଠାରୁ ଖମ୍ବେସି ପର୍ଯ୍ୟନ୍ତ ପ୍ରାୟ ୪ କିଲୋମିଟର ଆସି କନ୍ୟା ପିତାଙ୍କ ବାସ ଭବନରେ ପହଞ୍ଚିଥିଲେ। ଏହି ବିବାହରେ ଅଧୁନିକତାର ଛାପ ଦେଖିବାକୁ ମିଳିଥିଲା। ଏହି ବିବାହ ଉତ୍ସବ ନିୟମଗିରିର ବିରଳ ଜନଜାତିଙ୍କ ପାଇଁ ବଡ଼ ଉଦାହରଣ ସାଜିଛି। ଏହି ଉଭୟଙ୍କ ବାହାଘର ନିୟମ ଗିରି ଅଞ୍ଚଳକୁ ବଡ଼ ଧରଣର ପରିବର୍ତ୍ତନ ଆଣିଦେବ। କାରଣ ଏମାନଙ୍କୁ ଦେଖି ବିରଳ ଜନଜାତି ମୁଖ୍ୟସ୍ରୋତରେ ସାମିଲ ହୋଇ ପାରିବେ। କାରଣ ନିୟମଗିରି ରେ ବସବାସ କରୁଥିବା ବିରଳ ଜନଜାତିଙ୍କ ବିବାହ ଭିନ୍ନ ଢଙ୍ଗରେ ହେଇଥାଏ। ଡଙ୍ଗରିଆ କନ୍ଧ ମାନେ ନିଜର ପରମ୍ପରା ଅନୁସାରେ ବିବାହ ପାଳନ କରିଥାନ୍ତି। ସେମାନଙ୍କ ସମାଜରେ ବିଭିନ୍ନ ପ୍ରକାରର ବିବାହ ପ୍ରଚଳିତ ରହିଛି। ସେଥିମଧ୍ୟରୁ ହେବି ବିବାହ, ଝିକା ଟଣା ବିବାହ, ଆମପତ୍ର ବିବାହ ଓ ବିଧବା ବିବାହ ରହିଛି। ଯେଉ ବିବାହ ନିର୍ବନ୍ଧ ଅନୁଯାୟୀ ହୋଇଥାଏ ତାକୁ ହେବି ବିବାହ ବୋଲି ଡଙ୍ଗରିଆ ମାନେ କହିଥାନ୍ତି। ସେହିପରି ବର ପକ୍ଷରୁ ଜୋରଜବରଦସ୍ତି ଯୁବତୀଙ୍କୁ ଉଠାଇ ନେଇ ବିବାହ ବନ୍ଧନରେ ବାନ୍ଧି ହୋଇଥାନ୍ତି ତାକୁ ଧାଙ୍ଗୀଡି ବେଣ୍ଟ କହିଥାନ୍ତି। ଆମପତ୍ର ବିବାହ ହେଉଛି ଡାଙ୍ଗରିଆ ଯୁବକ ଯୁବତୀଙ୍କ ପ୍ରେମ ବିବାହ। ଡଙ୍ଗରିଆ ସମାଜରେ ଆମପତ୍ର ବିବାହ ବହୁଳ

### ଧାଙ୍ଗିଡି ବସା, କନିଆଁ ଝିକା ଓ ବାଲ୍ୟ ବିବାହ ସଂଖ୍ୟା କମୁଛି

ମାତ୍ରାରେ ହୋଇଥାଏ। ଡାଙ୍ଗରିଆ ଙ୍କ କୌଣସି ମେରିଆ ପର୍ବ କିମ୍ବା ଯାନି ଯାତ୍ରା ପୂର୍ବରେ ଧାଙ୍ଗଡ଼ା ଧାଙ୍ଗିଡ଼ି ବସା କରିଥାନ୍ତି। ସେହି ଧାଙ୍ଗିଡ଼ି ବସାରେ ଯୁବକ ମାନେ ଯୁବତୀଙ୍କୁ ଟାୱାଲ ଦେଇଥାନ୍ତି। ଯେଉଁ ଯୁବତୀ ଯେଉଁ ଯୁବକର ଟାୱାଲ ଗ୍ରହଣ କରେ ଉଭୟ ପରସ୍ପରକୁ ଭଲପାଇଁ ବସନ୍ତି। ସମାଜ ରାଜି ହେଲେ ଉଭୟଙ୍କ ବିବାହ ହୋଇଥାଏ। ଯଦି କନ୍ୟା ର ପିତା ଏହାକୁ ରାଜି ନ ହୁଅନ୍ତି, ତାହା ହେଲେ ଝିକାଟଣା ବିବାହର ରୂପ ନେଇଥାଏ। ସେହିପରି ବିଧବା ବିବାହ ପରମ୍ପରା ମଧ୍ୟ ରହିଛି। ପୂର୍ବରୁ ନିୟମଗିରି ଅଞ୍ଚଳରେ ବାଲ୍ୟ ବିବାହ ପ୍ରଚୁର ମାତ୍ରାରେ ହେଉଥିଲା। କିନ୍ତୁ ସମୟ କ୍ରମେ ଏହାକୁ ସମ୍ପୂର୍ଣ ମାତ୍ରାରେ ବନ୍ଦ କରିଛି ପ୍ରଶାସନ। ସତନ୍ତ୍ର ଡଙ୍ଗରିଆ କନ୍ଧ ଉନ୍ନୟନ ସଂସ୍ଥା ଓ ଓଏପିଲିପି ସଂସ୍ଥା ବିଷମକଟକ ବ୍ଲକର ନିୟମଗିରିରେ ଅନେକ ପରିବର୍ତ୍ତନ ଆଣିଛି। ବିଶେଷ କରି ଓପିଲିପି ସଂସ୍ଥା ଏହି ଅଞ୍ଚଳର ଯୁବକ ଯୁବତୀଙ୍କୁ ସ୍ୱାବଲମ୍ବୀ କରିଛି। ତା ସାଙ୍ଗକୁ ବାଲ୍ୟ ବିବାହକୁ ନା, ମହାମାରୀ ସମୟରେ ଲୋକଙ୍କୁ ସଚେତନା କରିଛି। ନିୟମଗିରିରେ ମହାମାରି ବ୍ୟାପିବା ସମୟରେ ଲୋକଙ୍କ ନିକଟରେ ପହଞ୍ଚି ଚିକିତ୍ସା ସେବା ଯୋଗାଇଛି। ଓପିଲିପିର ପ୍ରକଳ୍ପ ପରିଚାଳକ ସୁଦର୍ଶନ ପାତ୍ରୀଙ୍କ ନିୟମଗିରି ପାଇଁ ବଡ଼ ଅବଦାନ ରହିଛି। ବର୍ତ୍ତମାନ ନିୟମଗିରି ଅଞ୍ଚଳରେ ଅନେକ ପରିବର୍ତ୍ତନ ଆସିଛି। ବିରଳ ଜନଜାତି ମୁଖ୍ୟସ୍ରୋତର ସାମିଲ ହୋଇଛନ୍ତି। ଧାଙ୍ଗିଡି ବେଣ୍ଟ ଏବଂ ଝିକା ଟଣା ବାହାଘର, ଧାଙ୍ଗିଡି ବସା, କନିଆଁ ଝିକା ଓ ବାଲ୍ୟ ବିବାହରୁ ଏବେ ସେମାନେ ମୁହଁ ଫେରାଉଛନ୍ତି।

# ମିଟସ ମେଗା ଫୁଡ୍ ପାର୍କ ପରିଦର୍ଶନ କଲେ ଯୋଗାଣ ମନ୍ତ୍ରୀ

ରାୟଗଡ଼ା,୨୫।୫(ସମିସ): ରାୟଗଡ଼ା ଭଳି ଉପାନ୍ତ ଅଞ୍ଚଳରେ ମିଟ୍ସ ମେଗା ଫଡ୍ ପାର୍କ ଭଳି ପ୍ରକଳ୍ପ ନିଶ୍ଚିତରୂପେ ପ୍ରଶଂସା ଯୋଗ୍ୟ ବୋଲି କହିଛନ୍ତି ଖାଦ୍ୟ ଓ ଯୋଗାଣ ମନ୍ତ୍ରୀ। ଶୁକ୍ରବାର ରାୟଗଡ଼ା ଜିଲ୍ଲା ଦିନିକିଆ ଗସ୍ତରେ ଆସି ରାଜ୍ୟ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ରାସନ କାର୍ଡ ବଣ୍ଟନ କାର୍ଯ୍ୟକ୍ରମ ପରେ ଅପରାହ୍ନରେ କୋଲନରା ବ୍ଲକ ଭୁଜବଳ ସ୍ଥିତ ମିଟସ ମେଗା ଫୁଡ ପାର୍କ ପରିଦର୍ଶନ କରିଥିଲେ। ମନ୍ତ୍ରୀ ଶ୍ରୀ ପାତ୍ର ସେଠାରେ ପହଞ୍ଚିବା ପରେ ମିଟସ୍ ଗ୍ରୁପ ଅଧ୍ୟକ୍ଷ ବାଳକୃଷ୍ଣ ପଣ୍ଡା, ସିଇଓ ଶ୍ରୀରାମ ପଣ୍ଡା ଓ ଉପସଭାପତି ବିଶ୍ୱଜିତ ପଣ୍ଡାଙ୍କ ସହିତ ଆଲୋଚନା କରିଥିଲେ। ତେବେ ପରେ ମନ୍ତ୍ରୀ ପାତ୍ର ଫୁଡ୍ ପାର୍କର ପ୍ରତ୍ୟେକ ୟୁନିଟ୍ ନିଜେ ବୁଲି ଦେଖିଥିଲେ। ସଫ୍ଟ ଡ୍ରିଙ୍କ ପ୍ରସ୍ତୁତି ୟୁନିଟ ଠାରୁ ମେଗା ଫୁଡ୍ ପାର୍କରେ ଥିବା ଶୀତଳ ଭଣ୍ଡାର, ରାଇସ ପ୍ରୋସେସିଂ ୟୁନିଟ ଏବଂ ଅନ୍ୟାନ୍ୟ ସମସ୍ତ ୟୁନିଟ ବୁଲି ଦେଖିବା ସହିତ ସେଠାରେ



କାର୍ଯ୍ୟରତ କର୍ମଚାରୀଙ୍କ ସହିତ ଆଲୋଚନା କରିଥିଲେ। ସେମାନେ କିଭଳି ସ୍ୱାବଲମ୍ବୀ ହୋଇପାରିଛନ୍ତି ତାହା ପଚାରି ବୁଝିଥିଲେ। ଏହାପରେ ସେଠାରେ ମେଗା ଫୁଡ୍ ପାର୍କ କର୍ମଚାରୀ ଏବଂ ମିଟସ ଗ୍ରୁପର ଛାତ୍ରୀଛାତ୍ର, ଅଧ୍ୟାପକ ଅଧ୍ୟାପିକାଙ୍କୁ ନେଇ ଆୟୋଜିତ ଏକ ସମ୍ମିଳନୀରେ ଯୋଗଦେଇ ମେଗା ଫୁଡ୍ ପାର୍କ ବିଷୟରେ ପ୍ରଶଂସା କରିଥିଲେ। ଏହି ଅବସରରେ ମିଟସ ଗ୍ରୁପ ଅଧ୍ୟକ୍ଷ ବାଳକୃଷ୍ଣ ପଣ୍ଡା ମନ୍ତ୍ରୀ ପାତ୍ରଙ୍କୁ ସମ୍ମାନିତ କରିଥିଲେ। ତେବେ ଫୁଡ୍ ପାର୍କରେ ନିଜସ୍ୱ ଜଳଯୋଗାଣ ବ୍ୟବସ୍ଥା ରହିଥିଲେ ମଧ୍ୟ ସେଠାରେ ଅଧିକା ଜଳ ଆବଶ୍ୟକ ରହିଛି। ଯାହାଫଳରେ ଫୁଡ୍ ପାର୍କର ବିଭିନ୍ନ କାର୍ଯ୍ୟରେ ବାଧା ସୃଷ୍ଟି ହେଉଛି। ଏନେଇ ମନ୍ତ୍ରୀ ପାତ୍ରଙ୍କୁ ଗଣମାଧ୍ୟମ ପ୍ରତିନିଧିମାନେ ପଚାରିବାରୁ ମେଗା ଫୁଡ୍ ପାର୍କ ଏକ ଭଲ ପ୍ରକଳ୍ପ ଏବଂ ଏହାପାଇଁ ରାଜ୍ୟ ସରକାର ସମସ୍ତ ପ୍ରକାର ସହଯୋଗ କରିବେ ବୋଲି କହିଥିଲେ। ମେଗା ଫୁଡ୍ ପାର୍କ କରିବା ସହିତ ଏଠାକାର ୧୦୦ଜଣ ଯୁବକଯୁବତୀଙ୍କୁ କାର୍ଯ୍ୟରେ ନିୟୋଜିତ କରିଥିବା ଏବଂ ସମସ୍ତେ ଓଡ଼ିଶାର ବୋଲି ଜାଣିବା ପରେ ମନ୍ତ୍ରୀ ପାତ୍ର ମିଟସ୍ ଗ୍ରୁପ ସିଇଓ ଶ୍ରୀରାମ ପଣ୍ଡାଙ୍କୁ ପ୍ରଶଂସା କରିଥିଲେ। ଏହି ଗସ୍ତ ବେଳେ ଅନ୍ୟମାନଙ୍କ ମଧ୍ୟରେ ଭାଜପା ଜିଲା ସଭାପତି ଗୋପୀ ଆନନ୍ଦ, ବରିଷ୍ଠ ନେତା କାଳିରାମ ମାଝି, ନେତା ଶିବଶଙ୍କର ଉଲାକା, ରଜତ ମାଦଳା, ଦେବାଶିଷ ପଣ୍ଡା, ତରୁଣ ଗରଡ଼ିଆ, ଶାନ୍ତନୁ ଶୁବୁଦ୍ଧି, ଅନିଲ ଜାଡ଼ିଙ୍କ ସମେତ ବହୁ କର୍ମୀ ଓ ନେତା ଉପସ୍ଥିତ ଥିଲେ। ଏହି ଗସ୍ତରେ ସମସ୍ତ କାର୍ଯ୍ୟକ୍ରମକୁ ମିଟସ ଗ୍ରୁପ୍ ନିର୍ଦ୍ଦେଶକ ସି.ଭି.ଗୋପୀନାଥ, କଲେଜ ଅଧ୍ୟକ୍ଷ ରାମାନୁଜ ନାୟକଙ୍କ ସମେତ ସମସ୍ତ ଅଧ୍ୟାପିକା ଓ ଅଧ୍ୟାପକ, ଛାତ୍ରୀଛାତ୍ର ଉପସ୍ଥିତ ରହି ପରିଚାଳନାରେ ସହଯୋଗ କରିଥିଲେ।

## ● ମୃତ୍ୟୁ ପୂର୍ବରୁ ମାଓ ନେତାଙ୍କ ଶେଷ ଚିଠି !

# 'ଲୁଚିଯାଅ, ନଚେତ୍ ଯବାନ ମାରିବେ'

ମାଲକାନଗିରି, ୨୫।୫(ସମିସ) : କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ମାଓଦାମନ ନୀତି ଯୋଗୁଁ ଓଡ଼ିଶା, ଆନ୍ଧ୍ର ଓ ଛତିଶଗଡ଼ ରାଜ୍ୟର ମାଓପ୍ରବଣ ଅଞ୍ଚଳରେ ମାଓ ଦୁର୍ଗ ଭୁଶୁଡ଼ିବାରେ ଲାଗିଛି। ଓଡ଼ିଶାର ମାଲକାନଗିରି ଜିଲ୍ଲାରେ ମାଓବାଦୀଙ୍କ ଦବଦବା କମିବା ସହିତ ହିଂସାକାଣ୍ଡ ଥମିବା ସହ ମାଓ ହିଂସା ହ୍ରାସ ପାଇଥିବା ଜଣାପଡିଛି। ସୀମାନ୍ତ ଛତିଶଗଡ଼ ରାଜ୍ୟ ସୁକୁମା, ବିଜାପୁର, ଦନ୍ତେୱାଡା ନାରାୟଣପୁର ଜିଲ୍ଲା ଗୁଡିକର ଦୁର୍ଗମ ପାହାଡ଼ିଆ ଅଞ୍ଚଳରେ ମାଓବାଦୀ ମାନେ ଆଶ୍ରୟ ସ୍ଥଳ କରି ବାରମ୍ବାର ହିଂସା କାଣ୍ଡ ଘଟାଇ ଆସୁଥିଲେ। କେନ୍ଦ୍ର ସରକାରଙ୍କ ଅପରେସନ ମାଓବାଦୀରେ ଗତ କିଛ ମାସ ହେଲା ଅନେକ ମାଓବାଦୀଙ୍କ ଜୀବନ ଗଲାଣି। ପ୍ରତିଦିନ ମାଓବାଦୀ ଆତ୍ମ ସମର୍ପଣ କରି ଚାଲିଛନ୍ତି। ଗତ କିଛି ଦିନ ତଳେ ଛତିଶଗଡ଼ ରାଜ୍ୟ ନାରାୟଣପୁର ଜିଲ୍ଲାରେ ଗୁଳି ବିନିମୟରେ ଅଗଧାଡିର ମୋଷ୍ଟ ୱାଣ୍ଟେଡ ମାଓବାଦୀ କେଶବ ରାଓ ଙ୍କର ମୃତ୍ୟ ଘଟିବା ସହିତ୨୭ ଜଣ ମାଓବାଦୀ ନିହତ ହୋଇଥିଲେ। ପ୍ରତିଦିନ ଗୁଳି ବିନିମୟରେ ଅନେକ ମାଓବାଦୀଙ୍କର ମୃତ୍ୟୁ ଘଟିଚାଲିଛି। ଦିନେ ନା ଦୁନେ ପୁଲିସ ଗୁଳିରେ ଜୀବନ ଯିବ ବୋଲି ମାଓ ନେତା କେଶବ ରାଓ ଜାଣି ପାରି ଏନ୍‌କାଉଣ୍ଟର ପୂର୍ବରୁ ମାଓନେତା କେଶବ ରାଓ ଅନ୍ୟ କମ୍ରେଡଙ୍କୁ ଶେଷ ଚିଠି ଲେଖି ଯାଇଥିଲେ। ତାଙ୍କ ମୃତ୍ୟୁ ପରେ ପୁଲିସର ଯାଞ୍ଚ ସମୟରେ ଜବତ ହୋଇଥିବା ଖାତା ବହିରୁ ତେଲୁଗୁ ଭାଷାରେ ଲିଖିତ ଏକ ଚିଠି ପୁଲିସର ହସ୍ତଗତ ହୋଇଥିବା ଜଣାପଡିଛି। ସେଥିରେ ମାଓ କମ୍ରେଡଙ୍କ ଉଦେଶ୍ୟରେ ଲେଖାଯାଇଛି, ଲୁଚିଯାଅ ନଚେତ ଯବାନ ମାନେ ଗୋଡ଼ାଇ ଗୋଡ଼ାଇ ମାରିବେ। ଏହାଦ୍ୱାରା ଜଣା ପଡୁଛି ଛତିଶଗଡ଼ ରାଜ୍ୟରେ ମଧ ମାଓ ଦୁର୍ଗ ଭୁଶୁଡିବାରେ ଲାଗିଛି।

## ରାୟଗଡ଼ା ବିଜେପିର ସମାବେଶ

ରାୟଗଡ଼ା,୨୫।୫ (ସମିସ): ରାୟଗଡ଼ା ସହରର ସିରିଗୁଡା ସ୍ଥିତ ବିଜେପି କାର୍ଯ୍ୟାଳୟରେ ଦଳର ଏକ ସମାବେଶ ଅନୁଷ୍ଠିତ ହୋଇଯାଇଛି। ରାୟଗଡ ସଦର ବ୍ଲକ ଗୁମା ପଞ୍ଚାୟତର ସରପଞ୍ଚ ସବିତା କଣ୍ଡାଗରୀ, ପୂର୍ବତନ ସରପଞ୍ଚ କ୍ରିଷ୍ଣମା ସାରକା, କିରାମଣି ବାତ୍ରାଙ୍କ ସମେତ ଗୁମାପଞ୍ଚାୟତର ୬ ଜଣ ୱାର୍ଡ ମେମ୍ବର ଆଜି ବିଧିବଦ୍ଧ ଭାବେ ବିଜେପିରେ ସାମିଲ ହୋଇଛନ୍ତି। ଏଥିସହ ୫୦ରୁ ଅଧିକ ଅନ୍ୟ ରାଜନୈତିକ ଦଳର କର୍ମୀ ମଧ୍ୟ ବିଜେପିରେ ସାମିଲ ହୋଇଛନ୍ତି।ରାୟଗଡା ଜିଲ୍ଲା ବିଜେପି ସଭାପତି ଗୋପି ଆନନ୍ଦ, ସମସ୍ତ ନୂତନ ସଭ୍ୟଙ୍କୁ ଦଳୀୟ ଟୋପି ଓ ଉପଢୌକନ ପିନ୍ଧାଇ ସ୍ୱାଗତ କରିଥିଲେ। ମିଶ୍ରଣ ପର୍ବରେ ବିଜେପିର ବରିଷ୍ଠ ନେତା ରଜତ ମାଦଳା, ରାୟଗଡା ନିର୍ବାଚନ ମଣ୍ଡଳୀର ବିଧାୟକ ପ୍ରାର୍ଥି ବସନ୍ତ ଉଲ୍ଲାକା, ଯୁବମୋର୍ଚ୍ଚା ସଭାପତି ଉମେଶ ଖୋସଲା, ଉପ ସଭାପତି ପ୍ରିତମ ନାୟକ, ନାରୀନେତ୍ରୀ ଅଶ୍ୱିନୀ କଞ୍ଚଡା ପ୍ରମୁଖ ଉପସ୍ଥିତ ଥିଲେ।

## ■ ରାୟଗଡ଼ା ସହରରେ ଚୋରି ବଢୁଛି

# କାଉନ୍‌ସିଲରଙ୍କ ଘରେ କଳାକନା ବୁଲାଇଲେ ଦୁର୍ବୃତ୍ତ

ରାୟଗଡ଼ା,୨୫।୫(ସମିସ): ରାୟଗଡ଼ା ଜିଲ୍ଲା ସଦର ମହକୁମାରେ ରହୁଥିବା ଜିଲ୍ଲାପାଳ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକଙ୍କ ବାସଭବନ ଅଞ୍ଚଳରେ ନିୟମିତ ଭାବେ ପୁଲିସ ପାଟ୍ରୋଲିଙ୍ଗ ହେଉଥିବାରୁ ଏହି ଅଞ୍ଚଳରେ ଚୋରି ମାମଲା କମ୍ ପରିମାଣରେ ଦେଖିବାକୁ ମିଳୁଛି। ସହରର ଅନ୍ୟ ଅଞ୍ଚଳରେ ସିସିଟିଭି କ୍ୟାମେରା ଓ ପୁଲିସ



ହେଉଥିଲେ ମଧ୍ୟ ଏହାକୁ ଖାତିର ନ କରି ତାଲା ବନ୍ଦ ଘରେ କଳାକନା ବୁଲାଉଛନ୍ତି ଦୁର୍ବୃତ୍ତ। ସହରରେ ଲୁଟେରାଙ୍କ ଉପଦ୍ରବ ଏକ ପ୍ରକାର ଦିନକୁ ଦିନ ବଢ଼ିବାରେ ଲାଗିଛି। ନିୟୁ କଲୋନୀ ଦ୍ୱିତୀୟ ଲାଇନରେ ରହୁଥିବା ୧୨ ନମ୍ବର ୱାର୍ଡ କାଉନ୍‌ସିଲର ଏ ୱାଣୀଶ୍ରୀଙ୍କ ଘରୁ ଲୁଟ ହୋଇଛି। ନଗଦ ୮୦ ହଜାର ଟଙ୍କା ଲୁଟିନେଇଛନ୍ତି ଦୁର୍ବୃତ୍ତ । ସୂଚନା ମୁତାବକ ଗତ ୨୧ ତାରିଖରୁ ଘରେ ତାଲାମାରି କାଉନ୍‌ସିଲର ଓ ତାଙ୍କ ପରିବାର ବଦ୍ରିନାଥ ଦର୍ଶନରେ ଯାଇଛନ୍ତି। ଘରେ କେହି ନ ଥିବାର ସୁଯୋଗ ନେଇ ଗତକାଲି ବିଳମ୍ବିତ ରାତିରେ ତାଲା ଭାଙ୍ଗି ଘରେ କଳାକନା ବୁଲାଇଛନ୍ତି ଦୁର୍ବୃତ୍ତ। ଘରେ ଚୋରି ହୋଇଥିବା ଖବର ତାଙ୍କ ସମ୍ପର୍କୀୟମାନେ ପୁଲିସକୁ ଜଣାଇବା ପରେ ଖବର ପାଇ ରାୟଗଡ଼ା ଥାନା ପୁଲିସ, ସାଇଣ୍ଟିଫିକ ଟିମ୍ ଏବଂ ସନ୍ଧାନୀ କୁକୁର ଘଟଣା ସ୍ଥଳରେ ପହଞ୍ଚି ଛାନ୍‌ଭିନ୍ ଆରମ୍ଭ କରିଛନ୍ତି। ପ୍ରକାଶ ଥାଉ କି, ଗତ ୧୭ ତାରିଖରେ ମଧ ରାୟଗଡା ସହରର ରାଣୀଗୁଡା ଫାର୍ମ ଡିଏଫଓ ଅଫିସ ଦ୍ୱିତୀୟ ଲାଇନେ ସମାନ ଢଙ୍ଗରେ ତାଲା ବନ୍ଦ ଥିବା ଘର କବାଟ ଭାଙ୍ଗି ଲକ୍ଷାଧିକ ଟଙ୍କା ଲୁଟି ନେଇଥିଲେ ଦୁର୍ବୃତ୍ତ। ଏହାର ତଦନ୍ତ ଜାରି ରହିଥିବା ବେଳେ ପୁଲିସ ହାତରେ ଚୋର ଏଯାଏଁ ଧରାପଡ଼ି ନ ଥିବା ଜଣାପଡିଛି।

## ଆଳତୀ ନିଆଁରେ ଦେଖାଦେଲେ ମାଁ !

ଟିକିରି,୨୫।୫(ସମିସ): ଆଳତୀ ଅଗ୍ନି ରୂପରେ ଦର୍ଶନ ଦେଲେ ମାଁ ଗଙ୍ଗା ଦେବୀ ଠାକୁରାଣୀ। ଏହିପରି ଦୃଶ୍ୟ ଦେଖିବାକୁ ମିଳିଛି ରାୟଗଡ଼ା ଜିଲ୍ଲା କାଶିପୁର ବ୍ଲକ ଟିକିରି ମାଁ ଗଙ୍ଗା ଦେବୀ ଠାକୁରାଣୀ ମନ୍ଦିରରେ ଶନିବାର ସନ୍ଧ୍ୟା ଆଳତି ସମୟରେ। ଗତକାଲି ଏହି ଆଳତୀ ଚାଲିଥିବା ସମୟରେ ଜଣେ ଭକ୍ତ ନିଜ ମୋବାଇଲ୍‌ରେ ଭିଡିଓ କରୁଥିଲେ। ଏହି ଭିଡିଓ ଏବେ ମୋବାଇଲ୍‌ରୁ ମୋବାଇଲ ଘୁରି ବୁଲୁଛି। ଏହି ଦୃଶ୍ୟ ପ୍ରଥମ ଥର ପାଇଁ କାଶିପୁର ବ୍ଲକ ଟିକିରିରେ ଦେଖିବାକୁ କୁ ମିଳିଛି। ମାଁଙ୍କ ମୁଖ୍ୟ ପୂଜକ ଉମାଶଙ୍କର ଦଣ୍ଡସେନା କହିଛନ୍ତି, ପ୍ରତ୍ୟେକ ଦିନ ମାଁ ଙ୍କ ଆଳତୀ ହୁଏ, ହେଲେ ଏପରି କେବେ ହେଇନି। ମାଁ କେତେ ବେଳେ କେଉଁ ରୂପରେ ଆସନ୍ତି ତାହା କହି ହେବନି। ଏହି ଦୃଶ୍ୟକୁ ମାଁ ଗଙ୍ଗା ଦେବୀ ଠାକୁରାଣୀଙ୍କ ଅଲୌକିକତା ବୋଲି କୁହାଯାଉଛି।

# ଅମ୍ବାଦଳାରେ ବିଶାଳ ପରାକ୍ରମ ତ୍ରିରଙ୍ଗା ଯାତ୍ରା

ମୁନିଗୁଡ଼ା,୨୫।୫(ସମିସ):

ଅମ୍ବାଦଳାଠାରେ ମଣ୍ଡଳ ସଭାପତି ଅନନ୍ତ ମାଲଦୋରାଙ୍କ ନେତୃତ୍ୱରେ ବିଶାଳ ପରାକ୍ରମ ତ୍ରିରଙ୍ଗା ବାଇକ୍ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଅମ୍ବାଦଳା ମଣ୍ଡଳ ଭାଜପା ପକ୍ଷରୁ ଆୟୋଜିତ ଏହି ବାଇକ୍ ଶୋଭାଯାତ୍ରା ଅମ୍ବାଦଳା ଶାନ୍ତି ଛକଠାରୁ ମେଡ଼ିକାଲ ଛକ ଦେଇ ବଡପଡ଼ା, ପାଇକପଡ଼ା ହୋଇ ଅମ୍ବାଦଳା ସହର ପରିକ୍ରମା କରିଥିଲା। ଏହି ତ୍ରିରଙ୍ଗା ଯାତ୍ରାରେ ସ୍ଥାନୀୟ ଯୁବ ବିଜେପି ନେତା ଭିକାରୀ ନାହାକଙ୍କ ସହ ପୂର୍ବତନ ସାଧାରଣ ସଂପାଦକ ରମେଶ ସାମନ୍ତ,



ପରମେଶ୍ୱର ରାଓ, ବାୟା ମହାନ୍ତି, ଦେବି ପ୍ରାସାଦ, ମଣ୍ଡଳ ସମ୍ପାଦକ ହରେ କ୍ରୃଷ୍ଣ ବେହେରା, ସିମାଞ୍ଚଳ ପାତ୍ର, ମଣ୍ଡଳ ଜିଲ୍ଲା ପ୍ରତିନିଧି ରବିନ୍ଦ୍ର ବିଶ୍ୱାଳ, ଡମ୍ବୁର ହଂସ, ପିଣ୍ଟୁ ମହାନ୍ତି, ସୁରଜ ସୁନା, ଅନଙ୍ଗ କରକରିଆ, ତପନ ବିଶ୍ୱାଳ, ହରେନ୍ଦ୍ର ଗୌଡ, ଗୋବିନ୍ଦ ବାଗ, ମଣ୍ଡଳ କୃଷକ ମୋର୍ଚ୍ଚା ସଭାପତି ପଦ୍ମନାଭ ଗୌଡ, ମଣ୍ଡଳ ଯୁବ ମୋର୍ଚ୍ଚା ସଭାପତି ନରତମ ସୁନା , ଐରସେନ୍ ପାତ୍ର, ପଞ୍ଚାୟତ ପ୍ରମୁଖ କେଶବ ପାତ୍ର, ସଞ୍ଜୟ ମାଝୀ , ରାଜେନ୍ଦ୍ର ନାୟକ,ସୁଗ୍ରୀବ ସୁନା ପ୍ରମୁଖଙ୍କ ସହ ଶତାଧିକ ବରିଷ୍ଠ ବିଜେପି ନେତା କର୍ମୀ ମାନେ ଯୋଗ ଦେଇଥିଲେ।

## ବେସରକାରୀ ଜମିରେ କାଲିମେଳା ମିନି ଷ୍ଟାଡ଼ିୟମ

# ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରାଗଲା କାହା ସ୍ୱାର୍ଥରେ ?

କାଲିମେଲା,୨୫।୫(ସମିସ): ମାଲକାନଗିରି ଜିଲ୍ଲା କାଲିମେଳା ବ୍ଲକ ସଦର ମହକୁମାରେ ନାହିଁ ଖେଳ ପଡ଼ିଆ। ଏମିତି ଚାଲିଛି ରାଜ୍ୟ ସରକାରଙ୍କ କ୍ରୀଡ଼ା ଭିତ୍ତିଭୂମିର ବିକାଶ। ବ୍ଲକସ୍ତରୀୟ କ୍ରୀଡ଼ାଠାରୁ ଆରମ୍ଭ କରି ମାଲ୍ୟବନ୍ତ ମହୋତ୍ସବ ଓ ବିଭିନ୍ନ କାର୍ଯ୍ୟକ୍ରମ ଲାଗି ଯିବାକୁ ପଡୁଛି କିଲୋମିଟର କିଲୋମିଟର ଦୂର। ବ୍ଲକ ସଦର ମହକୁମାରେ ଖେଳପଡିଆଟିଏ ନଥିବାରୁ ଏଭଳି ଦୁର୍ଦ୍ଦଶା ସହ ଅଭ୍ୟାସରୁ ବିରତ ହୋଇ ବାଜିରେ ଲାଗିଛି ଶହ ଶହ ଖେଳାଳିଙ୍କ ଭାଗ୍ୟ। ବ୍ଲକ ସଦର ମହକୁମାରେ ଖେଳ ପଡିଆଟିଏ ନଥିବାରୁ ଅଞ୍ଚଳବାସୀ ନାନା ପ୍ରକାରର ସମସ୍ୟା ଭୋଗୁଥିବା ଦେଖିବାକୁ ମିଳିଛି।

ସୂଚନାଯୋଗ୍ୟ, କାଲିମେଳା ତହସିଲ କାର୍ଯ୍ୟାଳୟ ପାଚେରିକୁ ଲାଗି ରହିଥିବା କାଲିମେଳା ମୌଜାର ଜମି ଗୁଗଲ ମ୍ୟାପରେ ଷ୍ଟାଡିୟମ ବୋଲି ସ୍ପଷ୍ଟ ଚିହ୍ନିତ ହେଉଥିବା ବେଳେ ଏଠାରେ ସରକାରୀ କିମ୍ବା ବେସରକାରୀ କୌଣସି କାର୍ଯ୍ୟକ୍ରମ, ବିଭିନ୍ନ ରାଜନୈତିକ ଦଳର କାର୍ଯ୍ୟକ୍ରମ, ସ୍ଥାନୀୟ କିମ୍ବା ଅନ୍ତଃରାଜ୍ୟ କ୍ରୀଡା ଉତ୍ସବ, ରାଜନେତା



କିମ୍ବା ପ୍ରଶାସନିକ ଅଧିକାରୀଙ୍କ ହେଲିକପ୍ଟର ଅବତରଣ ଭୋଳି ଅନେକ କାର୍ଯ୍ୟକ୍ରମ ପାଇଁ ୩୦ ବର୍ଷ ହେଲା ବ୍ୟବହାର ହୋଇଆସୁଥିଲା। ଏହାର ଉନ୍ନତିକରଣ ପାଇଁ ପ୍ରଶାସନ ପକ୍ଷରୁ ଲକ୍ଷାଧିକ ବ୍ୟୟରେ ଏଠାରେ ଦର୍ଶକ ଗ୍ୟାଲେରୀ, ଖେଳାଳି ଆଶ୍ରୟ ଘର, ଗେଟ୍, ସଭାମଞ୍ଚ, ଫ୍ଲାଗ ପୋଷ୍ଟ ଇତ୍ୟାଦି ନିର୍ମାଣ କରାଯାଇଥିଲା। ଏସବୁ ନିର୍ମାଣ ପରେ ଉକ୍ତ ଜମି ଏମପିଭି-୭୫ ଗ୍ରାମର ଦୁଇ ବ୍ୟକ୍ତିଙ୍କ ନାମରେ ରହିଥିବା ଜଣାପଡିଥିଲା। ସେମାନେ ଏହି ଜମିକୁ ଅନ୍ୟ କିଛି ବ୍ୟକ୍ତିଙ୍କୁ ବିକ୍ରି କରିଦେଇଥିବା ଜଣାପଡିଥିଲା। ପରବର୍ତୀ ସମୟରେ ତହସିଲ କର୍ମଚାରୀ ଉକ୍ତ ଜମିକୁ ଡିମାର୍କେସନ କରି ଦୁଇ କ୍ରେତାଙ୍କୁ ଜମିର ଏରିଆ ଚିହ୍ନଟ କରିଥିଲେ। ସେହିଦିନ ହିଁ ଉଭୟ କ୍ରେତା ନିଜ ନିଜ ଜମିରେ ଚାଷ କରିବା ଆରମ୍ଭ କରିଥିଲେ। ଫଳରେ ମିନି ଷ୍ଟାଡିୟମର ଚଟାଣ ସମ୍ପୂର୍ଣ୍ଣ ଭାବେ ନଷ୍ଟ ହୋଇଥିଲା। ଖବର ପାଇ କାଲିମେଳାର ଭୈରବୀ ଯୁବକ ସଂଘର କାର୍ଯ୍ୟକର୍ତ୍ତା ଏବଂ ସର୍ବସାଧାରଣ ବହୁସଂଖ୍ୟାରେ ଘଟଣାସ୍ଥଳରେ ପହଞ୍ଚି ମିନି ଷ୍ଟାଡିୟମ ଦଖଲକୁ ବିରୋଧ କରିଥିଲେ। କିନ୍ତୁ ଏହା ପଟ୍ଟା ଜମି ହୋଇଥିବାରୁ ଜମି ମାଲିକ ଏହି ଷ୍ଟାଡିୟମରେ ଟ୍ରାକ୍ଟର ଲଗାଇ ଚାଷ କରିବା ସହ ହଳ ଲଗାଇ ଖୋଳିଦେଇଛନ୍ତି। ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଏହା ପଟ୍ଟା ଜମି ହୋଇଥିବା ବେଳେ ଏଠାରେ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରାଗଲା କିପରି ଏବଂ ଏଥିପାଇଁ ଦାୟୀ କିଏ ବୋଲି ଅଞ୍ଚଳବାସୀ ପ୍ରଶ୍ନ କରିଛନ୍ତି। ବର୍ତ୍ତମାନ କାଲିମେଳାରେ ଖେଳପଡିଆ ନ ଥିବାରୁ ଶହ ଶହ ଖେଳାଳିଙ୍କ ଭାଗ୍ୟ ବାଜିରେ ଲାଗିଛି। ଏନେଇ ଜିଲ୍ଲା ପ୍ରଶାସନ ତଦନ୍ତ କରି କାଲିମେଳାରେ ଖେଳ ପଡିଆ ନିମନ୍ତେ ଜାଗା ଚିହ୍ନଟ କରିଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ସେଠାରେ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇପାରିନଥିବାରୁ

### ଜମି ବିକ୍ରିରେ ବଳିପଡିଛି ଖେଳାଳିଙ୍କ ଭାଗ୍ୟ


କ୍ରୀଡ଼ା କ୍ଷେତ୍ରରେ ପିଲାଙ୍କ ଜୀବନ ଅନ୍ଧାର ଦେଇ ଗତିକରୁଛି। ଯୁବକ ଯୁବତୀ ମାନଙ୍କୁ କ୍ରୀଡା କ୍ଷେତ୍ରରେ ଆଗକୁ ଆଣିବା ଏବଂ କ୍ରୀଡା ପ୍ରତି ଆଗ୍ରହ ସୃଷ୍ଟି ଲକ୍ଷ୍ୟରେ ସରକାର ବିଭିନ୍ନ ଯୋଜନାମାନ କାର୍ଯ୍ୟକାରୀ କରୁଥିବା ବେଳେ ପିଲାଙ୍କ କ୍ରୀଡ଼ା କ୍ଷେତ୍ରରେ ଉନ୍ନତି ପାଇଁ ଖେଳ ପଡିଆ ନ ଥିବା ଦୁର୍ଭାଗ୍ୟ ଜନକ ବୋଲି ଅଞ୍ଚଳବାସୀ କହିଛନ୍ତି। ଏପରି ସ୍ଥିତିରେ କାଲିମେଳା ବ୍ଲକ ସଦର ମହକୁମାରେ ତୁରନ୍ତ ଏକ ସ୍ଥାୟୀ ଖେଳ ପଡିଆ ନିମନ୍ତେ ସରକାରଙ୍କ ପକ୍ଷରୁ ଆବର୍ଶକ ପଦକ୍ଷେପ ଗ୍ରହଣ କରିବାକୁ ବୁଦ୍ଧିଜିବୀ ଓ ଜନସାଧାରଣ ଦାବି କରିଛନ୍ତି।

## ଜିଲ୍ଲାସ୍ତରୀୟ ମତ୍ସ୍ୟଚାଷୀ ତାଲିମ ଶିବିର

ମାଲକାନଗିରି,୨୫।୫(ସମିସ):

ମାଲକାନଗିରି ଜିଲ୍ଲାର ମତ୍ସ୍ୟ ଚାଷୀମାନଙ୍କୁ ନେଇ ଏକ ତାଲିମ ଶିବିର ସିନ୍ଧିମାଳ ପଞ୍ଚାୟତରେ ଅନୁଷ୍ଠିତ ହୋଇଛି। ଏହି ଶିବିରରେ ଜିଲ୍ଲା ମତ୍ସ୍ୟ ଅଧିକାରୀ ସୁଶାନ୍ତ କୁମାର ଗୌଡ, ସହକାରୀ ମତ୍ସ୍ୟ ଅଧିକାରୀ ମୁକେଶ ମାଝୀ, ଇତିଶ୍ରୀ ଦାସ, ସମବାୟ ସମିତି ପିରିଚାଳକ ସଂଗ୍ରାମ ବିଶ୍ୱାସ, କନିଷ୍ଠ ମତ୍ସ୍ୟ ସହଯୋଗୀ ମିହିରକାନ୍ତ ସିଙ୍ଗ, ଡାକ୍ତାର ଟୁଡୁ, କଳିତା ତ୍ରିପାଠୀ, ସାଂସଦ ପ୍ରତିନିଧି ଭଙ୍ଗା ପଡ଼ିଆମି ପ୍ରମୁଖ ଉପସ୍ଥିତ ସ୍ଥିତ ରହି ଉନ୍ନତ ମାନର ଅତ୍ୟାଧୁନିକ ପଦ୍ଧତିରେ ମତ୍ସ୍ୟଚାଷ କିପରି ହେବ ସେ ନେଇ ତାଲିମ ଦେଇଥିଲେ। ମତ୍ସ୍ୟ ଚାଷର ଉନ୍ନତି ପାଇଁ ସରକାର ବିଭିନ୍ନ ଯୋଜନା ପ୍ରଣୟନ କରିଛନ୍ତି । ଅନୁସୂଚିତ ଜାତି ଜନଜାତିର ଲୋକଙ୍କୁ ମତ୍ସ୍ୟ ଚାଷୀ ପାଇଁ ୫୦ ପ୍ରତିଶତ ରିହାତି ପ୍ରଦାନ କରା ଯାଉଥିବା ବେଳେ ସାଧାରଣବର୍ଗ ମତ୍ସଚାଷୀଙ୍କ ପାଇଁ ୪୦ ପ୍ରତିଶତ ଅର୍ଥ ରିହାତି ପ୍ରଦାନ କରାଯିବ ବୋଲି ସୂଚନା ଦିଆଯାଇଛି। ଏହି ଅର୍ଥରେ ଚାଷୀମାନେ ନୂତନ ପୋଖରୀ ଖୋଳା, ପୁରୁଣା ପୋଖରୀର ପୁନରୁଦ୍ଧାର, ଉନ୍ନତ କିସମର ମାଛ ଜାଆଁଳ, ପୃଷ୍ଟିକର ଖାଦ୍ୟ ରୋଗରୁ ମୁକ୍ତି ପାଇଁ ଜଳ ବିଶୋଧନ, ଔଷଧ ପ୍ରୟୋଗ, ମାଛ ଧରିବା ପାଇଁ ଜାଲ କିଣି ପାରିବେ। ମତ୍ସ୍ୟଜୀବୀଙ୍କୁ ଡଙ୍ଗା ଜାଲ , ଲାଇଫ୍ ଜାକେଟ୍ ଯୋଗାଣ ମଧ୍ୟ କରାଯାଉଛି। ମତ୍ସ୍ୟ ଚାଷୀମାନେ ସୋସାଇଟି ମାଧ୍ୟମରେ ମାଛ ବିକ୍ରି କରିବା ସମ୍ପର୍କରେ ତାଲିମ ଦିଆଯାଇଥିଲା। ଚାଷୀମାନେ ତାଲିମ ପରେ ନିଜ ନିଜ ପୁଷ୍କରଣୀରେ ମାଛ ଚାଷ କରି ହେକ୍ଟର ପିଛା ୬୦ ହଜାରରୁ ଅଧିକ ଟଙ୍କା ଆୟ କରି ପାରିବେ ବୋଲି ବିଭାଗୀୟ ଅଧିକାରୀ ମାନେ ବୁଝାଇ ଥିଲେ। ଏଥିରେ ଜିଲ୍ଲାର ବିଭିନ୍ନ ଅଞ୍ଚଳରୁ ଶତାଧିକ ପୁରୁଷ ଓ ମହିଳା ମତ୍ସ୍ୟଚାଷୀ ଅଂଶଗ୍ରହଣ କରି ମାଛ ଚାଷ ସମ୍ପର୍କରେ ତାଲିମ ଗ୍ରହଣ କରିଛନ୍ତି।

# ସମ୍ପାଦକୀୟ



'ଅ' ଠାରୁ 'କ୍ଷ' ଅକ୍ଷର ମାଆ ମୁହଁ ପରି ଦିଶେ,
ମାତୃଭାଷାର ପ୍ରତିଟି ଶବ୍ଦ ସ୍ୱର୍ଗରୁ ଭାସି ଆସେ।
-ରାମକୃଷ୍ଣ ନନ୍ଦ

ସକାଳ THE SAKALA

## କୃତଘ୍ନ ପଡ଼ୋଶୀ

ବାଂଲାଦେଶର କାମଚଳା ସରକାରର ମୁଖ୍ୟ ତଥା ନୋବେଲ୍ ପୁରସ୍କାରପ୍ରାପ୍ତ ଅର୍ଥନୀତିଜ୍ଞ ମହମ୍ମଦ ୟୁନୁସ୍‌ଙ୍କ ଇସ୍ତଫା ନେଇ ଦୁଇଦିନ ଧରି ଚର୍ଚ୍ଚା ହେବା ପରେ ସେଥିରେ ସାମୟିକ ପୂର୍ଣ୍ଣଚ୍ଛେଦ ପଡ଼ିଛି। 'ସାମୟିକ' ଉଲ୍ଲେଖ କରିବା ପଛର ଯୁକ୍ତି ହେଉଛି ଏବେ ବାଂଲାଦେଶ ଯେଉଁଭଳି ପରିବେଶ ଓ ଯେଉଁ ତତ୍ତ୍ୱମାନଙ୍କ ପ୍ରଚ୍ଛନ୍ନ ହସ୍ତକ୍ଷେପରେ ପରିଚାଳିତ ହେଉଛି ସେଥିରେ ଘଡ଼ିକେ ଘୋଡ଼ା ଛୁଟିବା ଅସ୍ୱାଭାବିକ ନୁହେଁ। ଇସ୍ତଫା ଦେବା ବିଷୟରେ ୟୁନୁସ୍ ସିଧାସଳଖ ଘୋଷଣା କରି ନଥିଲେ ହେଁ ସାମ୍ପ୍ରତିକ ପରିସ୍ଥିତି ଓ ଅସ୍ଥିର ପରିବେଶ ଭିତରେ କାମ କରିବା ସମ୍ଭବ ନୁହେଁ ବୋଲି ଛାତ୍ରସଂଗଠନ ନ୍ୟାଶନାଲ୍ ସିଟିଜେନ୍ ପାର୍ଟିକୁ ସମ୍ବୋଧିତ କରିବା ଅବସରରେ କହିଥିଲେ ଏବଂ ତତ୍‌ପରବର୍ତ୍ତୀ କ୍ୟାବିନେଟ୍ ବୈଠକକୁ ମଧ୍ୟ ବର୍ଜନ କରିଥିଲେ। ଏହାପରେ ସେ ଇସ୍ତଫା ଦେବାକୁ ଯାଉଥିବା ଚର୍ଚ୍ଚା ଜୋର ଧରିଥିଲା। ତେବେ ଶନିବାର ବସିଥିବା କ୍ୟାବିନେଟ୍ ବୈଠକ ପରେ ଏଭଳି ଚର୍ଚ୍ଚାକୁ କାମଚଳା ସରକାରର ଅନ୍ୟତମ ଉପଦେଷ୍ଟା ୱାହିଦୁଦ୍ଦିନ୍ ମହମ୍ମଦ୍ ଖଣ୍ଡନ କରିବା ସହିତ ୟୁନୁସ୍ କିମ୍ବା ଉପଦେଷ୍ଟାମାନେ ଇସ୍ତଫା ଦେବାର ପ୍ରଶ୍ନ ଉଠୁନାହିଁ ବୋଲି ସ୍ପଷ୍ଟୀକରଣ ଦେଇଛନ୍ତି। ଏହି ସୂଚନା ଭାରତ ପାଇଁ କିଛିଟା ଆଶ୍ୱସ୍ତି ସୃଷ୍ଟି କରିଛି। କାରଣ ଅସ୍ଥିର ପଡ଼ୋଶୀ ସବୁବେଳେ ଗୋଟିଏ ଦେଶର ସାର୍ବଭୌମତ୍ୱ ଓ ଅଖଣ୍ଡତା ପ୍ରତି ବିପଦ।

ତୀବ୍ର ଜନଆନ୍ଦୋଳନ ଓ ବିଦ୍ରୋହର ପୃଷ୍ଠଭୂମିରେ ତତ୍କାଳୀନ ପ୍ରଧାନମନ୍ତ୍ରୀ ଶେଖ୍ ହସିନାଙ୍କ ଦେଶାନ୍ତର ପରେ ବାଂଲାଦେଶରେ ସୃଷ୍ଟ ଅରାଜକତାକୁ ଦୂର କରିବାରେ ୟୁନୁସ୍‌ଙ୍କ ନେତୃତ୍ୱରେ ଗଠିତ କାମଚଳା ସରକାର ଏ ପର୍ଯ୍ୟନ୍ତ ଯେ ଆଶାନୁରୂପ ଅଗ୍ରଗତି ପରିପାରିନାହିଁ ତାହା ଜଣାପଡୁଛି। ବାଂଲାଦେଶରେ ଯାହା ଚାଲିଛି ତାହା ସେଠାକାର ଆଭ୍ୟନ୍ତରୀଣ ସମସ୍ୟା। କିନ୍ତୁ ଏହାର ଫାଇଦା ଆମେରିକା ଓ ଚୀନ୍ ନେବାକୁ ଯେ ଚାହିଁ ବସିଛନ୍ତି ଏହା ୟୁନୁସ୍ ବୋଧହୁଏ ବୁଝିପାରୁନାହାନ୍ତି କିମ୍ବା ତାଙ୍କ ଭଳି ବିଜ୍ଞ ବୁଦ୍ଧିଜୀବୀଙ୍କ ପକ୍ଷରେ ମୌଳବାଦୀ ରାଜନୀତିର ଜଟିଳ ଅଙ୍କ ବୁଝିବା ସହଜ ହେଉନାହିଁ। ଏକ ରାଜନୈତିକ ଅସ୍ଥିର ଦେଶର ଶାସନ ଭାର ହାତକୁ ନେଇଥିବା ଏକ ଅସ୍ଥାୟୀ ସରକାରର ଉଦ୍ୟମ ସେଠାକାର ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାର ପୁନଃପ୍ରତିଷ୍ଠା କରିବାର ପଥ ଉନ୍ମୋଚନ କରିବା ବଦଳରେ ବିଭିନ୍ନ ସମୟରେ ଭାରତ ବିରୋଧୀ ଆଭିମୁଖ୍ୟ ପୋଷଣ କରି ନିଜର କୃତଘ୍ନତାର ପରିଚୟ ଦେବାରେ ସୀମିତ ରହିଯାଇଛି।

ୟୁନୁସ୍ ଦାୟିତ୍ୱ ନେବା ପରଠାରୁ ତାଙ୍କ ନିୟନ୍ତ୍ରଣ ଓ ନେତୃତ୍ୱରେ ଶାସନକାର୍ଯ୍ୟ ପରି ଯେ ପରିଚାଳିତ ହେଉ ନାହିଁ ତାହା ବିଭିନ୍ନ ସମୟରେ ସେଠାକାର ନେତା ଓ ଅଧିକାରୀମାନେ ଦେଇଥିବା ମନ୍ତବ୍ୟରୁ ଆପାତତଃ ସ୍ପଷ୍ଟ ହେଉଛି। ଭାରତରେ ଅସ୍ଥିରତା ସୃଷ୍ଟି ପାଇଁ ପ୍ରଚ୍ଛନ୍ନ ଧମକ ହେଉ କିମ୍ବା ଚିକେନ୍ ନେକ୍ ଉପରେ ଆକ୍ରମଣ ଚେତାବନୀ ହେଉ କିମ୍ବା ଉତ୍ତର-ପୂର୍ବ ରାଜ୍ୟଗୁଡ଼ିକ ଭାରତର ମୂଳଭୂଖଣ୍ଡଠାରୁ ସ୍ୱାଧୀନ ଏବଂ ବଙ୍ଗୋପସାଗରରେ କେବଳ ଚୀନ୍‌ର ଅଧିକାର ରହିଛି ବୋଲି ୟୁନୁସ୍‌ଙ୍କ ବିବାଦୀୟ ମନ୍ତବ୍ୟ ହେଉ - ସେଥିରୁ ସେଠାକାର କାମଚଳା ସରକାରର ପିଲାଳିଆମୀ କେବଳ ଯାହା ପ୍ରମାଣିତ ହୋଇଛି। ଇସ୍‌ଲାମ୍ ମୌଳବାଦୀଙ୍କ ସଖିକଣ୍ଢେଇ ସାଜିଥିବା ବାଂଲାଦେଶର କାମଚଳା ସରକାରର ଏଭଳି ମନ୍ତବ୍ୟ ରାଜନୈତିକ ପ୍ରତିହିଂସାର ଏକ ନିରର୍ଥକ ପ୍ରତିଫଳନ କହିବା ଭୁଲ୍ ହେବ ନାହିଁ। ବାଂଲାଦେଶ ନିଜର ଅପକର୍ମ ଓ ଅଯୋଗ୍ୟତା ପାଇଁ ଭାରତକୁ ବିରୋଧ କରିବା ଔଷଧ ବିକଳରେ ତାଟିଆ କାମୁଡ଼ିବା ସଙ୍ଗେ ସମାନ। ସେଠାକାର କତିପୟ ନେତାଙ୍କ ଭାରତ ବିରୋଧୀ ମନୋଭାବ ପଛରେ ମୁଷ୍ଟିମେୟ ଗୋଷ୍ଠୀର ହାତ ରହିଛି, ଯାହାକୁ ଚୀନ୍ ଓ ଆମେରିକା ପରୋକ୍ଷରେ ସମର୍ଥନ ଦେଇଆସୁଛନ୍ତି। ବିଶେଷକରି 'ଅପରେସନ୍ ସିନ୍ଦୂର'ର ଅପାର ସଫଳତା ପରେ ବାଂଲାଦେଶ ମୌଳବାଦୀଙ୍କ ଭାରତ ବିରୋଧୀ ଅସୂୟା ଆହୁରି ଉତ୍କଟ ହୋଇଛି।

ଜନ୍ମଦାତା ଭାରତକୁ ଗୋଇଠା ମାରି ଚୀନ୍ କୋଳରେ ବସିବାକୁ ବାଂଲାଦେଶ ଯଦି ଲାଳାୟିତ ତେବେ ସେଥିରେ କାହାର କିଛି କହିବାର ନାହିଁ। କିନ୍ତୁ ତାହାର ପରିଣତି ଯେ ପାକିସ୍ତାନ, ନେପାଳ ଓ ମାଳଦ୍ୱୀପ, ଶ୍ରୀଲଙ୍କା ପରି ହେବା ନିଶ୍ଚିତ ତାହା ୟୁନୁସ୍‌ଙ୍କ ପରି ବିଜ୍ଞ ବ୍ୟକ୍ତିଙ୍କୁ ବୁଝାଇବା ଚେଇଁ ଶୋଇଥିବା ବ୍ୟକ୍ତିକୁ ଉଠାଇବା ପ୍ରୟାସ ସମାନ। ଭାରତ ସବୁବେଳେ ନିଜର ପଡ଼ୋଶୀଙ୍କ ଉନ୍ନତି, ସ୍ଥିରତା ଓ ଶାନ୍ତି ପାଇଁ ସ୍ୱତନ୍ତ୍ର 'ନେବର ଫାଷ୍ଟ ପଲିସି'(ପଡ଼ୋଶୀ ପ୍ରଥମ) ନୀତି ଆପଣେଇ ଆସିଛି। ଏଥିରେ ବାଂଲାଦେଶ, ଭୁଟାନ୍, ନେପାଳ, ଶ୍ରୀଲଙ୍କା, ମାଳଦ୍ୱୀପ, ଆଫଗାନିସ୍ତାନ ଆଦି ଦେଶକୁ ଆର୍ଥିକ ସହାୟତା ସହିତ ବାଣିଜ୍ୟ କାରବାରରେ ଭାରତ ଅଗ୍ରାଧିକାର ଦେଉଛି। କୋହଳ ବାଣିଜ୍ୟ ନୀତି ଜରିଆରେ ସେସବୁ ଦେଶରୁ ବିଭିନ୍ନ ସାମଗ୍ରୀ ଆମଦାନୀ କରୁଛି। ସ୍ୱାଧୀନ ଓ ସାର୍ବଭୌମ ରାଷ୍ଟ୍ରଙ୍କ ସହିତ ସମ୍ପର୍କ ସ୍ଥାପନରେ ଯେଉଁ ମର୍ଯ୍ୟାଦା ଏବଂ ଶିଷ୍ଟାଚାର ରଖାଯିବା କଥା ଭାରତ ତାହାକୁ ଭୁଲିନାହିଁ। ଏହାସତ୍ତ୍ୱେ କିଏ ଯଦି ଭାରତର ପ୍ରଭାବ ଓ ପ୍ରତିଷ୍ଠାରେ ଈର୍ଷାନ୍ୱିତ ହୋଇ କୁତ୍ସାରଟନା କରିବ, ତାହା ସେମାନଙ୍କର ହୀନମନ୍ୟତା ବୋଲି କହିବାକୁ ପଡ଼ିବ। ଭାରତ କୌଣସି ପଡ଼ୋଶୀଙ୍କ ଆଭ୍ୟନ୍ତରୀଣ ରାଜନୀତିରେ ହସ୍ତକ୍ଷେପ କରେ ନାହିଁ। ଶ୍ରୀଲଙ୍କା, ମାଳଦ୍ୱୀପ ପରେ ବାଂଲାଦେଶ ତାହାର ଜ୍ୱଳନ୍ତ ଉଦାହରଣ। ସର୍ବୋପରି ବାଂଲାଦେଶକୁ ଏକ ନୂତନ ରାଷ୍ଟ୍ର ଭାବେ ଜନ୍ମନେବାର ଶ୍ରେୟ ଭାରତକୁ ଦିଆଯାଉଥିଲେ ମଧ୍ୟ ଭାରତ ଆମେରିକା ପରି ନିଜର ବଡ଼ଭାଇ ପଣିଆ ବାଂଲାଦେଶ ଉପରେ କେବେ ହେଲେ ଲଦି ଦେଇନାହିଁ କି ଚୀନ୍ ଭଳି ପ୍ରଭୁତ୍ୱ ବିସ୍ତାର ପାଇଁ ଉଦ୍ୟମ କରିନାହିଁ।

ବାଂଲାଦେଶରେ ସ୍ଥିର ସରକାର ରହୁ, ଭାରତ ଏହା ଚାହେଁ ଏବଂ ସେଠି ଯିଏ ବି କ୍ଷମତାକୁ ଆସିବ, ତା' ସହିତ ଭଲ ସମ୍ପର୍କ ରଖିବ। ଦୁଇଦେଶ ମଧ୍ୟରେ ଧାର୍ମିକ ଭିନ୍ନତା ସତ୍ତ୍ୱେ ଏକ ନିବିଡ଼ ସାଂସ୍କୃତିକ ସମ୍ପର୍କ ରହିଆସିଛି। ସେହି ସମ୍ପର୍କର ଦୃଢ଼ତା ଧର୍ମ ଓ ରାଷ୍ଟ୍ରଠାରୁ ଅଧିକ ମହତ୍ତର। କିନ୍ତୁ ସେଠାକାର ମୌଳବାଦୀ ନେତାଙ୍କୁ ଏହା ବୁଝାଇବାରେ ୟୁନୁସ୍ ଲଗାତାର ବିଫଳ ହୋଇଛନ୍ତି, ଯାହା ତାଙ୍କର ଇସ୍ତଫା ଦେବା ମାନସିକତାରେ ପ୍ରତିଫଳନ ଘଟିଛି। ଅପରପକ୍ଷରେ ଏହାର ଫାଇଦା ନେବାକୁ ଚୀନ୍ ଏବଂ ଏବେ ପାକିସ୍ତାନ ୟୁନୁସ୍ ସରକାର ପ୍ରତି ବନ୍ଧୁତ୍ୱର ହାତ ବଢ଼ାଉଛନ୍ତି। ୟୁନୁସ୍ ମଧ୍ୟ ଅପରିଣାଦର୍ଶୀ ଭାବେ ସାମରିକ ଓ ପ୍ରତିରକ୍ଷା ଦୃଷ୍ଟିରୁ ଗୁରୁତ୍ୱପୂର୍ଣ୍ଣ ବିଭିନ୍ନ ଭିତ୍ତିଭୂମି ବିକାଶ କାର୍ଯ୍ୟ ଚୀନ୍ ଓ ପାକିସ୍ତାନ ହାତକୁ ଟେକି ଦେବାରେ କୁଣ୍ଠା ପ୍ରକାଶ କରୁନାହାନ୍ତି। ଭାରତକୁ ପରାଭବ ଦେବା ଲକ୍ଷ୍ୟରେ ବାଂଲାଦେଶର ଚୀନ୍ ଓ ପାକିସ୍ତାନକୁ ଏଭଳି ଅକୁଣ୍ଠ ସମର୍ଥନ 'ସମର୍ପଣ' ମନୋଭାବରେ ପରିବର୍ତ୍ତନ ନ ହେଉ। ବାଂଲାଦେଶ ପୁଣି ପୂର୍ବ-ପାକିସ୍ତାନ ନାମ ଫେରି ପାଇବା ପୂର୍ବରୁ ୟୁନୁସ୍‌ଙ୍କ ଚେତନା ଉଦୟ ହେଉ।

## ଜଳସଙ୍କଟ ଓ ଆଭାସୀ ଜଳବାଣିଜ୍ୟ

**ବିଦ୍ୟାଧର ମହାରଣା**

ଭାରତରେ ବିଶ୍ୱର ମାତ୍ର ୩.୮୩% ମଧୁର ଜଳ ରହିଛି, ଯାହା ୧୪୫ କୋଟି ଲୋକଙ୍କ ପାଇଁ ଉଦ୍ଦିଷ୍ଟ। ସର୍ବନିମ୍ନ ଚାହିଦା ୧୭୦୦ ଘନମିଟର ହୋଇଥିବା ବେଳେ ସମ୍ପ୍ରତି ଭାରତରେ ମୁଣ୍ଡପିଛା ଜଳ ପରିମାଣ ୧୪୮୬ ଘନମିଟର। ତେଣୁ ଦେଶର ପ୍ରାୟ ୬୦ କୋଟି ଲୋକ ଜଳ କଷ୍ଟ ଅନୁଭବ କରୁଛନ୍ତି। ନିତି ଆୟୋଗ ରିପୋର୍ଟ ଅନୁସାରେ ୨୦୩୦ ବେଳକୁ ଆମର ଜଳ ଚାହିଦା ଦୁଇଗୁଣ ହେବ। ତେଣୁ ଏପରି ଜଳସଙ୍କଟର ମୁକାବିଲା କରିବା ପାଇଁ କେତେକ ରଣନୀତି ଆବଶ୍ୟକ। ବିଶେଷକରି ଦେଶର ଜଳସମ୍ପଦ ପରିଚାଳନା ଓ ଖାଦ୍ୟ ନିରାପତ୍ତା ପାଇଁ ଜାତୀୟ ନୀତି ପ୍ରଣୟନ କରିବା ବେଳେ 'ଜଳ ପଦଚିହ୍ନ' ଓ 'ଆଭାସୀ ଜଳ' ବାଣିଜ୍ୟ ବିଷୟରେ ଅନୁଶୀଳନ ଆବଶ୍ୟକ।

'ଆଭାସୀ ଜଳ' ବା 'ଭର୍ଚୁଆଲ ୱାଟର' କହିଲେ ଉତ୍ପାଦନଚକ୍ର ମଧ୍ୟରେ ଉତ୍ପାଦନ ପାଇଁ ବିନିଯୋଗ ହେଉଥିବା ଜଳ ପରିଣାମ ଏବଂ ଉତ୍ପାଦିତ ଦ୍ରବ୍ୟ ମଧ୍ୟରେ ଶେଷପର୍ଯ୍ୟନ୍ତ ରହୁଥିବା ଜଳକୁ ବୁଝାଯାଏ। ସାଧାରଣତଃ ଶସ୍ୟଗୁଡ଼ିକରେ ୧୫% ଜଳ ରହିଲା ବେଳେ ପନିପରିବାରେ ୮୫% ଓ ଫଳରେ ୭୫% ଜଳ ରହିଯାଏ। 'ଜଳ ପଦଚିହ୍ନ' ହେଉଛି ମୋଟ ବ୍ୟବହୃତ ଜଳ ପରିମାଣ, ଯାହାକୁ ଫସଲ ଜୀବନ କାଳରେ ବ୍ୟବହାର କରେ। ଏହି 'ଜଳ ପଦଚିହ୍ନ' ସବୁଜ, ନୀଳ ଓ ଧୂସର ହୋଇଥାଏ। ସବୁଜ ଜଳ ମାଟି ମଧ୍ୟରେ କିମ୍ବା ଜଙ୍ଗଲ ଗଛଲତା ଭିତରେ ଥାଏ। ନୀଳ ଜଳ ଆମେ ସମୁଦ୍ର, ହ୍ରଦ, ନଦୀ ଓ ବିଭିନ୍ନ ଜଳସ୍ରୋତରେ ଦେଖୁ, ଯାହାକୁ ଆମେ କୃଷି, ଶିଳ୍ପ ଓ ଘରୋଇ କାର୍ଯ୍ୟରେ ବ୍ୟବହାର କରୁ। ଯେଉଁ ଜଳ ଅପଶିଷ୍ଟ ହୋଇ ଦୂଷିତ ଜଳ ହିସାବରେ ନାଳ ନର୍ଦ୍ଦମାରେ ବହିଯାଏ ତାହାକୁ ଧୂସର ଜଳ କୁହଯାଏ।

ଜଳ ପଦଚିହ୍ନ କୃଷି ପଦ୍ଧତି, ଜଳ ବିନିଯୋଗ ଦକ୍ଷତା, ସ୍ଥାନୀୟ ଜଳବାୟୁ ଉପରେ ନିର୍ଭର କରେ। ଏହାବ୍ୟତୀତ ଆଭାସୀ ବା ଭର୍ଚୁଆଲ ଜଳ ବିଭିନ୍ନ ଖାଦ୍ୟ, ବସ୍ତ୍ର ଓ ଅନ୍ୟାନ୍ୟ ବସ୍ତୁରେ ଅଦୃଶ୍ୟ ଆକାରରେ ଥାଏ। ଆମେ ଖାଦ୍ୟ, ବସ୍ତ୍ର, ବିନିର୍ମାଣ ବା ମାନୁଫେକ୍‌ଚରିଂ କ୍ଷେତ୍ରରେ ପ୍ରତ୍ୟକ୍ଷ ଓ ଅପ୍ରତ୍ୟକ୍ଷ ଭାବରେ ବ୍ୟବହାର କରୁଥିବା ଜଳକୁ ଆଭାସୀ ବା ଭର୍ଚୁଆଲ ଜଳ ଭାବରେ ହିସାବ କରି ପାରିବା। ଆମ ଦେଶରେ ଚାଷ ହେଉଥିବା ଧାନଫସଲ ପାଇଁ ପ୍ରାୟ ୩୧୮୦୦ କୋଟି ଘନମିଟରର ଜଳ ବ୍ୟବହାର ହେଉଛି, ଯାହାକି ଦେଶର ମୋଟ ଜଳ ସମ୍ପଦର ୧୬.୬୭ ପ୍ରତିଶତ। ବିଭିନ୍ନ ଦ୍ରବ୍ୟ ରପ୍ତାନୀରେ ବିଦେଶକୁ ପ୍ରାୟ ୩୨୦୦ କୋଟି ଘନମିଟରର ଜଳ ରପ୍ତାନୀ ହେବା ସ୍ଥଳେ ଆମଦାନୀ ସାମାନ୍ୟ ହୋଇଥାଏ।

୧୯୯୦ ମସିହାରୁ ଏପରି ଆଭାସୀ ଜଳ ବିଷୟରେ ଆଲୋଚନା କରାଗଲା। ଉଦାହରଣ ସ୍ୱରୂପ, ଗୋଟିଏ ମକା (୫୦୦ ଗ୍ରାମ) ପାଇଁ ୪୫୦ ଲିଟର ପାଣି ଆବଶ୍ୟକ ଥିବା ବେଳେ ୩୦୦ ଗ୍ରାମ ମାଂସ ପାଇଁ ୪୫୦୦ ଲିଟର ପାଣି ଆବଶ୍ୟକ। ଏକ ଟନ୍ ଗହମ ଉତ୍ପାଦନ ପାଇଁ ୧୦୦୦-୧୩୦୦ ଘନମିଟର ଏବଂ ଚାଉଳ ଏକକିଲୋ ଉତ୍ପାଦନ ପାଇଁ ୩୪୦୦ ଲିଟର ଜଳ ଆବଶ୍ୟକ। ଗୋଟିଏ ପିଜା ପ୍ରସ୍ତୁତି ପାଇଁ ୧୨୬୦ ଲିଟର ଜଳ ଆବଶ୍ୟକ ଥିବା ବେଳେ ଗୋଟିଏ କାର୍ପାସ ଟି ଶାର୍ଟ ପାଇଁ ୨୭୦୦ ଲିଟର ପାଣି ବ୍ୟବହାର ହୋଇଥାଏ। ଦେଶ-ଦେଶ ମଧ୍ୟରେ ଯେଉଁ ଖାଦ୍ୟ ଓ ଅନ୍ୟ ଉତ୍ପାଦ ରପ୍ତାନୀ ଓ ଆମଦାନୀ କରାଯାଏ ତାହାକୁ 'ଆଭାସୀ ଜଳ ବାଣିଜ୍ୟ' ବା 'ଭର୍ଚୁଆଲ ୱାଟର ଟ୍ରେଡ୍' କୁହାଯାଏ। ଉଦାହରଣ ସ୍ୱରୂପ ଆମେ କୌଣସି ଦେଶକୁ ଏକ ଟନ୍ ଗହମ ରପ୍ତାନୀ କଲେ ଆମ ଦେଶର ୧୩୦୦ ଘନମିଟରର ଆଭାସୀ ଜଳ ରପ୍ତାନୀ ଆକାରରେ ବିଦେଶକୁ ଚାଲିଗଲା। ଅନ୍ୟପକ୍ଷରେ ଆମେ ଯଦି ଏକ ଟନ ଗହମ ଆମଦାନୀ କଲେ ତାହାହେଲେ ଆମେ ୧୩୦୦ ଘନମିଟର ଜଳ ସଞ୍ଚୟ କଲେ। ସୁତରାଂ ଗୋଟିଏ ଦେଶ ଅନ୍ୟ ଏକ ଦେଶରୁ ଖାଦ୍ୟ, ବସ୍ତ୍ର ଓ ଅନ୍ୟାନ୍ୟ ଉପକରଣ ଆମଦାନୀ କରିବା ଅର୍ଥ ହେଉଛି ସେହି ଦ୍ରବ୍ୟ ପାଇଁ ଅନ୍ୟ ଦେଶ ଯେଉଁ ଜଳ ବ୍ୟବହାର କରିଛି ତାହା ସିଏ ଆମଦାନୀ କଲେ। ଏହାହିଁ ହେଉଛି ଆଭାସୀ ଜଳ ବାଣିଜ୍ୟ କାରବାର। ଯେଉଁ ଦେଶରେ ଜଳସଂକଟ ଅଧିକ ଥାଏ ସେହି ଦେଶ ଅନ୍ୟ ଦେଶରୁ ଖାଦ୍ୟ ଇତ୍ୟାଦି ଆମଦାନୀ କରିବାକୁ ପସନ୍ଦ କରିବେ। ଜାପାନ ବାହାର ଦେଶର ଖାଦ୍ୟ ଆମଦାନୀ କରି ନିଜ ଦେଶର ଜଳସଞ୍ଚୟ କରୁଛି।

ଏପରି ଆଭାସୀ ଜଳ ବାଣିଜ୍ୟ କାରବାରରେ କେତେକ ଫାଇଦା ମିଳିଥାଏ। ପ୍ରଥମରେ ଦେଶରେ ଜଳସଂକଟ ପରିସ୍ଥିତିର ମୁକାବିଲା କରିବା ପାଇଁ ଏହା ଏକ ଉତ୍ତମ ମାର୍ଗ। ଦ୍ୱିତୀୟରେ ଦେଶରେ ଖାଦ୍ୟ ନିରାପତ୍ତା ହାସଲ ପାଇଁ ଅଧିକ ଜଳ ବ୍ୟବହାର କରୁଥିବା ଖାଦ୍ୟ ଯଥା: ଚାଉଳ, ମାଂସ ଇତ୍ୟାଦି ଅନ୍ୟ ଦେଶରୁ ଆମଦାନୀ କଲେ ଖାଦ୍ୟ ନିରାପତ୍ତା ସହଜରେ ହାସଲ ହୋଇ ପାରିବ। ତୃତୀୟରେ ଜଳ ସଙ୍କଟ ପରିଚାଳନା ପାଇଁ କେତେକ ଦେଶ କମ୍ ଜଳ ଆବଶ୍ୟକ କରୁଥିବା ଦ୍ରବ୍ୟ ଉତ୍ପାଦନ କରିବାରେ ପାରଙ୍ଗମ ହେବା ଦ୍ୱାରା ଅର୍ଥନୈତିକ ପ୍ରଗତି ହାସଲ ହୋଇଥାଏ। ବିନିର୍ମାଣ କ୍ଷେତ୍ରରେ ବିଭିନ୍ନ ବସ୍ତୁ ତିଆରି କରାଯାଇ ବିଦେଶକୁ ରପ୍ତାନୀ କରାଯାଏ। ଏହି ଦ୍ରବ୍ୟଗୁଡ଼ିକ ମାଧ୍ୟମରେ ଆଭାସୀ ଜଳ ବିଦେଶକୁ ରପ୍ତାନୀ କରାଯାଏ। ଅନ୍ୟାନ୍ୟ ସେବା କ୍ଷେତ୍ରରେ (ପର୍ଯ୍ୟଟନ ଇତ୍ୟାଦି) ମଧ୍ୟ ବହୁଳ ଭାବରେ ଜଳ ବିନିଯୋଗ ହୁଏ। ପର୍ଯ୍ୟଟକମାନେ ଯେଉଁ ଦ୍ରବ୍ୟ ବ୍ୟବହାର କରନ୍ତି ସେଥିରେ ମଧ୍ୟ ବହୁ ପରିଣାମରେ ଆଭାସୀ ଜଳ ରହିଥାଏ।

ଆଭାସୀ ଜଳ ବାଣିଜ୍ୟରେ ସୀମିତ ଜଳସମ୍ପଦ ଥିବା ଅଞ୍ଚଳରେ ଜଳସଙ୍କଟ ଦେଖାଯାଏ। ବିଭିନ୍ନ ବସ୍ତୁ ନିର୍ମାଣ ବେଳେ ଯେଉଁ ଜଳ ବ୍ୟବହାର ହୁଏ ତାହା ପରିବେଶ ପ୍ରଦୂଷଣ କରିପାରେ ଏବଂ ଜଳସମ୍ପଦ ହ୍ରାସ କରିପାରେ। ଜଳସଙ୍କଟ ଅଞ୍ଚଳକୁ ପ୍ରଚୁର ଜଳସମ୍ପଦ ଥିବା ଅଞ୍ଚଳରୁ ଅଧିକ ଜଳ ଖର୍ଚ୍ଚ କରୁଥିବା ସମାଗ୍ରୀ ଆମଦାନୀ କରିବା ଫଳରେ ବିଭିନ୍ନ ଅଞ୍ଚଳରେ ଅର୍ଥନୈତିକ ବୈଷମ୍ୟ ଦେଖାଯିବା ସ୍ୱାଭାବିକ। ଭାରତ ଆମେରିକା, ସ୍ପେନ୍, ମାଲେସିଆ, ରୁଷିଆ, ଥାଇଲାଣ୍ଡ ଓ ଅଷ୍ଟ୍ରେଲିଆକୁ ଅନେକ ଦ୍ରବ୍ୟ ରପ୍ତାନୀ କରୁଥିବାରୁ ଆମ ଦେଶରୁ ବହୁ ପରିଣାମରେ ଜଳ ବିଦେଶକୁ ଚାଲିଯାଉଛି।

କହିବା ବାହୁଲ୍ୟ ଯେ ଆଭାସୀ ଜଳ ବାଣିଜ୍ୟ ଏକ ଜଟିଳ ବିଷୟ, ଯାହାର ଉଭୟ ସକାରାତ୍ମକ ଓ ନକାରାତ୍ମକ ପ୍ରଭାବ ରହୁଛି। ଦେଶର ଖାଦ୍ୟ ନିରାପତ୍ତା ହାସଲ ପାଇଁ ଜଳସମ୍ବଳ ପରିଚାଳନା ନିମନ୍ତେ ଏହାକୁ ଏକ ସାଧନ ହିସାବରେ ବ୍ୟବହାର କରାଯାଇ ପାରିବ। ପରିବେଶ ସମସ୍ୟା ଓ ଜଳସଙ୍କଟ ସମାଧାନ ପାଇଁ ଏହାକୁ ସତର୍କତାର ସହିତ ପରିଚାଳନା କରିବା ମଧ୍ୟ ଆବଶ୍ୟକ। ଆଭାସୀ ଜଳ ବାଣିଜ୍ୟ କ୍ଷେତ୍ରରେ କେତେକ ବ୍ୟକ୍ତିଗତ ପଦକ୍ଷେପ ମଧ୍ୟ ଆବଶ୍ୟକ। ଆମେ ସର୍ବଦା ନୂତନ ବସ୍ତ୍ର ପରିଧାନ ନକରି ପୁରୁଣା ବସ୍ତ୍ରକୁ ପରିଷ୍କାର କରି ପିନ୍ଧିପାରିବା। ଏହାଦ୍ୱାରା ବସ୍ତ୍ର ନିର୍ମାଣ ପାଇଁ ଆବଶ୍ୟକ ଜଳ ବ୍ୟବହାର ହ୍ରାସ ପାଇବ। ଅଧିକ ଜଳ ଆବଶ୍ୟକ କରୁଥିବା ଖାଦ୍ୟଶସ୍ୟ ବଦଳରେ ଆମେ ଅଧିକ ପନିପରିବା ଖାଇ ପାରିବା। ଘରେ କମ୍ ବିଜୁଳି ଶକ୍ତି ଆବଶ୍ୟକ କରୁଥିବା ଉପକରଣ ବ୍ୟବହାର କରିପାରିବା। କୌଣସି ତରଳ ପଦାର୍ଥକୁ ସାଇତି ରଖିବା ପାଇଁ ନୂଆ ବୋତଲ ପରିବର୍ତ୍ତେ ପୁରୁଣା ବୋତଲ ବ୍ୟବହାର କରି ପାରିବା। ରାସ୍ତାରେ ପରିବହନ ପାଇଁ ଗାଡ଼ି ବଦଳରେ ଯଥାସମ୍ଭବ ସାଇକେଲ କିମ୍ବା ସର୍ବସାଧାରଣ ଗାଡ଼ି ବ୍ୟବହାର କରିପାରିବା। ସୁତରାଂ ଆଭାସୀ ଜଳବାଣିଜ୍ୟର ବିଭିନ୍ନ ଦିଗ ଉପରେ ବିସ୍ତୃତ ଆଲୋଚନା ହେବା ଆବଶ୍ୟକ।

ଆଭାସୀ ଜଳ ସମସ୍ୟା ସମାଧାନ ପାଇଁ କେତେକ ପଦକ୍ଷେପ ନିଆ ଯାଇପାରେ। ଏଥିପାଇଁ ଜଳ ପରିଚାଳନାରେ ଉନ୍ନତି, ସେଚଜଳର ଦକ୍ଷତା ବୃଦ୍ଧି, ଅତ୍ୟଧିକ ଜଳ ଆବଶ୍ୟକ କରୁଥିବା ଫସଲ ପରିବର୍ତ୍ତନ ଏବଂ ଗୋଷ୍ଠୀ ଭିତ୍ତିକ କାର୍ଯ୍ୟକ୍ରମ ଅନ୍ତର୍ଭୁକ୍ତ। ପ୍ରଥମ ରଣନୀତି ହିସାବରେ ଜଳ ପରିଚାଳନା ଉନ୍ନତି ଓ ଭିତ୍ତିଭୂମି ବିକାଶ ପାଇଁ କୃଷି କ୍ଷେତ୍ରରେ ଜଳ ଅପଚୟ ହ୍ରାସ ଏବଂ ସିଞ୍ଚନ କିମ୍ବା ବୁନ୍ଦା ଜଳସେଚନ ପ୍ରଣାଳୀ ଅନୁସରଣ ଆବଶ୍ୟକ। ଦ୍ୱିତୀୟ ରଣନୀତି ହିସାବରେ ଜଳ ମହଜୁଦ ଓ ପୁନଃଭରଣା ପାଇଁ ନଦୀରେ ଜଳଭଣ୍ଡାର, ନଦୀ ବନ୍ଧ ଓ ବ୍ୟାରେଜ ନିର୍ମାଣ , ଭୂତଳ ଜଳପତ୍ତନ ବୃଦ୍ଧି ପାଇଁ ପୁନଃଭରଣ କରିବା ନିମନ୍ତେ ପଦକ୍ଷେପ ନେବା ଆବଶ୍ୟକ। ତୃତୀୟରେ ଜଳ ପୁନଃବିନିଯୋଗ ଓ ପୁନଃଚକ୍ରିକରଣ ନିମନ୍ତେ ଅପଶିଷ୍ଟ ଜଳକୁ ଉପଚାର କରି ଜଳସେଚନ କିମ୍ବା ଶିଳ୍ପକ୍ଷେତ୍ରରେ ବ୍ୟବହାର କରାଯାଇପାରିବ। ଚତୁର୍ଥତଃ, ଜଳବଣ୍ଟନ ପ୍ରଣାଳୀରେ ଜଳ ଯେପରି ପାଇପ୍ ରୁ ବାହାରି ନ ଯାଏ ସେଥିପ୍ରତି ଧ୍ୟାନ ଦେବାକୁ ହେବ। ପଞ୍ଚମରେ ବର୍ଷାଜଳ ଅମଳ ଓ ସଂରକ୍ଷଣ ପାଇଁ ଗୋଷ୍ଠୀଭିତ୍ତିକ ଜଳଅମଳ ଓ ସଂରକ୍ଷଣ ପ୍ରକଳ୍ପ ନିର୍ମାଣ, ଫାର୍ମ ପୋଖରୀ ଓ ଆଡ଼ିବନ୍ଧ ନିର୍ମାଣ କାର୍ଯ୍ୟକ୍ରମକୁ ବ୍ୟାପକ କରିବାକୁ ହେବ। କୃଷିକ୍ଷେତ୍ରରେ ଅଧିକ ଜଳ ଆବଶ୍ୟକ କରୁଥିବା ଧାନ, ଆଖୁ ଇତ୍ୟାଦି ଫସଲ ପରିବର୍ତ୍ତେ ଡାଲି ଫସଲ ଓ ତୈଳବୀଜ ଇତ୍ୟାଦି ଫସଲ ଚାଷକରିବା ଆବଶ୍ୟକ। ଏହା ସହିତ ଜଳବାୟୁ ସହନଶୀଳ କୃଷିପଦ୍ଧତି ହିସାବରେ ଫସଲ ଓ ବିହନ ପରିବର୍ତ୍ତନ, ସଠିକ୍ ପ୍ରଣାଳୀରେ ଜଳସେଚନ, ଜୈବିକକୃଷି, ସମ୍ମିଳିତ ପୋଷକ ଯୋଗାଣ, ଅଙ୍ଗାର ପୃଥକୀକରଣ ପାଇଁ କୃଷି ବନୀକରଣ ଇତ୍ୟାଦି କାର୍ଯ୍ୟକ୍ରମ ଗ୍ରହଣ ଆବଶ୍ୟକ। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି ଶିଳ୍ପ, ନିର୍ମାଣ, ଗୃହ, ଅନୁଷ୍ଠାନ ଇତ୍ୟାଦି ସ୍ଥଳରେ ଜଳସଞ୍ଚୟ ପାଇଁ ନିର୍ଦ୍ଦିଷ୍ଟ ପଦକ୍ଷେପ ନେବା ଅତି ଜରୁରୀ। ଏଥିପାଇଁ ଗୋଷ୍ଠୀ ସମ୍ପ୍ରଦାୟକୁ ଶିକ୍ଷା ଓ ସଚେତନତା ଆବଶ୍ୟକ।

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

## ଭାରତର ଅମୋଘ ବାୟୁ ପ୍ରତିରକ୍ଷା କବଚ

**ନିକୁଞ୍ଜ ବିହାରୀ ସାହୁ**

ଅପରେସନ୍ ସିନ୍ଦୂରର ପ୍ରତିକ୍ରିୟାରେ ପାକିସ୍ତାନ ଭାରତୀୟ ସହର ଓ ସାମରିକ ଘାଟି ଉପରେ କ୍ଷେପଣାସ୍ତ୍ର, ରକେଟ ଓ ଡ୍ରୋନ୍ ଆକ୍ରମଣ କରିବାକୁ ଉଦ୍ୟମ କରିଥିଲା। ମାତ୍ର ଭାରତର ରୁଷିଆ ନିର୍ମିତ ଏସ୍୪୦୦ ଅମୋଘ ପ୍ରତିରକ୍ଷା ପ୍ରଣାଳୀ ସେସବୁକୁ ଆକାଶମାର୍ଗରେ ହିଁ ନଷ୍ଟ କରି ଭାରତର ଧନଜୀବନକୁ ସୁରକ୍ଷିତ ରଖିଥିଲା। ଏହାପରେ ଏସ୍୪୦୦କୁ ନେଇ ଭାରତ ଓ ଭାରତ ବାହାରେ ଅନେକ ଚର୍ଚ୍ଚା ହେଉଛି।

ଏସ୍୪୦୦ ମୁଖ୍ୟତଃ ବାୟୁ ପ୍ରତିରକ୍ଷା ପ୍ରଣାଳୀ, ଯାହା ଆକାଶମାର୍ଗରେ ଶତ୍ରୁ ପକ୍ଷରୁ ହେଉଥିବା ବାଲଷ୍ଟିକ କିମ୍ବା କ୍ରୁଜ୍ କ୍ଷେପଣାସ୍ତ୍ର, ଡ୍ରୋନ୍, ରକେଟ ଓ ଲଢୁଆ ବିମାନ ଆଦି ଜରିଆରେ ହେଉଥିବା ଆକ୍ରମଣକୁ ସଫଳତାର ସହ ପ୍ରତିହତ କରିଥାଏ। ଏହାର ମୂଳ ନାମ ଟ୍ରାୟାମ୍ଫ। ଏହାର ବିକାଶ ନିମନ୍ତେ ୧୯୯୧ରେ ତତ୍କାଳୀନ ସୋଭିଏତ ରୁଷ୍ ସରକାର ସବୁଜ ସଙ୍କେତ ଦେଇଥିଲେ। କିନ୍ତୁ ସୋଭିଏତ୍ ସଂଘ ଭାଙ୍ଗିଯିବା ପରେ ଏହି କାର୍ଯ୍ୟକ୍ରମ ବନ୍ଦ ହୋଇଯାଇଥିଲା। ୧୯୯୩ ମସିହାରେ ରୁଷୀୟ ବାୟୁସେନା ଏହି ପ୍ରକଳ୍ପକୁ ପୁନଃକାର୍ଯ୍ୟକ୍ଷମ କରି ୧୯୯୯ ମସିହାରେ ସଫଳତାର ସହିତ ପରୀକ୍ଷଣ କରିଥିଲା ଏବଂ ୨୦୦୭ ମସିହାରେ ବାୟୁସେନାରେ ସାମିଲ୍ କରାଯାଇ ଯୁଦ୍ଧକ୍ଷେତ୍ରରେ ସଫଳତାର ସହ ପ୍ରୟୋଗ କରାଯାଇଥିଲା। ରୁଷିଆର ଏଲମାଜ୍ ସେଣ୍ଟ୍ରାଲ ଡିଜାଇନ୍ ବ୍ୟୁରୋ ଦ୍ୱାରା ବିକଶିତ ଏହି ପ୍ରତିରକ୍ଷା ପ୍ରଣାଳୀ ଭାରତ ବ୍ୟତୀତ ଚୀନ୍, ତୁର୍କୀ, ଆଲଜେରିଆ, ବେଲାରୁଷ ଓ ସିରିୟା ପାଖରେ ରହିଛି। ଏଭଳି ୫ଟି ପ୍ରଣାଳୀ ଯୋଗାଣ କରିବା ପାଇଁ ଭାରତ ଓ ରୁଷିଆ ମଧ୍ୟରେ ୨୦୧୮ ମସିହାରେ ୪୦,୦୦୦ କୋଟି ଟଙ୍କା ବିନିମୟରେ ଚୁକ୍ତି ହୋଇଥିଲା। ସେଥି ମଧ୍ୟରୁ ୩ଟି ପ୍ରଣାଳୀ ଯୋଗାଣ ହୋଇ ସାରିଥିଲା ବେଳେ ଆଉ ୨ଟିର ଯୋଗାଣ ରୁଷିଆ-ୟୁକ୍ରେନ୍ ଯୁଦ୍ଧ ପାଇଁ ବିଳମ୍ବ ଘଟିଛି।

ଏସ୍. ୪୦୦ ପ୍ରତିରକ୍ଷା ପ୍ରଣାଳୀର ସବୁଠାରୁ ବଡ଼ ବିଶେଷତ୍ୱ ହେଲା ଏହାର ଗତିଶୀଳତା। ସମଗ୍ର ପ୍ରଣାଳୀ ଏକ ଗତିଶୀଳ ଯାନ ଉପରେ ଅବସ୍ଥାପିତ ହୋଇ ଥିବାରୁ ଏହାକୁ ସହଜରେ ଲକ୍ଷ୍ୟସ୍ଥଳୀ ଅଭିମୁଖେ ପଠାଯାଇପାରିବ। ଏଥିରେ ଖଞ୍ଜା ଥିବା ରାଡାର ଏକସମୟରେ ୬୦୦ କି.ମି. ଦୂରରେ ଥିବା ଏବଂ ୧୭,୦୦୦ କି.ମି. ପ୍ରତି ଘଣ୍ଟା ବେଗରେ ଗତି କରୁଥିବା ଶତ୍ରୁପକ୍ଷର ଏକାଧିକ ବସ୍ତୁକୁ ଠାବ କରିପାରିବ ଏବଂ ନିର୍ଦ୍ଦେଶ ମିଳିବାର ମାତ୍ର ୫ ରୁ ୧୦ ମିନିଟ ମଧ୍ୟରେ କାର୍ଯ୍ୟକ୍ଷମ ହୋଇ ଏକସମୟରେ ଶତ୍ରୁପକ୍ଷର ୧୬୦ ଟି ବାୟୁବାହିତ ବସ୍ତୁକୁ ଠାବ କରିପାରେ। ଏକାସଙ୍ଗରେ ୩୬ଟି ବସ୍ତୁକୁ ଧ୍ୱଂସ କରିବା ପାଇଁ ୭୨ଟି ଅସ୍ତ୍ର ପ୍ରୟୋଗ କରିପାରେ। ଏସ୍୪୦୦ ପ୍ରତିରକ୍ଷା ପ୍ରଣାଳୀର ପ୍ରତିଟି ସ୍କ୍ୱାର୍ଡନରେ ୬ଟି ଲଞ୍ଚର, ଗୋଟିଏ ରାଡାର, ଗୋଟିଏ କମାଣ୍ଡ କେନ୍ଦ୍ର ଓ ୧୨୮ଟି ଅସ୍ତ୍ର ଥାଏ। ଏହାର ରାଡାର ବ୍ୟବସ୍ଥା ବହୁସ୍ତର ବିଶିଷ୍ଟ ଏବଂ ପ୍ରତ୍ୟେକ ସ୍ତର କିଛି ନିର୍ଦ୍ଦିଷ୍ଟ କାର୍ଯ୍ୟ କରିବା ପାଇଁ ଅଭିପ୍ରେତ। ପ୍ରଣାଳୀର ନିର୍ଦ୍ଦେଶ ବା କମାଣ୍ଡ କେନ୍ଦ୍ର ସମ୍ପୂର୍ଣ୍ଣ ରୂପେ ସ୍ୱୟଂଚାଳିତ, ଡିଜିଟାଲ ଭିତ୍ତିକ ଏବଂ ଯୋଗାଯୋଗ ବ୍ୟବସ୍ଥା କ୍ଷେତ୍ରରେ ଜାମ୍ ନିରୋଧୀ। ଏହା ପ୍ରଣାଳିର ମସ୍ତିଷ୍କ ସଦୃଶ। ଏହା ପକୃତ ସମୟରେ ରାଡାରରୁ ତଥ୍ୟ ସଂଗ୍ରହ ଓ ତଥ୍ୟ ପରିଚାଳନା, ଅସ୍ତ୍ର ପ୍ରୟୋଗ ନିମନ୍ତେ ନିର୍ଦ୍ଦେଶ ଜାରି ତଥା ଏକାଧିକ ଲଞ୍ଚର ମଧ୍ୟରେ ସମନ୍ୱୟତା ରକ୍ଷା କରିଥାଏ। ଏହି ବ୍ୟବସ୍ଥା ଏପରି ଭାବେ ପ୍ରସ୍ତୁତ କରାଯାଇଛି ଯେ, ଏହାର କୌଣସି ଗୋଟିଏ ବିଭାଗ କିଛି କାରଣରୁ କାର୍ଯ୍ୟ ନକଲେ ସୁଦ୍ଧା ସମୁଦାୟ କେନ୍ଦ୍ରର କାର୍ଯ୍ୟଦକ୍ଷତା ଅପରିବର୍ତ୍ତିତ ରହିଥାଏ।

ଏସ୍୪୦୦ ପ୍ରତିରକ୍ଷା ପ୍ରଣାଳୀରେ ଅଲଗା ଅଲଗା ମାର୍ଗଦୂରତାର ସମୁଦାୟ ୪ଟି କ୍ଷେପଣାସ୍ତ୍ର ସାମିଲ ଥାଏ। ଏହି କ୍ଷେପଣାସ୍ତ୍ରସବୁ ଆବଶ୍ୟକତା ଅନୁସାରେ ଅର୍ଥାତ ଆକ୍ରମଣକାରୀ ବସ୍ତୁର ଦୂରତା ଓ ଉଚ୍ଚତା ଅନୁସାରେ କାର୍ଯ୍ୟକାରୀ ହୋଇଥା'ନ୍ତି ଏବଂ ସେଗୁଡ଼ିକ ଅତ୍ୟଧିକ ଉଚ୍ଚତାରେ ଦ୍ରୁତ ଧାବମାନ ବାଲଷ୍ଟିକ କ୍ଷେପଣାସ୍ତ୍ରଠାରୁ ଆରମ୍ଭକରି ନିମ୍ନ ଉଚ୍ଚତାରେ ଉଡୁଥିବା କ୍ରୁଜ କ୍ଷେପଣସ୍ତ୍ର କିମ୍ବା ଲୁଚି ଲୁଚି ଆସୁଥିବା ଷ୍ଟିଲଥ ବୋମାବର୍ଷୀ ବିମାନ ସହିତ ନିୟୋଜିତ ହୋଇପାରନ୍ତି। ସ୍ୱଳ୍ପ ଦୂରଗାମୀ କ୍ଷେପଣାସ୍ତ୍ର, ମଧ୍ୟମ ଦୂରଗାମୀ କ୍ଷେପଣାସ୍ତ୍ର, ଅଧିକ ଦୂରଗାମୀ କ୍ଷେପଣାସ୍ତ୍ର ଏବଂ ଅତି-ଅଧିକ ଦୂରଗାମୀ କ୍ଷେପଣାସ୍ତ୍ର। ସ୍ୱଳ୍ପ ଦୂରଗାମୀ କ୍ଷେପଣାସ୍ତ୍ରର ମାରକସୀମା ୪୦ କି.ମି. ପର୍ଯ୍ୟନ୍ତ, ମଧ୍ୟମ ଦୂରଗାମୀ ଅସ୍ତ୍ର ର ମାରକସୀମା ୧୨୦ କି.ମି. ପର୍ଯ୍ୟନ୍ତ, ଦୂରଗାମୀ କ୍ଷେପଣାସ୍ତ୍ର ର ମାରକସୀମା ୨୫୦ କି.ମି. ପର୍ଯ୍ୟନ୍ତ ଏବଂ ଅତିଦୂରଗାମୀ କ୍ଷେପଣାସ୍ତ୍ରର ମାରକସୀମା ୪୦୦ କି.ମି. ପର୍ଯ୍ୟନ୍ତ ହୋଇଥାଏ। ଏସ୍୪୦୦ ପ୍ରତିରକ୍ଷା ପ୍ରଣାଳୀରେ ଏକ ସର୍ବେଲାନ୍ସ ରାଡାର ସ୍ଥାନିତ ଥାଏ, ଯାହା ନିଜର କାର୍ଯ୍ୟକାରୀ କ୍ଷେତ୍ରର ଚତୁଃପାଶ୍ୱର୍ରେ ଏକ ସୁରକ୍ଷା ବଳୟ ନିର୍ଦ୍ଧାରଣ କରିଥାଏ। ଏହି ବଳୟ ମଧ୍ୟରେ ଶତ୍ରୁପକ୍ଷର କୌଣସି ବସ୍ତୁ ପ୍ରବେଶ କରିବା ସଙ୍ଗେ ସଙ୍ଗେ ତାହାକୁ ଠାବ କରିଥାଏ ଏବଂ ତାହା ଏହି ସଙ୍କେତକୁ କମାଣ୍ଡ ଗାଡ଼ିକୁ ପ୍ରେରଣ କରିଥାଏ। ସଙ୍କେତ ମିଳିବା ମାତ୍ରେ ଗାଇଡେନ-ରାଡାର ବସ୍ତୁର ଅବସ୍ଥିତି ନିର୍ଭୁଲ ରୂପେ ନିରୂପଣ କରି ନିକଟତମ ଗାଡ଼ିରୁ ପ୍ରତିକ୍ଷେପଣାସ୍ତ୍ର ପ୍ରୟୋଗ ପୂର୍ବକ ଆକ୍ରମଣକାରୀ ବସ୍ତୁକୁ ଆକାଶମାର୍ଗରେ ହିଁ ନଷ୍ଟ କରି ଦିଆଯାଏ। ଏଥିରେ ସ୍ଥାନିତ ଏଲ୍-ବ୍ୟାଣ୍ଡରେ କାର୍ଯ୍ୟ କରୁଥିବା ବିଗ୍ ବାର୍ଡ ରାଡାର ୬୦୦ କି.ମି. ଦୂରତା ପର୍ଯ୍ୟନ୍ତ ଶତ୍ରୁପକ୍ଷର ଟାର୍ଗେଟ୍‌କୁ ଚିହ୍ନଟ କରିପାରେ। ଏସ୍-ବ୍ୟାଣ୍ଡରେ କାମ କରୁଥିବା ଅନ୍ୟ ଏକ ରାଡାରକୁ ଆକ୍ରମଣକାରୀ ବସ୍ତୁର ଉଚ୍ଚତା ନିର୍ଣ୍ଣୟ ତଥା କମ୍ ଉଚ୍ଚତାରେ ଉଡୁଥିବା ବସ୍ତୁକୁ ଟ୍ରାକିଂ କରିବା ପାଇଁ ସକ୍ଷମ। ଏହା ବ୍ୟତୀତ, ପ୍ରଣାଳୀର ଏକ ବିକଳ୍ପ ଭିଏଚ୍‌ଏଫ୍ ବ୍ୟାଣ୍ଡ ରାଡାର ମଧ୍ୟ ସ୍ଥାନିତ ଥାଏ, ଯାହା ଶତ୍ରୁପକ୍ଷର ଲୁଚି ଲୁଚି ଆସୁଥିବା ଗୁପ୍ତ ବିମାନକୁ ସହଜରେ ଚିହ୍ନଟ କରିପାରେ।

ଏହି ଦୁର୍ଦ୍ଧର୍ଷ ଓ ଅପରାଜେୟ ଏସ୪୦୦ ବ୍ୟବସ୍ଥାକୁ "ସୁଦର୍ଶନ ଚକ୍ର' ବୋଲି ଆଖ୍ୟା ଦିଆଯାଇଛି। ଭଗବାନ ଶ୍ରୀକୃଷ୍ଣଙ୍କ ସୁଦର୍ଶନଚକ୍ର ଯେପରି ନ୍ୟାୟର ପ୍ରତୀକ, ଏହି ପ୍ରତିରକ୍ଷା ପ୍ରଣାଳୀ ସେହିପରି ଶତ୍ରୁର ଅନ୍ୟାୟ ଆକ୍ରମଣରୁ ଦେଶ ଓ ନାଗରିକଙ୍କୁ ରକ୍ଷା କରି ଧର୍ମ ଓ ସୁଶାସନ ପ୍ରତିଷ୍ଠା ନିମନ୍ତେ ସଦାଚେଷ୍ଟିତ। ସୁତରାଂ ଏହି ପ୍ରତିରକ୍ଷା ପ୍ରଣାଳୀ ଆମ ବାୟୁସେନାର ଏକ ଅଭେଦ୍ୟ ଓ ଅମୋଘ ପ୍ରତିରକ୍ଷା କବଚ।

ଏଜୁକେଶନ ଅଫିସର, ଆଞ୍ଚଳିକ ବିଜ୍ଞାନ କେନ୍ଦ୍ର
ଭୋପାଳ, ମୋ: ୮୦୧୮୭୦୮୮୫୮

## ଆମ ବୃକ୍ଷଲତା ଆମ ଜୀବନ

**ସୌଭାଗ୍ୟସୁନ୍ଦର**

### ଅରଖ

### ପ୍ରକୃତି-ପରିବେଶ

ଆମର ଅତି ପରିଚିତ 'ଅରଖ'ର ଅନ୍ୟ ନାମ ହେଉଛି ମୁକୁଟ ଫୁଲ। ଭାରତ, ଚୀନ୍, କାମ୍ବୋଡିଆ, ଭିଏତନାମ, ବାଂଲାଦେଶ, ଇଣ୍ଡୋନେସିଆ, ମାଲେସିଆ, ଥାଇଲ୍ୟାଣ୍ଡ, ଶ୍ରୀଲଙ୍କା, ପାକିସ୍ତାନ ଏବଂ ନେପାଳରେ ଏହା ଏକ ସ୍ଥାନୀୟ ଗୁଳ୍ମ ଜାତୀୟ ଉଦ୍ଭିଦ। ୪ ମିଟର ଉଚ୍ଚତା ପର୍ଯ୍ୟନ୍ତ ବଢ଼ିପାରୁଥିବା ଏହି ବଡ଼ ବୁଦାଜାତୀୟ ଉଦ୍ଭିଦ ଶୁଷ୍କ, ପଥୁରିଆ ମାଟିରେ ବଢ଼ିବା ସହିତ ପ୍ରାୟତଃ ମରୁଭୂମି, ରାସ୍ତାକଡ଼ ଏବଂ ଉପକୂଳବର୍ତ୍ତୀ ଅଞ୍ଚଳରେ ଦେଖାଯାଏ। ଫୁଲଗୁଡ଼ିକ ଧଳା କିମ୍ବା ବାଇଗଣି ରଙ୍ଗର। ଏହାକୁ ବୈଜ୍ଞାନିକ ଭାଷାରେ ଗାଇନୋଷ୍ଟେଜିୟମ୍ କୁହାଯାଏ। ଏହାର ଫଳ ଲୋମଶ ବିହନ ସହିତ ଏକ ଯୋଡ଼ା ଫୋଲିକଲ୍, ଯାହା ଶୁଖିଗଲେ ପବନ ଦ୍ୱାରା ବିସ୍ତାରିତ ହୁଏ। ଫୁଲ ଏବଂ ଫଳ ଧରିବା ସମୟ ସାଧାରଣତଃ ନଭେମ୍ବରରୁ ଏପ୍ରିଲ ମାସ।

ଆୟୁର୍ବେଦରେ ଶ୍ୱାସରୋଗ ଜୀବାଣୁ ସଂକ୍ରମଣ, ଲାଲ ଫୁଲା, ଘାଆ, ଯକୃତ ଓ ପ୍ଲୀହା ରୋଗ, ଚର୍ମ ରୋଗ, ଅଜୀର୍ଣ୍ଣ, ରକ୍ତ ସଂଚାଳନରେ ବିଭ୍ରାଟ, ସ୍ନାୟୁରୋଗ, ଜ୍ୱର, ବାନ୍ତି, ହଇଜା. ଭାତୁଡ଼ି, ଅନ୍ତନାଳୀ ଘାଆ, କୃମି, କୋଷ୍ଠକାଠିନ୍ୟ, କୁଷ୍ଠ ରୋଗ ଆଦି ଚିକିତ୍ସାରେ ଅରଖର ବିଭିନ୍ନ ଅଂଶ ଆବଶ୍ୟକ ଅନୁସାରେ ବ୍ୟବହୃତ ହୁଏ। ଅରଖର କ୍ଷୀର ରସ ଗଣ୍ଠିବାତ ରୋଗ, ମାଂସ ପେଶୀ ଯନ୍ତ୍ରଣା, କର୍କଟ ରୋଗ ଓ ସାପ କାମୁଡ଼ା ଚିକିତ୍ସା ପାଇଁ ପ୍ରତିଷେଧକ ଭାବରେ ବ୍ୟବହାର କରାଯାଇଥାଏ। ଏଥିରେ ଗଚ୍ଛିତ ଥିବା ରାସାୟନିକ ଦ୍ରବ୍ୟ କ୍ୟାଲୋଟ୍ରୋପିନକୁ ଗର୍ଭନିରୋଧକ ଭାବରେ ମଧ୍ୟ ବ୍ୟବହାର କରାଯାଏ। ଅରଖର ଏକ ପ୍ରଭାବଶାଳୀ କବକନାଶକ ଏବଂ କୀଟନାଶକ ଗୁଣ ରହିଥିବା ବିଷୟରେ ମଧ୍ୟ ସୂଚନା ରହିଛି। ଅରଖ ରସ ଅନେକ ଶସ୍ୟର ଅଙ୍କୁରୀକରଣ ଏବଂ ଚାରା ବର୍ଦ୍ଧକ ଶକ୍ତିକୁ ପ୍ରଭାବିତ କରେ।

ମୂଳତଃ ଅରଖ ଏକ ବିଷାକ୍ତ ଉଦ୍ଭିଦ। ଏଥିରେ ଗଚ୍ଛିତ ଥିବା ସକ୍ରିୟ ତତ୍ତ୍ୱଗୁଡ଼ିକ ହେଉଛି ଉସଚାରିନ, କାଲୋଟକ୍ସିନ୍, କାଲାକ୍ଟିନ୍ ଓ କାଲୋଟ୍ରୋପିନ୍। ଅରଖର ଲାଟେକ୍ସରେ କାର୍ଡିଆକ୍ ଗ୍ଲାଇକୋସାଇଡ୍, ଫ୍ୟାଟି ଏସିଡ୍ ଓ କ୍ୟାଲସିୟମ୍ ଅକ୍ସାଲେଟ୍ ଥାଏ। ଏହାର ମୂଳରେ କାଲୋଟ୍ରୋପୋନ୍ ମଧ୍ୟ ଥାଏ। ପତ୍ର ଓ କାଣ୍ଡକୁ ସାମାନ୍ୟ ଆଘାତ କିମ୍ବା ଛୁରୀରେ କାଟିଲେ ଘନ କ୍ଷୀର ଭଳି ରସ ବା ଲାଟେକ୍ସ ନିଷ୍କାସନ ହୋଇ ବାହାରିଥାଏ। ଏହି ରସକୁ ତୀର ଦେହରେ ବୋଳି ବିଷ ଭାବରେ ପଶୁ ଶିକାର ପାଇଁ ବ୍ୟବହାର କରାଯାଏ। ମଣିଷ ପାଇଁ ମଧ୍ୟ ଏହା ବିଷାକ୍ତ ଓ ପ୍ରାଣନାଶକ। ଅରଖର ଲାଟେକ୍ସ ଚକ୍ଷୁ ସଂସ୍ପର୍ଶରେ ଆସିଲେ ବ୍ୟକ୍ତି କେରାଟୋକଞ୍ଜଙ୍କଟିଭାଇଟିସ୍ ଦ୍ୱାରା ଆକ୍ରାନ୍ତ ହୁଅନ୍ତି। ଏହା ସଂସ୍ପର୍ଶରେ ଆସିବା ଫଳରେ ଚର୍ମ ଲାଲ ପଡ଼ିଯାଏ ଏବଂ ଭେସିକେସନ୍ ବା ପାଣି ଫୋଟକା ସୃଷ୍ଟି କରେ। ତେଣୁ ଶିଶୁମାନଙ୍କୁ ଅରଖ ଗଛ ଠାରୁ ଦୂରେଇ ରଖିବାକୁ ହେବ।

ଜାପାନୀ ଏନସେଫାଲାଇଟିସ୍ ବା ମସ୍ତିଷ୍କ ପ୍ରଦାହ ପାଇଁ ବାହକ ଭାବରେ କାର୍ଯ୍ୟ କରୁଥିବା କୁଲେକ୍ସ ମଶା ନିୟନ୍ତ୍ରଣ କରିବା ପାଇଁ ଅରଖ ଦକ୍ଷ ଶକ୍ତି ଗୁଣ ପ୍ରଦର୍ଶନ କରୁଥିବା ପ୍ରମାଣ କରାଯାଇଛି। ଅରଖର କାଣ୍ଡରୁ ଏକ ପ୍ରକାର ଦୀର୍ଘ ସ୍ଥାୟୀ ତନ୍ତୁ ଉତ୍ପାଦନ ହୁଏ, ଯାହା ଦଉଡ଼ି, କାର୍ପେଟ, ମାଛ ଧରିବା ଜାଲ ଏବଂ ସିଲାଇ ସୂତା ପାଇଁ ଉପଯୋଗୀ ଅଟେ। ବିହନ ସହିତ ସଂଲଗ୍ନ ଥିବା ପଶମ ସୂତା ବା ତନ୍ତୁ, ତକିଆ, ଶେଜ ଇତ୍ୟାଦିରେ ଷ୍ଟଫିଂ ଭାବରେ ବ୍ୟବହାର କରାଯାଏ। ଅରଖ ରସ ଏବଂ ଲୁଣର ମିଶ୍ରଣରୁ କିଣ୍ୱନ ପ୍ରକ୍ରିୟାରେ ଉତ୍ପନ୍ନ ଉପାଦାନ ଛେଳି ଓ ମେଣ୍ଢା ଚମଡ଼ାରୁ କେଶ ବାହାର କରି ସେମାନଙ୍କ ଚମଡ଼ା ବିଭିନ୍ନ କାର୍ଯ୍ୟରେ ବ୍ୟବହାର କରାଯାଏ, ଯାହା ଶସ୍ତା ବହି ବାଇଣ୍ଡିଂ ପାଇଁ ବହୁଳ ବ୍ୟବହୃତ ହୁଏ। ଅରଖ ଇକୋସିଷ୍ଟମ ବା ପ୍ରାକୃତିକ ପରିସଂସ୍ଥାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରେ। ଏହା ପ୍ରଜାପତି ଏବଂ ପରାଗକ ପାଇଁ ଏକ ମୂଳ ଉଦ୍ଭିଦ। ଜଳବାୟୁର ଯେ କୌଣସି ପରିସ୍ଥିତିରେ ଏହା ବଞ୍ଚିପାରେ।

ଭାରତରେ ମରାଠା ସଂସ୍କୃତି ଦ୍ୱାରା ଟୋଟେମ୍ ବା ପ୍ରତୀକ ଭାବରେ ବ୍ୟବହୃତ ପାଞ୍ଚଟି ଭିନ୍ନ ପତ୍ରର ଏକ ରୀତିଗତ ସଂଗ୍ରହ। ଶିବ ପୁରାଣ ଅନୁସାରେ, ଅରଖ ଫୁଲ ଭଗବାନ ଶିବଙ୍କର ବହୁତ ପସନ୍ଦର ଫୁଲ। ଅରଖ ମଧ୍ୟ ନଅଟି ଜ୍ୟୋତିଷ ଗଛ (ନବଗ୍ରହ ଗଛ)ର ଏକ ପ୍ରମୁଖ ଅଂଶ। ଅରଖ ଫୁଲକୁ ଉତ୍ତର-ପ୍ରଶାନ୍ତ ମହାସାଗରରେ ଅବସ୍ଥିତ ହାୱାଇର ରାଣୀ ଲିଲିଉକଲାନି ପସନ୍ଦ କରିଥିଲେ, ଯିଏ ଏଗୁଡ଼ିକୁ ରାଜକୀୟତାର ପ୍ରତୀକ ବୋଲି ବିବେଚନା କରୁଥିଲେ ଏବଂ ସେଗୁଡ଼ିକୁ ମାଳା କରି ବାନ୍ଧି ବେକରେ ପିନ୍ଧୁଥିଲେ। କାମ୍ବୋଡିଆରେ ଏଗୁଡ଼ିକୁ କଳସ କିମ୍ବା ଅନ୍ତିମ ସଂସ୍କାରରେ ବ୍ୟବହାର କରାଯାଏ। ଇଣ୍ଡୋନେସିଆରେ ଏହାର ଫୁଲକୁ ୱିଦୁରି କୁହାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

■ ରଥଖଳାରୁ...

# ଶେଷ ପର୍ଯ୍ୟାୟରେ ଚକ ନିର୍ମାଣ



ପୁରୀ,୨୫।୫(ସମିସ): ପାଖେଇ ଆସୁଛି ରଥଯାତ୍ରା। ଏଥିପାଇଁ ରଥଖଳାରେ ତିନିରଥ ନିର୍ମାଣ କାର୍ଯ୍ୟ ଦ୍ରୁତଗତିରେ ଚାଲିଛି। ମୁଖ୍ୟ ମହାରଣାଙ୍କ ତତ୍ତ୍ୱାବଧାନରେ କାମ ଆଗଉଛି। ରବିବାର ସୁଦ୍ଧା ତିନିରଥର ୪୨ ଚକ ମଧ୍ୟରୁ ୩୯ଟି ଚକ ନିର୍ମାଣ ଶେଷ ହୋଇଛି। ପ୍ରତ୍ୟେକ ରଥର ଆଉ ଗୋଟିଏ ଲେଖାଏଁ ଚକ ବାକି ଅଛି। ମହାରଣା ସେବକମାନେ ବଳକା ଚକର ପଇ ବିନ୍ଧ ଆରମ୍ଭ କରିଛନ୍ତି। ଭୋଇ ସେବକମାନେ ତିନିରଥ ଶେଷ ଚକର ତୁମ୍ବରେ ସିଙ୍ଗଡ଼ାବାଡ଼ିଆ କାର୍ଯ୍ୟ ଶେଷ କରିଛନ୍ତି। ସୋମବାର ଭୋଇ ସେବକମାନେ ଯନ୍ତା ଗାଡ଼ ବନ୍ଦ କରିବେ। ଅନ୍ୟାନ୍ୟ କାମ ମଧ୍ୟରେ ତିନିରଥର ପ୍ରଥମ ଭୂଇଁ, ଦ୍ୱିତୀୟ ଭୂଇଁ ଏବଂ ଅଗ ଭୂଇଁ ପାଇଁ ଉଦ୍ଦିଷ୍ଟ ୧୨ଟି ଲେଖାଏଁ ୨୦ ଫୁଟିଆ ଚଉପଟ ଭୂଇଁ ଚଉତା କାଠର ବିନ୍ଧ ଅନୁକୂଳ ପୂଜା ମୁଖ୍ୟ ମହାରଣା ସମ୍ପନ୍ନ କରିଛନ୍ତି। ଏହି ଚଉତା କାଠଗୁଡ଼ିକରେ ୫ଟି ଲେଖାଏଁ ପାଖୁଡ଼ା ବିନ୍ଧ କାର୍ଯ୍ୟ ଶେଷ ହୋଇଛି। ଏଥିସହ ତିନି ରଥର ୪ଟି ଯୋକା ନିର୍ମାଣ କାର୍ଯ୍ୟ ମଧ୍ୟ ସରିଛି। ଏହି ୧୮ ଫୁଟିଆ ଯୋକା ପ୍ରତ୍ୟେକ ରଥର ଅଖ, କୁଡୁକା, ଗୟଳ ଏବଂ ନିରାଡିକୁ ମଜଭୁତ୍ କରି ବାନ୍ଧି ରଖିବାରେ ସହାୟକ ହୋଇଥାଏ। ସେହିପରି ପ୍ରତ୍ୟେକ ରଥର ୮ଟି ଲେଖାଏଁ ୨୦ ଫୁଟିଆ ୧୪ ନାହାକାର ଚଉପଟ କାର୍ଯ୍ୟ ଶେଷ ହୋଇ ସେଗୁଡ଼ିକର ଆଠ କଣି କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ତିନି ରଥର ରୂପକାରମାନେ କୋଣ ଗୁଜ ବା ସାଲ ଗୁଜରେ ସିଂହ ବିରାଳ ରୂପ ଖୋଦେଇ ଜାରି ରଖିବା ସହ ରୂପ ଖୋଦେଇ ଶେଷ ହୋଇଥିବା ରୂପଗୁଡ଼ିକର ପଲିସ୍ ଓ ଅଳଙ୍କାର ପକା କାର୍ଯ୍ୟ ଜାରି ରଖିଛନ୍ତି। ଦୋଳବେଦୀ ପରିସର ଅସ୍ଥାୟୀ କମାରଶାଳରେ କମାର ସେବକମାନେ ତିନି ରଥର ଘଡ଼ି ମୁହଁ ଦଣ୍ଡା କଣ୍ଟା, ଦଣ୍ଡା ବିଡ଼ିଆ ଅଗ ପାତେଳି କଣ୍ଟା ନିର୍ମାଣ କରୁଛନ୍ତି। ଦୋଳବେଦୀଠାରେ ପାହି ମହାରଣା ସ୍ନାନ ଯାତ୍ରା ଏବଂ ରଥଯାତ୍ରାରେ ରଥ ଉପରେ ମହାପ୍ରଭୁଙ୍କ ପୂଜାରେ ଆବଶ୍ୟକ କାଠ ନିର୍ମିତ ଉପକରଣମାନ ତିଆରି କରୁଛନ୍ତି।

# ମୌସୁମୀ ଆସିଲା; ଚାଷୀଙ୍କୁ ମିଳିଲାନି ବିହନ

ଭୁବନେଶ୍ୱର,୨୫।୫(ସମିସ): ଏଥର ସଅଳ ଆସିଛି ମୌସୁମୀ। ରାଜ୍ୟବ୍ୟାପୀ ପ୍ରାକ୍ ମୌସୁମୀ ବର୍ଷା ଆରମ୍ଭ ହୋଇଯାଇଛି। ଆଉ ଏଥିପାଇଁ ପ୍ରସ୍ତୁତି ଆରମ୍ଭ କରି ଦେଇଛି ଚାଷୀ। ଜମିକୁ ହଳ କରି ଚାଷ ପାଇଁ ପ୍ରସ୍ତୁତ କରିସାରିଲାଣି। ହେଲେ ରାଜ୍ୟବ୍ୟାପୀ ଏ ପର୍ଯ୍ୟନ୍ତ ଚାଷୀଙ୍କୁ ସରକାରୀ ବିହନ ଠିକ୍ ଭାବେ ମିଳୁନି। ପ୍ରାୟ ଅଧା ଚାଷୀଙ୍କ ପାଖରେ ବିହନ ପହଞ୍ଚି ନ ଥିଲାବେଳେ ସାର ବି ଏପର୍ଯ୍ୟନ୍ତ ଆସିନି। ଫଳରେ ଆରମ୍ଭରୁ ଚିନ୍ତାରେ ପଡ଼ିଲାଣି ଚାଷୀ। ଏପଟେ କୃଷି ଅଧିକାରୀ ସରକାରଙ୍କ ବର୍ଷ ପୂର୍ତ୍ତି କାର୍ଯ୍ୟକ୍ରମ ପାଇଁ ବ୍ୟସ୍ତ ଥିବାବେଳେ ବିଭାଗୀୟ ମନ୍ତ୍ରୀ ମଧ୍ୟ ବିଦେଶ ଗସ୍ତରେ ବୁଲୁଛନ୍ତି। ଯାହାକୁ ନେଇ ଚାଷୀମାନଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

ଓଡ଼ିଶରେ ଅଧିକାଂଶ ଜିଲ୍ଲାର ଚାଷୀ ମୌସୁମୀ ବର୍ଷା ଉପରେ ନିର୍ଭର କରିଥାନ୍ତି। ଅଧାରୁ ଅଧିକ ଜମିକୁ ଜଳସେଚିତ ସୁବିଧା ନ ଥିବାରୁ ରବିରେ ଚାଷବାସ ପ୍ରାୟ ହୁଏନି। ଖରିଫ ଚାଷକୁ ଚାଷୀ ଗୁରୁତ୍ୱ ଦେଉଥିଲା ବେଳେ ଏଥର ଭଲ ବର୍ଷା ହେବ ବୋଲି ପୂର୍ବାନୁମାନ କରାଯାଇଛି। ଏହାକୁ ଦୃଷ୍ଟିରେ ରଖି ଚାଷ ପାଇଁ ଆଗୁଆ ପ୍ରସ୍ତୁତି ଆରମ୍ଭ ହୋଇଛି। ରଜ ପରେ ପରେ ବୁଣାବୁଣି ଆରମ୍ଭ ହେବ। ଧାନ ସହିତ ଡାଲି ଓ ତୈଳବୀଜ ଜାତୀୟ ଫସଲ ପାଇଁ ବିହନ ପକାଇବେ ଚାଷୀ। ରାଜ୍ୟର ୩୦ ଜିଲ୍ଲାରେ ୬୧ ଲକ୍ଷ ୮୦ ହଜାର ହେକ୍ଟର ଚାଷ ଜମି ରହିଛି। ପ୍ରାୟ ୨୦ ପ୍ରତିଶତ ଜମିରେ ଡାଲିଜାତୀୟ ଓ ୧୦ ପ୍ରତିଶତ ଜମିରେ ତୈଳବୀଜ ଚାଷ କରିବାକୁ ଲକ୍ଷ୍ୟ ରଖାଯାଇଛି। ଏଥିପାଇଁ ପ୍ରସ୍ତୁତି ସରିଥିଲେ ମଧ୍ୟ ଚାଷୀଙ୍କ ପାଖରେ ବିହନ



■ ନିଗମରେ ଅଛି; ପାକ୍ସରେ ପହଞ୍ଚୁନି
■ ବର୍ଷପୂର୍ତ୍ତି କାର୍ଯ୍ୟକ୍ରମରେ ବ୍ୟସ୍ତ ଅଧିକାରୀ, ଚାଷୀଙ୍କୁ ପଚାରେ କିଏ?

ପହଞ୍ଚିପାରୁନି। ସରକାର ବିଭିନ୍ନ ପ୍ରାଥମିକ ସେବା ସମବାୟ ସମିତି (ପ୍ୟାକ୍ସ) ମାଧ୍ୟମରେ ବିହନ ଯୋଗାଇବାକୁ ଯୋଜନା କରିଥିଲେ ମଧ୍ୟ ଏ ପର୍ଯ୍ୟନ୍ତ ଚାଷୀଙ୍କ ପାଖରେ ଯଥେଷ୍ଟ ପରିମାଣର ବିହନ ପହଞ୍ଚିନି। କିଛି ପ୍ୟାକ୍ସ ବିହନ ନେଇ ନ ଥିବାରୁ ସମସ୍ୟା ହୋଇଛି। ପୁଣି ପୂର୍ବବର୍ଷ ତୁଳନାରେ ଚଳିତବର୍ଷ ବିହନ ଦାମ୍ ଅଧିକ ପଡୁଥିବାରୁ ଚାଷୀମାନେ ମଧ୍ୟ ହତାଶ ହୋଇଛନ୍ତି। ସବ୍‌ସିଡି ହ୍ରାସ ମଧ୍ୟ ଚାଷୀ ପାଇଁ ଆଉ ଏକ ଚିନ୍ତାର କାରଣ ସାଜିଛି।

ସୂଚନାନୁସାରେ, ଖରିଫରେ ଓଡ଼ିଶା ଚାଷୀଙ୍କୁ ୧୧ ଲକ୍ଷ କ୍ୱିଣ୍ଟାଲ ବିହନର ଆବଶ୍ୟକତା ଥାଏ। ପୂର୍ବରୁ ହେକ୍ଟର ପିଛା ୪୦ରୁ ୫୦ କେଜି ବିହନ ବ୍ୟବହାର କରାଯାଉଥିଲା। ବର୍ତ୍ତମାନ କିନ୍ତୁ ୨୦ କେଜି ବିହନରେ ଆବଶ୍ୟକତା ପୂରଣ ହେଉଛି। ତେଣୁ ଚାହିଦା ୧୫ ଲକ୍ଷରୁ ୧୦ ଲକ୍ଷ କ୍ୱିଣ୍ଟାଲକୁ ହ୍ରାସ ପାଇଛି। ଏଥିରୁ ୪ ଲକ୍ଷ କ୍ୱିଣ୍ଟାଲ ବିହନ ନିଗମ ଦେଇଥାଏ। ନିଗମ ପାଖରେ ବିଭିନ୍ନ କିସମର ବିହନ ଥିବାବେଳେ ଏମକ୍ୟୁ୧୨୧୦, ଏମକ୍ୟୁ୧୨୨୬, ସ୍ୱର୍ଣ୍ଣ, ଶକ୍ତି ଆଦି ବିହନର ଅଧିକ ଚାହିଦା ରହିଛି। କାରଣ ଏହାର ଉତ୍ପାଦନ ହେକ୍ଟର ପିଛା ୪ରୁ ୫ଟନ୍। ହେଲେ ଏହି ବିହନ ସମସ୍ତ ଚାଷୀଙ୍କୁ ଯୋଗାଇବା ସମ୍ଭବ ହେଉନି। ତେଣୁ ଚାଷୀ ନିଜର ଆବଶ୍ୟକତା ମେଣ୍ଟାଇବା ପାଇଁ ନିଜର ସଂରକ୍ଷିତ ବିହନକୁ ମଧ୍ୟ ବ୍ୟବହାର କରୁଛନ୍ତି। ଆଉ କିଛି ଚାଷୀ କମ୍ପାନିର ହାଇବ୍ରିଡ ବିହନ ଉପରେ ନିର୍ଭର କରୁଥିବା ଜଣାପଡ଼ିଛି। ଏହି ବିହନ ଅଧିକାଂଶ ସମୟରେ ଗଜା ହୋଇନଥାଏ। ଫଳରେ ଚାଷୀ କ୍ଷତି ସହିଥାଏ। ତେଣୁ କୃଷି ବିଭାଗ ପକ୍ଷରୁ ନକଲି ବିହନ ଉପରେ ଲଗାମ ଲଗାଇବା ପାଇଁ ଏଜେନ୍ସି ଗୁଡ଼ିକର ଯାଞ୍ଚ କରିଥାଏ। ହେଲେ କାହା ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯାଇ ନଥିଲା। ଏବେ ସରକାରୀ ବିହନ ମିଳିବାରେ ସମସ୍ୟା ହେଲେ ଚାଷୀ ଠକାମୀର ଶିକାର ହେବେ ବୋଲି ଅନୁମାନ କରାଯାଉଛି। ବିହନ ନିଗମ ପାଖରେ ଯଥେଷ୍ଟ ବିହନ ମହଜୁଦ ଥିଲେ ମଧ୍ୟ କିଛି ପାକ୍ସ ବିଳମ୍ବରେ ବିହନ ଉଠାଉଥିବାରୁ ସମସ୍ୟା ହୋଇଛି। ଯେଉଁ ପ୍ୟାକ୍ସରେ ବିହନ ମିଳୁଛି ଚାଷୀମାନେ ତାହା ସଂଗ୍ରହ କରୁଛନ୍ତି। ଯେଉଁ ଅଞ୍ଚଳରେ ପ୍ୟାକ୍ସ ବିହନ ନେଇନାହାନ୍ତି, ସେଠାରେ ଚାଷୀମାନେ ଅସୁବିଧାରେ ପଡ଼ିଛନ୍ତି।

ବିହନ ନିଗମର ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି, ନିଗମ ପାଖରେ ପର୍ଯ୍ୟାପ୍ତ ପରିମାଣର ବିହନ ମହଜୁଦ୍ ରହିଛି। କିନ୍ତୁ ଅନେକ ପାକ୍ସ ବିହନ ନେଇନାହାନ୍ତି। ସପ୍ତାହେ ଭିତରେ ବିହନ ସବୁ ଅଞ୍ଚଳରେ ପହଞ୍ଚିଯିବ। ଏପଟେ ଆରମ୍ଭରୁ ରାସାୟନିକ ସାର ଅଭାବ ଦେଖା ଦେଲାଣି। ଅଧାରୁ ଅଧିକ ପ୍ୟାକ୍ସ କେଜିଏ ହେଲେ ବି ସାର ପାଇନାହାନ୍ତି। ଉଦ୍‌ବେଗର ବିଷୟ, କେତେ ସାର ଦରକାର ସେଥିନେଇ ତାଲିକା ଏୟୁସିସି ବ୍ୟାଙ୍କ ପକ୍ଷରୁ ମାର୍କଫେଡ୍‌କୁ ଦିଆଯାଇନି। ଏଣୁ ଏଥର ସାର ଯୋଗାଣ ବିଳମ୍ବିତ ହେବ ବୋଲି ଆଶଙ୍କା ପ୍ରକାଶ ପାଇଛି। କୃଷି ଅଧିକାରୀ ଚାଷୀଙ୍କ ଏ ସମସ୍ୟାର ସମାଧାନ କରି ଚାଷ କାର୍ଯ୍ୟ ପାଇଁ ସଅଳ ବିହନ ଓ ସାର ଯୋଗାଇବା ପରିବର୍ତ୍ତେ ସରକାରଙ୍କ ବର୍ଷ ପୂର୍ତ୍ତି ଉତ୍ସବର ଗୁଣଗାନରେ ମାତିଛନ୍ତି। ତେଣୁ ପ୍ରାକ୍ ବର୍ଷା ଆରମ୍ଭ ହୋଇଯାଇଥିଲେ ହେଁ ଚାଷୀଙ୍କ ମୁହଁରେ ଖୁସି ଫୁଟି ପାରିନାହିଁ।

ଅବକାରୀ ରାଜସ୍ୱରେ ନିଶା ନିବାରଣ କାର୍ଯ୍ୟକ୍ରମ

# ଅବକାରୀ ଆଭିମୁଖ୍ୟ: କାଠଗଡ଼ାରେ ସରକାର

ଭୁବନେଶ୍ୱର,୨୫।୫(ସମିସ): ରାଜ୍ୟରେ ଆସନ୍ତା ୩୧ ତାରିଖରୁ ବିଧିବଦ୍ଧ ଭାବେ ନିଶା ନିବାରଣ ଅଭିଯାନ ଆରମ୍ଭ ହେବ। ଏହି ଅବସରରେ ସରକାର ଲୋକଙ୍କୁ ନିଶା ସେବନର ଖରାପ ପ୍ରଭାବ ସମ୍ପର୍କରେ ଲୋକଙ୍କୁ ସଚେତନ କରିବେ। ଜୁନ୍ ୨୬ ତାରିଖ ଯାଏଁ ପ୍ରତି ଗାଁରେ ଦାସକାଠିଆ, ଘୋଡା ନାଚ, ଲୋକକଳା ମାଧ୍ୟମରେ ଲୋକଙ୍କ ପାଖରେ ନିଶା ନିବାରଣର ବାର୍ତ୍ତା ପହଞ୍ଚାଇବାକୁ ଅବକାରୀ ବିଭାଗ ଲକ୍ଷ୍ୟ ରଖିଛି। ତେବେ ସରକାରଙ୍କ ଏହି ଅଭିଯାନର ଆନ୍ତରିକତାକୁ ନେଇ ଏବେ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଗୋଟିଏ ପଟେ ରାଜ୍ୟ ସରକାର ଚଳିତ ଆର୍ଥିକ ବର୍ଷରେ ପୂର୍ବ ବର୍ଷ ତୁଳନାରେ ଅଧିକ ଅବକାରୀ ରାଜସ୍ୱ ହାସଲ ଲକ୍ଷ୍ୟ ରଖିଛନ୍ତି। ରାଜ୍ୟରେ ବିଅରଠାରୁ ଆରମ୍ଭ କରି ବିଦେଶୀ ମଦ ବିକ୍ରି ବଢୁଛି। ସେହିପରି ଯଅ, ମାଣ୍ଡିଆ ଓ ବାଜରା ଆଦି କ୍ଷୁଦ୍ରଶସ୍ୟରୁ ମିଲେଟ୍ ମଦ ପ୍ରସ୍ତୁତ ପାଇଁ ସରକାର ଘୋଷଣା କରିଛନ୍ତି। ଏପରିସ୍ଥଳେ କେଉଁ ସ୍ୱାର୍ଥରେ ଓ କାହା ପାଇଁ ସରକାର ନିଶା ନିବାରଣ ଅଭିଯାନ ଆରମ୍ଭ କରିଛନ୍ତି ବୋଲି ବୁଦ୍ଧିଜୀବୀ ଏବଂ ସାଧାରଣ ଲୋକେ ପ୍ରଶ୍ନ କରିଛନ୍ତି।

ନିଶା ନିବାରଣ ପାଇଁ ଅବକାରୀ ବିଭାଗର ଯୋଜନା ଅନୁଯାୟୀ ମେ ୩୧ରୁ ଆରମ୍ଭ ହେବାକୁ ଥିବା ଏହି ଅଭିଯାନରେ ପୁଲିସ, ମିଶନ ଶକ୍ତି, ଉଚ୍ଚ ଶିକ୍ଷା, ଗଣ ଶିକ୍ଷା ଓ ସଂସ୍କୃତି ବିଭାଗ ମିଳିତ ଭାବେ ମାସେ ଧରି ଏହି ପ୍ରଚାର କରିବେ। ସ୍କୁଲ, କଲେଜରେ ରଚନା, ବକ୍ତୃତା, ଚିତ୍ରାଙ୍କନ ପ୍ରତିଯୋଗିତା କରାଯିବ। ମାତ୍ର ଅବକାରୀ ରାଜସ୍ୱ ବୃଦ୍ଧି ଲକ୍ଷ୍ୟ ରଖିଥିବାବେଳେ ସରକାର ନିଶା ନିବାରଣ ନିମନ୍ତେ ସଚେତନତା କାର୍ଯ୍ୟକ୍ରମ କରିବାରେ କେତେ ଯଥାର୍ଥତା ରହିଛି ବୋଲି ପ୍ରଶ୍ନ କରିଛନ୍ତି ବିଭିନ୍ନ ସଂଗଠନ।

ସୂଚନା ଅନୁସାରେ ଓଡ଼ିଶାରେ୨୦୨୨-୨୩ ଆର୍ଥିକ ବର୍ଷରେ ୧୨.୯ କୋଟି ଲିଟର ବିଅର ବିକ୍ରି ହୋଇଥିଲା। ୨୦୨୩-୨୪ ଆର୍ଥିକ ବର୍ଷରେ ଏହା ୧୫.୩୫ କୋଟି ଲିଟରକୁ ବୃଦ୍ଧି ପାଇଛି।

■ ଏପଟେ ରାଜସ୍ୱ ବୃଦ୍ଧି ଲକ୍ଷ୍ୟ, ସେପଟେ ନିଶା ନିବାରଣ ସଚେତନତା
■ ମାଣ୍ଡିଆ, ବାଜରା ଓ କ୍ଷୁଦ୍ରଶସ୍ୟରୁ ମଦ ପ୍ରସ୍ତୁତ ଲାଗି ହୋଇଛି ଯୋଜନା
■ ଆଚରଣ ଓ ଉଚ୍ଚାରଣ ମଧ୍ୟରେ ପ୍ରଭେଦକୁ ନେଇ ଘେରିଲେ ବୁଦ୍ଧିଜୀବୀ
■ ମଦ ବ୍ୟବହାରକୁ ପ୍ରଶ୍ରୟ ଦେଇ ନିଶା ନିବାରଣ ଅଭିଯାନ କାହା ପାଇଁ

ଅନ୍ୟପକ୍ଷରେ ବିଦେଶୀ ବିଅର ବିକ୍ରି ପରିମାଣ ୫.୮୩ କୋଟି ଲିଟରରୁ ୫.୮୮ କୋଟି ଲିଟରକୁ ବୃଦ୍ଧି ପାଇଛି। ୨୦୨୨-୨୩ ଆର୍ଥିକ ବର୍ଷରେ ରାଜ୍ୟ ସରକାରଙ୍କୁ ୬୪୫୫ କୋଟି ଟଙ୍କାର ଅବକାରୀ ରାଜସ୍ୱ ମିଳିଥିବା ବେଳେ ୨୦୨୩-୨୪ରେ ଏହା ୭୨୧୬.୯୯ କୋଟି ଟଙ୍କାକୁ ବୃଦ୍ଧି ପାଇଥିଲା। ଚଳିତ ଆର୍ଥିକ ବର୍ଷରେ ରାଜ୍ୟ ସରକାର ଅବକାରୀ କ୍ଷେତ୍ରରୁ ୮୬୮୦ କୋଟି ଟଙ୍କା ରାଜସ୍ୱ ସଂଗ୍ରହ ହାସଲ କରିବାକୁ ଲକ୍ଷ୍ୟ ରଖିଛନ୍ତି। ଗୋଟିଏ ପଟେ ସରକାର ଲୋକଙ୍କୁ ପରୋକ୍ଷରେ ମଦ ବ୍ୟବହାର କରିବାକୁ ଉତ୍ସାହିତ କରି ଅନ୍ୟପକ୍ଷରେ ନିଶା ନିବାରଣ ସଚେତନତା କରିବାର ଯୌକ୍ତିକତାକୁ ନେଇ ପ୍ରଶ୍ନ ଉଠିଛି।

ବିଜେପି ନିର୍ବାଚନ ପ୍ରଚାର ବେଳେ ରାଜ୍ୟରୁ ମଦ ବନ୍ଦ କରିବାକୁ ପ୍ରତିଶ୍ରୁତି ଦେଇଥିଲା। ପରେ ସାମାଜିକ ସଶକ୍ତିକରଣ ମନ୍ତ୍ରୀ ମଧ୍ୟ ଏହାକୁ ଦୋହରାଇଥିଲେ। ମାତ୍ର ପରେ ସରକାରଙ୍କ ପ୍ରତିଶ୍ରୁତି ପ୍ରତାରଣାରେ ପରିଣତ ହୋଇଛି। ସରକାର ମଦରୁ ଅଧିକ ରାଜସ୍ୱ ଆଦାୟ ଲକ୍ଷ୍ୟ ରଖୁଛନ୍ତି। ଏପରି ସ୍ଥଳେ ଏପରି ଅଭିଯାନର ମାନେ କିଛି ନାହିଁ ବୋଲି ବିଭିନ୍ନ ନିଶା ନିବାରଣ ଅଭିଯାନ ସହ ଜଡ଼ିତ ବ୍ୟକ୍ତିବିଶେଷ ମତ ରଖିଛନ୍ତି। ନିଜ ପ୍ରତିଶ୍ରୁତିକୁ ରକ୍ଷା କରି ସମଗ୍ର ରାଜ୍ୟ କିପରି ନିଶାମୁକ୍ତ ହୋଇପାରିବ, ସେନେଇ ସରକାର ପଦକ୍ଷେପ ଗ୍ରହଣ କରନ୍ତୁ ବୋଲି ଗାନ୍ଧୀବାଦୀ ପ୍ରହ୍ଲାଦ ସିଂ ଦାବି କରିଛନ୍ତି। ସୂଚନାଯୋଗ୍ୟ ଯେ ସାରା ରାଜ୍ୟରେ ବର୍ତ୍ତମାନ ଚୋରା ନିଶା କାରବାର ବଢ଼ି ବଢ଼ି ଚାଲିଥିବା ବେଳେ ରାଜ୍ୟରେ ଧଳା ଜହର ବେପାର ମଧ୍ୟ ଯୁବପିଢ଼ିଙ୍କୁ ବେଶ୍ ପଥଭ୍ରଷ୍ଟ କରୁଛି। ସମାନ ସମୟରେ ରାଜ୍ୟରେ ମଦ ବନ୍ୟା ମଧ୍ୟ ସାମାଜିକ ଅଶାନ୍ତିର କାରଣ ପାଲଟୁଛି। ସରକାର ସତରେ ଯଦି ନିଶା ନିବାରଣ କରିବାକୁ ଆନ୍ତରିକତା ରଖୁଛନ୍ତି, ତାହେଲେ ସମ୍ପୂର୍ଣ୍ଣ ପ୍ରତିବଦ୍ଧତାର ସହ ଏହାକୁ ନି ଆଚରଣରେ ପ୍ରଦର୍ଶନ କରିବାର ଆବଶ୍ୟକତା ରହିଛି ବୋଲି ସାଧାରଣରେ ମତ ପ୍ରକାଶ ପାଇଛି।

ମୁଖ୍ୟମନ୍ତ୍ରୀଙ୍କୁ ଖୋଲା ଚିଠି

# ଅସ୍ଥାୟୀ ଶେଡ୍ ପାଇଁ ୧ କୋଟି ଅପବ୍ୟୟ କାହିଁକି?

ପୁରୀ,୨୫।୫(ସମିସ): ରଥଯାତ୍ରା ଡ୍ୟୁଟିରେ ଆସୁଥିବା ପୁଲିସଙ୍କ ରହଣି ନିମନ୍ତେ ତିଆରି ହେବ ୨ଟି ଅସ୍ଥାୟୀ ଫେବ୍ରିକେଟେଡ୍ ଶେଡ୍। ଟେଣ୍ଡର ମାଧ୍ୟମରେ ଏହି କାମ ଦିଆଯିବାକୁ ଥିବାବେଳେ ବ୍ୟୟ ହେବ ୮୯ ଲକ୍ଷ ୪୭ହଜାର ୬୩୫ ଟଙ୍କା। ତେବେ ଏହାକୁ ନେଇ ସାଧାରଣରେ ବିଭିନ୍ନ ପ୍ରକାର ଚର୍ଚ୍ଚା, ଆଲୋଚନା ହେଉଛି। ଅସ୍ଥାୟୀ ଶେଡ୍ ପାଇଁ ଏତେ ଟଙ୍କା କାହିଁକି ଖର୍ଚ୍ଚ କରୁଛନ୍ତି ସରକାର। ସେହି ଅର୍ଥରେ ସ୍ଥାୟୀ କୋଠା ନିର୍ମାଣ କରିଦେଲେ ପ୍ରତିବର୍ଷ ବାହାରୁ ଆସୁଥିବା ପୁଲିସ ଅଧିକାରୀ ଓ କର୍ମଚାରୀଙ୍କ ରହଣି ସମସ୍ୟା ରୁହନ୍ତା ନାହିଁ ବୋଲି ମତ ଦେଉଛନ୍ତି। ଏଭଳି ସ୍ଥିତିରେ ରବିବାର ମୁଖ୍ୟମନ୍ତ୍ରୀଙ୍କୁ ଖୋଲା ଚିଠି ଲେଖିଛନ୍ତି ଓଡ଼ିଶା ଯୁବ ଚେତନା ସଂଗଠନର ରାଜ୍ୟ ସଭାପତି ବଦ୍ରି ମିଶ୍ର। ଚିଠିରେ ସେ ଦର୍ଶାଇଛନ୍ତି, ଯଦି ଆମେ ଲୋକଙ୍କ ସରକାର ବୋଲି କହୁଛେ, ତେବେ ରଥଯାତ୍ରାରେ ପୁଲିସ ରହଣି କେନ୍ଦ୍ର ପାଇଁ ସରକାର କାହିଁକି ୮୯ଲକ୍ଷ ୪୭ହଜାର ୬୩୫ଟଙ୍କା ଅପବ୍ୟୟ କରୁଛନ୍ତି? ପୁରୀରେ ଅନେକ ସରକାରୀ ଜାଗା ଓ ଶ୍ରୀମନ୍ଦିରର ଜମି ରହିଛି। ଏହିଭଳି ଅନେକ ଜମି ଜବରଦଖଲରେ ବି ରହିଛି। ତାହାକୁ ଚିହ୍ନଟ କରି ସେଥିମଧ୍ୟରୁ ଉପଯୁକ୍ତ ଜମିରେ କୋଟିଏ ଟଙ୍କା ଖର୍ଚ୍ଚ କଲେ ତାହା ପ୍ରତିବର୍ଷ ପାଇଁ ରଥଯାତ୍ରା ଡ୍ୟୁଟିରେ ଆସୁଥିବା କର୍ତ୍ତବ୍ୟରତ ପୁଲିସମାନଙ୍କ ସ୍ଥାୟୀ ରହଣିସ୍ଥଳ ହୋଇପାରିବ। ସେଠାରେ କିଛି ଶୌଚାଳୟ ସହ ପିଇବା ପାଣିର ବ୍ୟବସ୍ଥା ହୋଇଗଲେ ବର୍ଷର ଅନ୍ୟ ଦିନମାନଙ୍କରେ ବହିରାଗତ ଗରିବ ଯାତ୍ରୀମାନେ ମଧ୍ୟ ଅଳ୍ପ ଦେୟରେ ଉପକୃତ ହୋଇପାରିବେ। ଫଳରେ ସରକାରଙ୍କ ଏହି ଟଙ୍କା ଠିକଣା ବାଟରେ ବିନିଯୋଗ ହେବା ସହ ଦୂରଦୂରାନ୍ତରୁ ଆସୁଥିବା ଗରିବ ଯାତ୍ରୀମାନେ ପୁରୀରେ ପକେଟ୍‌କୁ ସୁହାଇଲା ଭଳି ଖର୍ଚ୍ଚରେ ରହି ଭଲ ଅନୁଭୂତି ନେଇ ଫେରିବେ। ଏହା ନିଶ୍ଚିତ ଓଡ଼ିଶା ତଥା ପୁରୀ ପାଇଁ ଏକ ଗର୍ବର ବିଷୟ ହେବ। ଶ୍ରୀ ମିଶ୍ର ରାସ୍ତା ଓ ନିର୍ମାଣ ବିଭାଗର ବିଜ୍ଞପ୍ତି ୦୬/୨୦୨୫-୨୬ର ସୂଚନା ସହିତ ଉଲ୍ଲେଖ କରିଛନ୍ତି ଯେ ଯେହେତୁ ସରକାର ଜନଗଣଙ୍କର ତେଣୁ ସରକାର ଟେଣ୍ଡର କରିବା ପୂର୍ବରୁ ଏଭଳି ଅପବ୍ୟୟ ଉପରେ ଜନଶୁଣାଣି କରିବା ଆବଶ୍ୟକ ହୋଇପଡ଼ିଛି।

ସୂଚନାଥାଉ କି, ପୁରୀ ରଥଯାତ୍ରାକୁ ଲକ୍ଷ ଲକ୍ଷ ସଂଖ୍ୟାରେ ଶ୍ରଦ୍ଧାଳୁ ଆସିଥା’ନ୍ତି। ତେଣୁ ଶାନ୍ତିଶୃଙ୍ଖଳା ରକ୍ଷା ଏବଂ ଭକ୍ତଙ୍କ ଶୃଙ୍ଖଳିତ ଦର୍ଶନ ସାଙ୍ଗକୁ ଟ୍ରାଫିକ୍ ସୁପରିଚାଳନା ପାଇଁ ହଜାର ହଜାର ସଂଖ୍ୟାରେ ପୁଲିସ ଅଧିକାରୀ ଓ କର୍ମଚାରୀଙ୍କୁ ପୁରୀ ଅଣାଯାଇଥାଏ। ଅଧିକାରୀମାନଙ୍କ ପାଇଁ ବିଭିନ୍ନ ହୋଟେଲରେ ରୁମ୍ ନିଆଯାଏ। କର୍ମଚାରୀମାନେ ପୁଲିସ ବାରାକ୍, ଅବକାଶ ସମେତ ବିଭିନ୍ନ ଶିକ୍ଷାନୁଷ୍ଠାନରେ ରହିଥା’ନ୍ତି। ବିଶେଷକରି ସ୍ନାନ ପୂର୍ଣ୍ଣିମା ଗୋଟିଏ ଦିନ ସରିବା ପରେ ଅଧିକାରୀ ଓ କର୍ମଚାରୀ ପଳାଇ ଯାଆନ୍ତି। ଏହାପରେ ରଥଯାତ୍ରା ଦୁଇ/ତିନିଦିନ ପୂର୍ବରୁ ପୁଣି ଆସି ନୀଳାଦ୍ରିବିଜେ ପର୍ଯ୍ୟନ୍ତ ରୁହନ୍ତି। ଏମିତି ଦେଖିଲେ ମୋଟ୍ ୧୯ ଦିନ ରହିଥା’ନ୍ତି ପୁଲିସ ଅଧିକାରୀ ଓ କର୍ମଚାରୀ। ତେବେ ସେମାନଙ୍କ ପାଇଁ ସ୍ଥାୟୀ ରହଣିସ୍ଥଳ ହୋଇଗଲେ ବିଭିନ୍ନ ଶିକ୍ଷାନୁଷ୍ଠାନରେ ପିଲାଙ୍କ ପାଠପଢ଼ା ବି ବ୍ୟାଘାତ ହୁଅନ୍ତା ନାହିଁ।



# ଶିବଗଙ୍ଗାରେ ବୁଡ଼ିଗଲେ ଚାରି ଛାତ୍ର

■ ଭଦ୍ରକ/ଆରଡି,୨୫।୫(ସମିସ): ବାବା ଆଖଣ୍ଡଳମଣିଙ୍କ ପୀଠରେ ଥିବା ଶିବଗଙ୍ଗା ପୁଷ୍କରିଣୀରେ ବୁଡ଼ି ଯିବାରୁ ଜଣେ ଛାତ୍ରଙ୍କ ମୃତ୍ୟୁ ଘଟିଛି। ଏଥିରେ ୩ ଜଣଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରାଯାଇଛି। ରବିବାର ସକାଳୁ ଭଦ୍ରକ ଜାନୁଗଞ୍ଜରେ ରହୁଥିବା ୪ଜଣ ଛାତ୍ର ସାଙ୍ଗ ହୋଇ ବାବା ଆଖଣ୍ଡଳମଣିଙ୍କ ଦର୍ଶନ ଆସିଥିଲେ। ଦର୍ଶନ ପୂର୍ବରୁ ପୀଠରେ ଥିବା ଶିବଗଙ୍ଗା ପୁଷ୍କରିଣୀରେ ୪ଜଣ ସାଙ୍ଗ ମିଳିମିଶି ଗାଧୋଇଥିବା ସମୟରେ ଗୋଡ ଖସିଯିବାରୁ ଅକାତ ପାଣିରେ ପୁଷ୍କରିଣୀ ଭିତରକୁ ଚାଲିଯାଇଥିଲେ। ଉପସ୍ଥିତ ଥିବା ସ୍ଥାନୀୟ ଲୋକ ସମସ୍ତ ୪ଜଣଙ୍କୁ ଉଦ୍ଧାର କରିଥିଲେ ମଧ୍ୟ ଜଣଙ୍କର ଅବସ୍ଥା ସଂକଟାପନ୍ନ ଥିବାରୁ ଆମ୍ବୁଲାନ୍ସ ଯୋଗେ ଆରଡି ମେଡିକାଲକୁ ନେଇଥିଲେ। ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତ ଛାତ୍ର ଧାମନଗର ସୋହଡା ଅଞ୍ଚଳର

ଜଣେ ମୃତ, ୩ ଉଦ୍ଧାର

ଦେବବ୍ରତ ମିଶ୍ର (୨୪) ଭଦ୍ରକ ସ୍ୱୟଂଶାସିତ କଲେଜରେ +୩ ୨ବର୍ଷର ଛାତ୍ର। ଜାନୁଗଞ୍ଜର ଏକ ମେସରେ ରହି ପାଠ ପଢୁଥିଲେ। ଅନ୍ୟ ୩ଜଣ ଛାତ୍ରଙ୍କୁ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ସୁସ୍ଥ ହେବା ପରେ ତାଙ୍କୁ ଘରକୁ ପଠାଇ ଦିଆଯାଇଛି।

ସୂଚନାଅନୁଯାୟୀ ଶିବଗଙ୍ଗା ପୁଷ୍କରିଣୀ ଚତୁଃପାର୍ଶ୍ୱରେ ପାହାଚ ନିର୍ମାଣ କାର୍ଯ୍ୟ ଠିକ ଭାବେ ହୋଇନଥିବାରୁ ଏପରି ଘଟଣା ବାରମ୍ବାର ଘଟୁଛି ବୋଲି ସ୍ଥାନୀୟ ଲୋକ କହିଛନ୍ତି। ଏପରିକି ୪ବର୍ଷ ମଧ୍ୟରେ ପୁଷ୍କରିଣୀରେ ୪ଜଣ ବୁଡିଯାଇ ମୃତ୍ୟୁବରଣ କଲେଣି। ନିକଟରେ ୨ମାସ ତଳେ ଜଣେ ଛୋଟ ପିଲା ପୁଷ୍କରିଣୀକୂଳରେ ଖେଳୁଥିବା ବେଳେ। ଗୋଡ ଖସିଯିବାରୁ ମୃତ୍ୟୁ ଘଟିଥିଲା। ପୁଷ୍କରିଣୀ ଚତୁଃପାର୍ଶ୍ୱରେ ଥିବା ସ୍ଥାୟୀ ଆଲୋକ ଅକାମୀ ହୋଇପଡିଥିବାରୁ ସନ୍ଧ୍ୟା ହେଲେ ଅନ୍ଧକାରମୟ ହୋଇ ପଡୁଛି ପୁଷ୍କରିଣୀ କୂଳ। ପୁଷ୍କରିଣୀ ଘାଟ ଓ ଚତୁଃପାର୍ଶ୍ୱର ଉନ୍ନତିକରଣ ପାଇଁ କୋଟିକୋଟି ଟଙ୍କା ଖର୍ଚ୍ଚ ହେଉଥିଲେ ମଧ୍ୟ ଠିକ ଭାବେ କାର୍ଯ୍ୟ ହେଉନଥିବାରୁ ମୂଲ୍ୟବାନ ଜୀବନ ଚାଲିଯାଉଛି। ଏହାର ସ୍ଥାୟୀ ପ୍ରତିକାର କରାନଗଲେ ଆଗାମୀ ଦିନରେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ସ୍ଥାନୀୟ ଲୋକ କହିଛନ୍ତି।

■ ସରକାରୀ କର୍ମଚାରୀଙ୍କ ଉପରେ ଲଗାମ୍

# ସାଢ଼େ ୫ ପୂର୍ବରୁ ଅଫିସ ଛାଡ଼ିବା ମନା

ଭୁବନେଶ୍ୱର,୨୫।୫(ସମିସ): ଏଣିକି ସାଢ଼େ ୫ ପୂର୍ବରୁ ଅଫିସ ଛାଡ଼ିପାରିବେ ନାହିଁ ସରକାରୀ କର୍ମଚାରୀ। ନିଜ ବିଭାଗର କର୍ମଚାରୀଙ୍କ ପାଇଁ ଏଭଳି କିଛି ନିର୍ଦ୍ଦେଶନାମା ଜାରି କରିଛି ରାଜ୍ୟ ଗ୍ରାମ୍ୟ ଉନ୍ନୟନ ବିଭାଗ। ନିର୍ଦ୍ଦେଶନାମାରେ କୁହାଯାଇଛି ଯେ କର୍ମଚାରୀମାନେ ୧୦ଟା ବେଳେ ଅଫିସ ଆସିବେ ଓ ୫ଟା ୩୦ ପୂର୍ବରୁ ଅଫିସ୍ ଛାଡ଼ି ପାରିବେ ନାହିଁ। କର୍ମଚାରୀମାନେ ସର୍ବନିମ୍ନ ସାଢେ ୭ ଘଣ୍ଟା ଅଫିସରେ ରହିବାକୁ ବାଧ୍ୟତାମୂଳକ ଭାବେ ଦର୍ଶାଯାଇଛି। ଏହାସହ ବାୟୋ-ମେଟ୍ରିକ୍ ଜରିଆରେ କର୍ମଚାରୀ ଅଫିସ ପ୍ରବେଶ ଓ ପ୍ରସ୍ଥାନ କରିବେ। ଯଦି ବାୟୋମେଟ୍ରିକ ସଠିକ ଭାବେ କାର୍ଯ୍ୟକାରୀ ନ ହୁଏ, ଅର୍ଥାତ୍ ପ୍ରବେଶ ଓ ପ୍ରସ୍ଥାନ ସମୟରେ ବ୍ୟତିକ୍ରମ ହୁଏ ତେବେ ସମ୍ପୃକ୍ତ କର୍ମଚାରୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ହେବ ବୋଲି ଏଥିରେ ଦର୍ଶାଯାଇଛି।

ସାଢ଼େ ୭ ଘଣ୍ଟା କାର୍ଯ୍ୟ ବାଧ୍ୟତାମୂଳକ

## ଅବଶିଷ୍ଟାଂଶ...

### ଭାଙ୍ଗିବ ଗରିବଙ୍କ...

କେନ୍ଦ୍ରରୁ ୪୩୧୦ କୋଟି ଟଙ୍କା ଅନୁଦାନ ପାଇଥିଲା। ମାତ୍ର ବିଜେପି ସରକାର ଗଠନ ପରେ ୨୦୨୪-୨୫ ଆର୍ଥିକ ବର୍ଷରେ ଏହି ଅନୁଦାନ ୮୨୫ କୋଟି ଟଙ୍କାକୁ ହ୍ରାସ ପାଇଛି। ଯାହା କି ପୂର୍ବବର୍ଷର ଅନୁଦାନର ୨୫ ପ୍ରତିଶତରୁ କମ୍ ବୋଲି କୁହାଯାଉଛି। ଏକପକ୍ଷରେ ପୂର୍ବ ସରକାରଙ୍କ ଦ୍ୱାରା ପ୍ରଚଳିତ ବିଜୁ ପକ୍କା ଘର ଯୋଜନାକୁ ବନ୍ଦ କରି ଦିଆଯାଇଥିବାବେଳେ କେନ୍ଦ୍ରୀୟ ଅନୁଦାନ ହ୍ରାସ ଯୋଗୁଁ ପ୍ରଧାନମନ୍ତ୍ରୀ ଆବାସ ମଧ୍ୟ ଯୋଗାଇ ଦିଆଯାଇ ପାରୁନାହିଁ। ଫଳରେ ଗ୍ରାମାଞ୍ଚଳର ବହୁ ଗରିବ ଲୋକମାନେ ଏବେ ବି ପକ୍କାଘର ପାଇଁ ସରକାରଙ୍କ ଦୟାକୁ ଚାହିଁଛନ୍ତି। ଆଦିବାସୀ ଅଧ୍ୟୁଷିତ ଅଞ୍ଚଳର ଗରିବ ଲୋକ ଓ ଫନି ପ୍ରଭାବିତ କ୍ଷତିଗ୍ରସ୍ତମାନେ ମଧ୍ୟ ‘ଆବାସ’କୁ ଚାହିଁ ଚାହିଁ ନିରାଶ ହୋଇଛନ୍ତି। କେବଳ ପ୍ରଧାନମନ୍ତ୍ରୀ ଆବାସ ଯୋଜନା (ଗ୍ରାମୀଣ) ନୁହେଁ, ଏହି ଯୋଜନାରେ ସହରାଞ୍ଚଳର ଗରିବମାନେ ମଧ୍ୟ ପ୍ରଭାବିତ ହୋଇଛନ୍ତି। ଗତ ଆର୍ଥିକ ବର୍ଷରେ ଓଡ଼ିଶାକୁ ପ୍ରଧାନମନ୍ତ୍ରୀ ଆବାସ (ସହରୀ) ଯୋଜନାରେ ମାତ୍ର ୭୩ ଲକ୍ଷ ଟଙ୍କା ମିଳିଛି। ବିଜେଡି ସରକାରଙ୍କ ଶେଷ ବର୍ଷରେ ଏହି ଯୋଜନାରେ ଓଡ଼ିଶା ୨୯୬ କୋଟି ଟଙ୍କା ଅନୁଦାନ ପାଇଥିଲା, ମାତ୍ର ବିଜେପି ସରକାରଙ୍କ ପ୍ରଥମବର୍ଷରେ ମାତ୍ର ୭୩ ଲକ୍ଷ ଟଙ୍କା କେନ୍ଦ୍ରୀୟ ଅନୁଦାନ ପ୍ରାପ୍ତି ଡ଼ବଲ ଇଞ୍ଜିନ୍ ସରକାରଙ୍କ ବିକାଶ ଆନ୍ତରିକତାକୁ ସ୍ପଷ୍ଟ କରିଦେଇଛି।

ସମ୍ପ୍ରତି ରାଜ୍ୟ ସରକାର ଅନ୍ତ୍ୟୋଦୟ ଗୃହ ଯୋଜନା କାର୍ଯ୍ୟକାରୀ କରିବାକୁ ନିଷ୍ପତ୍ତି ନେଇଛନ୍ତି ଓ ଆଗାମୀ ୩ ବର୍ଷ ମଧ୍ୟରେ ଏହି ଯୋଜନାରେ ୧ ଲକ୍ଷ ଗୃହ ନିର୍ମାଣ କରାଯିବ ବୋଲି ରାଜ୍ୟ ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ରବି ନାରାୟଣ ନାୟକ ସୂଚନା ଦେଇଛନ୍ତି। ଏଥିପାଇଁ ଚଳିତ ବର୍ଷ ବଜେଟ୍‌ରେ ମଧ୍ୟ ୨୬୦୦ କୋଟି ଟଙ୍କା ବରାଦ କରାଯାଇଛି। ମାତ୍ର ବିଡ଼ମ୍ବନା ହେଉଛି ଏହି ଗୃହକୁ ନେଇ ଗ୍ରାମାଞ୍ଚଳରେ ରାଜନୀତି ଆରମ୍ଭ ହୋଇଛି। ଶାସକ ଦଳର ବିଧାୟକଙ୍କ ସୁପାରିସ ନ ହେଲେ ଏହି ଗୃହ ମିଳିବ ନାହିଁ ବୋଲି ସରକାରୀ ଅଧିକାରୀମାନେ ସଫାସଫା ମନା କରି ଦେଉଛନ୍ତି। ଏକ ପକ୍ଷରେ କେନ୍ଦ୍ରୀୟ ଅନୁଦାନ ହ୍ରାସ ଓ ଅନ୍ୟପକ୍ଷରେ ଶାସକ ଦଳର ଅନ୍ତ୍ୟୋଦୟ ରାଜନୀତି ରାଜ୍ୟର ଗୃହହୀନ ଗରିବ ଲୋକମାନଙ୍କ ପାଇଁ ସମସ୍ୟାରେ ପରିଣତ ହୋଇଛି।

### ସାତ ଦିନରେ...

ସକାଳେ ପାଇଖାନା ଯିବ କହି ଘରୁ ଯାଇଥିଲା ବେଳେ ଆଉ ଫେରି ନ ଥିଲା। ଘରକୁ ନ ଫେରିବାରୁ ପରିବାର ଲୋକେ ଖୋଜା ଖୋଜି କରି ପାଇନଥିଲେ। ତା ପର ଦିନ ଗାଁ ଠାରୁ ୨୫ କିଲୋମିଟର ଦୂର ଘୋବରଘଟା ସିଟ ଛକଠାରେ ବସିଥିବା ଦେଖି ଗ୍ରାମବାସୀ ତାର ଠିକଣା ଜାଣିବା ପରେ ଗାଁକୁ ପଠାଇବାର ବ୍ୟବସ୍ଥା କରିଥିଲେ। ନାବାଳିକା ଘରେ ପହଞ୍ଚିବା ପରେ ବଡ଼ ମା’ଙ୍କୁ ଦୁଷ୍କର୍ମ ସମ୍ପର୍କରେ କହିବା ପରେ ପରିବାର ଲୋକେ ହାତୀଗଡ଼ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଣିଥିଲେ। ସେଠାରେ ଡାକ୍ତର ଦୁଷ୍କର୍ମ ଆଶଙ୍କା କରି ରାଇବଣିଆ ଥାନାକୁ ଜଣାଇ ଥିଲେ। ସନ୍ଧ୍ୟାରେ ପରିବାର ପକ୍ଷରୁ ଥାନାରେ ଅଭିଯୋଗ ପରେ ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ପରେ ରାଇବଣିଆ ଅଞ୍ଚଳର ଜଣେ ଯୁବକଙ୍କୁ ପୁଲିସ ଗିରଫ କରିଛି। ଏହାର ଦୁଇଦିନ ପରେ ଭୋଗରାଇ ଥାନା ଅନ୍ତର୍ଗତ ଲକ୍ଷ୍ମୀ ପାଟଣା ଅଞ୍ଚଳରେ ଜନୈକ ନାବାଳିକା ଛାତ୍ରୀଙ୍କୁ ଗଣଦୁଷ୍କର୍ମ କରି ହତ୍ୟା ଅଭିଯୋଗ ହୋଇଛି।

ଘରେ ଏକୁଟିଆ ଥିବାର ସୁଯୋଗ ନେଇ ଦୁର୍ବୃତ୍ତମାନେ ସମ୍ପୃକ୍ତା ଛାତ୍ରୀଙ୍କୁ ଗଣ ବଳାତ୍କାର କରି ହତ୍ୟା କରିଥିଲା ବେଳେ ଏହାକୁ ଆତ୍ମହତ୍ୟା ରୂପ ଦେବାପାଇଁ ଶୋଇବା ଘରେ ବେକରେ ରଶି ଲଗାଇ ଟାଙ୍ଗି ଦେଇଥିଲେ। ଏହି ଘଟଣାରେ ଜଣେ ଅଭିଯୁକ୍ତକୁ ପୁଲିସ ଅଟକ ରଖି ତଦନ୍ତ ଚଳାଇଛି। ଏହାପରେ ବ୍ଲକର ତାଳସାରି ଥାନା ଅଧୀନ ଉଦୟପୁର ଅଞ୍ଚଳରେ ଜୈନିକା ଜଣେ ବିବାହିତା ମହିଳାକୁ ଗତ ମଙ୍ଗଳବାର ଦିନ ଦ୍ୱିପ୍ରହରରେ ଜଣେ ଯୁବକ ନିସ୍ତୁକ ମାଡ଼ ମାରି ଦୁଷ୍କର୍ମ ଉଦ୍ୟମ କରିଥିବା ନେଇ ଗୁରୁବାର ଦିନ ଥାନାରେ ଅଭିଯୋଗ ହୋଇଥିଲା। ଅଭିଯୋଗକୁ ଭିତ୍ତି କରି ତାଳସାରି ସାମୁଦ୍ରିକ ଥାନା ପୁଲିସ ଘଟଣାର ତଦନ୍ତ କରୁଥିବା ବେଳେ ଏପର୍ଯ୍ୟନ୍ତ ପୁଲିସ ଅଭିଯୁକ୍ତକୁ ଧରିବାରେ ସକ୍ଷମ ହୋଇ ନଥିବା ଜଣାପଡ଼ିଛି। ତମାମ ଅଞ୍ଚଳରେ ଏଭଳି ଜଘନ୍ୟ ଅପରାଧ ଘଟୁଥିଲା ବେଳେ ଆଇନ ଶୃଙ୍ଖଳା ସମ୍ପୂର୍ଣ୍ଣ ଭୁଶୁଡ଼ି ପଡ଼ିଥିବା ବୁଦ୍ଧିଜୀବୀଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇଛି।

### ଟ୍ରେନ୍ ଧକ୍କାରେ...

ଠିକା ଶ୍ରମିକ କେବୁଲ୍ ଲାଇନ୍ କାର୍ଯ୍ୟ କରୁଥିବା ସମୟରେ ହଠାତ୍ ଟ୍ରେନ ଆସିଗଲା। ଟ୍ରେନ୍ ଆସିବାରୁ ଅନ୍ୟ ଶ୍ରମିକମାନେ ଦୌଡା ଦୌଡ଼ି ହୋଇ ପଳାଇବା ବେଳେ ଦୁଇ ଜଣଙ୍କୁ ଟ୍ରେନ ଧକ୍କା ଦେଇଥିଲା। ଘଟଣା ସ୍ଥଳରେ ଦୁଇ ଜଣଙ୍କର ମୃତ୍ୟୁ ଘଟିଥିଲା। ପରେ ରେଲୱେ ପୁଲିସ ଆସି ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ଦାନଗଦି ଡାକ୍ତରଖାନାକୁ ପଠାଇଥିଲେ।


SALE
Booking Open 2/3 BHK Flats BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara, GADHWAL HEIGHTS, Gautam Nagar, Bhubaneswar.
Contact
GADHWAL GROUP
M.: 9437015112

AFFIDAVIT
I, Alema Parween, W/o- Shaikh Riyazuddin, resident of Chandpur, Po/Ps- Brahmabarada, Dist-Jajpur, Pin-755005 Odisha decl-are by this affidavit No.4672 dtd.- 21/05/2025 that now onwards I shall be known as ALEMA BIBI for all future purposes.

ସକାଳ THE SAKALA



# ଜମି ବିବାଦକୁ ନେଇ ମାଆ ଓ ଝିଅଙ୍କୁ ଆକ୍ରମଣ

ବୈପାରିଗଡ଼ା,୨୫।୫(ସମିସ):



ବୈପାରୀଗୁଡ଼ା ବ୍ଲକ ଅନ୍ତର୍ଗତ ପୂଜାରୀଗୁଡା ପଞ୍ଚାୟତର ଗୁମ୍ମା ଗ୍ରାମରେ ଜମି ବିବାଦକୁ ନେଇ ପାରିବାରିକ ଗଣ୍ଡଗୋଳରେ ମାଆ ଓ ଝିଅ ଆହତ ହୋଇଛନ୍ତି। ଦୁଇ ଦେଢ଼ ଶାଶୁଙ୍କ ବିରୋଧରେ ଥାନାରେ ଏତଲା ଦେଲେ ଆହତ ଜି. ଲକ୍ଷ୍ମୀ। ଏତଲା ଅନୁଯାୟୀ , ଆହତ ଜି. ଲକ୍ଷ୍ମୀଙ୍କ ଦୁଇ ଦେଢ଼ ଶାଶୁ ଏ. ସଙ୍ଗିମ ଏବଂ କାନ୍ତା ଗୁମ୍ମା ଗ୍ରାମର ଲକ୍ଷ୍ମୀଙ୍କ ଘରକୁ ଆସି ପାଟିତୁଣ୍ଡ କରିଥିଲେ। ଜମିବାଡ଼ି ଛାଡ଼ି ଅନ୍ୟତ୍ର ଚାଲିଯିବା ପାଇଁ କହି ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିବା ସହ ଝଗଡ଼ା ଆରମ୍ଭ କରିଥିଲେ ଦୁଇ ଦେଢ଼ ଶାଶୁ ଏ. ସଙ୍ଗିମ ଏବଂ କାନ୍ତା । ଏହାକୁ ନେଇ ଦୁଇ ପରିବାର ମଧ୍ୟରେ ଝଗଡ଼ା ହୋଇଥିଲା। ଏକ ପଥରରେ ଲକ୍ଷ୍ମୀଙ୍କ ଝିଅ ପୁଷ୍ପାର ମୁଣ୍ଡରେ ପ୍ରଥମେ ଆକ୍ରମଣ ପରେ ଲକ୍ଷ୍ମୀ କୁ ଆକ୍ରମଣ ହୋଇଥିଲା। ଫଳରେ ଉଭୟ ମାଆ ଲକ୍ଷ୍ମୀ ଏବଂ ଝିଅ ପୁଷ୍ପାର ମୁଣ୍ଡ ଫାଟି ଯାଇଥିଲା। ଆହତ ଦୁଇଜଣଙ୍କୁ ଚିକିତ୍ସା ପାଇଁ ବୈପାରିଗୁଡା ମେଡ଼ିକାଲରେ ଭର୍ତ୍ତି କରାଯାଇଥିଲା। ମେଡ଼ିକାଲରେ ପ୍ରାଥମିକ ଚିକିତ୍ସା ପରେ ଜି. ଲକ୍ଷ୍ମୀ ଆକ୍ରମଣ ଘଟଣାକୁ ନେଇ ଥାନାରେ ଏତଲା ଦେଇଛନ୍ତି। ବୈପାରିଗୁଡା ପୁଲିସ ଏତଲା ଅନୁଯାୟୀ ତଦନ୍ତ ଆରମ୍ଭ କରିଛି।

# ୩ ସରକାରୀ କର୍ମଚାରୀ ମିଳିତ ସଂଘର ବୈଠକ

ଜୟପୁର,୨୫।୫ (ସମିସ): ଓଡ଼ିଶା ରାଜ୍ୟ ଅଣଗେଜେଟେଡ୍ କର୍ମଚାରୀ ସମନ୍ୱୟ ସମିତି, ଅମଲା ସଂଘ ଏବଂ ମାଧ୍ୟମିକ ବିଦ୍ୟାଳୟ କର୍ମଚାରୀ ସଂଘ, କୋରାପୁଟ ଜିଲ୍ଲା ଶାଖାର ମିଳିତ ବୈଠକ ଜୟପୁରସ୍ଥିତ ଯାଦବ ଭବନ ଠାରେ ରବିବାର ଅନୁଷ୍ଠିତ ହୋଇଥିଲା। ଅଣଗେଜେଟଡ କର୍ମଚାରୀ ସମନ୍ୱୟ ସମିତର ଜିଲ୍ଲା ସଭାପତି ଶଶୀଭୂଷଣ ଦାଶଙ୍କ ଅଧ୍ୟକ୍ଷତାରେ ସମସ୍ତ ସରକାରୀ କର୍ମଚାରୀ ଯୋଗ ଦେଇଥିଲେ। ଏଥିରେ କର୍ମଚାରୀ ମାନଙ୍କ ବିଭିନ୍ନ ନ୍ୟାର୍ଯ୍ୟ ଦାବି ସମ୍ପର୍କରେ ଆଲୋଚନା କରାଯାଇଥିଲା। ଓଡ଼ିଶା ସରକାରଙ୍କ ଅଧିନରେ କାର୍ଯ୍ୟରତ ସମସ୍ତ କର୍ମଚାରୀ ଅବହେଳିତ, ନିଷ୍ପେସିତ, ନିର୍ଯାତିତ ଓ ଚାପଗ୍ରସ୍ତ ସହିତ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା ବୈଠକରେ ଆଲୋଚନା କରାଯାଇଥିଲା। କର୍ମଚାରୀ ମାନେ ସରକାରଙ୍କ ସମସ୍ତ କାର୍ଯ୍ୟ ସୂଚାର ରୂପେ କରୁଛନ୍ତି। କର୍ମଚାରୀ ମାନେ ବିଭିନ୍ନ ଚାପଗ୍ରସ୍ତ ଓ ସମସ୍ୟାରେ ରହୁଥିଲେ ସୁଦ୍ଧା ଏଥିପ୍ରତି ସରକାରଙ୍କ ଦୃଷ୍ଟି ପଡୁନାହିଁ ବୋଲି ସଭାପତି ଶ୍ରୀ ଦାଶ ବୈଠକରେ ପ୍ରକାଶ କରିଥିଲେ। ତେଣୁ ସରକାର ତୁରନ୍ତ କର୍ମଚାରୀ ମାନଙ୍କ ସମସ୍ୟାକୁ ନେଇ କର୍ମଚାରୀ ସଂଘ ସହ ଆଲୋଚନା କରିବା ସହ ସେମାନଙ୍କ ସମସ୍ୟା ଦୂର କରିବା ନେଇ ପଦକ୍ଷପ ଗ୍ରହଣ



କରିବାକୁ ବୈଠକରେ ଦାବି କରିଛନ୍ତି। ସରକାର ସାଧାରଣ ଜନତାଙ୍କ ଦାବିକୁ ଗୁରୁତ୍ୱ ଦେଉଥିବା ବେଳେ ସ୍ୱଳ୍ପ ବେତନ ଭୋଗି କର୍ମଚାରୀ ମାନଙ୍କ ପ୍ରତି ଦୃଷ୍ଟି ଦେବାକୁ ଦାବି କରାଯାଇଛି। ଉକ୍ତ ବୈଠକରେ ମୁଖ୍ୟ ଅତିଥି ଭାବେ ଓଡ଼ିଶା ଅମଲା ସଂଘର ପୂର୍ବତନ ଉପସଭାପତି ନରେନ୍ଦ୍ର ନାଥ ତ୍ରିପାଠୀ ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅମଲା ସଂଘର ଜିଲ୍ଲାଶାଖା ସମ୍ପାଦକ ସଞ୍ଜୟ କୁମାର ପଣ୍ଡା, ଉପସଭାପତି ଜଗନ୍ନାଥ ମାଝି, ଅଣଗେଜେଟେଡ୍ ସମିତିର ଜିଲ୍ଲା ଶାଖା ଉପଦେଷ୍ଟା କୈଳାସ ସାମନ୍ତରାୟ, ବରିଷ୍ଠ ସଦସ୍ୟ ବାଜୀ ସେଠୀ, ଅମଲା ସଂଘର ୱାଇ.ଶ୍ରୀନିବାସ ରାଓ ମଞ୍ଚାସୀନ ଥିଲେ। ଦୋରାଗୁଡ଼ା ଗୋଷ୍ଠୀ ସାଧନ କେନ୍ଦ୍ର ସଂଯୋଜକ ତଥା ଜୟପୁର ବ୍ଲକ୍ ଶିକ୍ଷକ ସଂଘ ସମ୍ପାଦକ ଭାଗିରଥି ବାରିକ ନିଜ ଅଭିଭାଷଣରେ ସମସ୍ତ ଉପସ୍ଥିତ କର୍ମଚାରୀଙ୍କ ମତାମତକୁ ଭିତ୍ତିକରି ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବା ସହିତ ରାଜ୍ୟରେ ଏକ କର୍ମଚାରୀ ମହାମଞ୍ଚ ଗଠନ କରିବା ନିମନ୍ତେ ପ୍ରସ୍ତାବ ଦେଇଥିଲେ। ଶେଷରେ ସଂଘର ସଦସ୍ୟ ଜଗଦୀଶ ମିଶ୍ର ଧନ୍ୟବାଦ ପ୍ରଦାନ କରିଥିଲେ।

● ବ୍ଲକ୍ ଅଧ୍ୟକ୍ଷାଙ୍କ ବିରୋଧରେ ଅନସ୍ଥା ପ୍ରସ୍ତାବ

# ତଦନ୍ତ ପାଇଁ ଆଜି ପହଞ୍ଚିବେ ଅଧିକାରୀ

ପଟ୍ଟାଙ୍ଗି,୨୫।୫(ସମିସ): କୋରାପୁଟ ଜିଲ୍ଲାର ପଟ୍ଟାଙ୍ଗି ପଞ୍ଚାୟତ ସମିତି ଅଧ୍ୟକ୍ଷାଙ୍କ ମନମୁଖୀ କାର୍ଯ୍ୟ ଏବଂ ଦୁର୍ବ୍ୟବହାରକୁ ନେଇ ସରପଞ୍ଚ ଓ ସମିତି ସଭ୍ୟା ସଭ୍ୟ ଏକତ୍ରିତ ହୋଇ ଉପଜିଲ୍ଲାପାଳଙ୍କ ନିକଟରେ ପହଞ୍ଚି ଅନସ୍ଥା ପ୍ରସ୍ତାବ ଆଣିବା ପାଇଁ ଲିଖିତ ଅଭିଯୋଗ ଦେଇଛନ୍ତି। ସୋମବାର ଜିଲ୍ଲା ଅଧିକାରୀ ଗଣ ତଦନ୍ତ ନିମନ୍ତେ ଆସିବା ନେଇ ସୂଚନା ମିଳିଛି। ଏହାକୁ ବ୍ଲକ୍ ରାଜନୀତି ସରଗରମ ହୋଇଉଠିଛି। ସୂଚନା ମୁତାବକ ଉକ୍ତ ବ୍ଲକ୍ ଅଧୀନରେ ରହିଥିବା ୧୪ଟି ପଞ୍ଚାୟତର ୯ଟି ସମିତି ସଭ୍ୟା ସଭ୍ୟ ଏବଂ ୫ଟି ସରପଞ୍ଚ ଏକତ୍ରିତ ହୋଇ ଶୁକ୍ରବାର ଉପଜିଲ୍ଲାପାଳଙ୍କୁ ସାକ୍ଷାତ କରି ବ୍ଲକ୍ ଅଧ୍ୟକ୍ଷା କଳ୍ପନା ପାଙ୍ଗିଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଣିଥିଲେ। ସରପଞ୍ଚ, ସମିତି ସଭ୍ୟା ସଭ୍ୟଙ୍କ ପକ୍ଷରୁ ଉପଜିଲ୍ଲାପାଳ ପ୍ରେମ ଲାଲ୍ ହିଆଲଙ୍କୁ ବ୍ଲକ୍ ଅଧ୍ୟକ୍ଷା ପାଙ୍ଗି, ସମିତି ସଭ୍ୟା ସଭ୍ୟ ଓ ସରପଞ୍ଚ ମାନଙ୍କ ପକ୍ଷରୁ ବ୍ଲକ୍‌କୁ ଆସୁଥିବା ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ ସମ୍ପର୍କରେ ପ୍ରସ୍ତୁତ ପ୍ରକଳ୍ପ ବା ପ୍ରସ୍ତାବକୁ ନିଜ ମନ ମୁତାବକ ବଦଳାଇ ଯନ୍ତ୍ରୀ ମାନଙ୍କୁ ନିଜେ ପସନ୍ଦ ଓ ବାଛିଥିବା କାର୍ଯ୍ୟକୁ କରିବାକୁ ନିର୍ଦ୍ଦେଶ ଦେଉଛନ୍ତି। ଏହାକୁ ନେଇ ସରପଞ୍ଚ ଓ ସମିତି ସଭ୍ୟା ସଭ୍ୟ ଅଧ୍ୟକ୍ଷା ପାଙ୍ଗିଙ୍କୁ ସାକ୍ଷାତ କରି ପଚାରିବାରୁ ସେ ବ୍ଲକ୍ ଅଧ୍ୟକ୍ଷା, ତାଙ୍କ ଇଚ୍ଛାରେ କାମ ହେବ ନହେଲେ ୧୦ ପ୍ରତିଶତ ପିସି ଦେବାକୁ କହୁଥିବା ଅଭିଯୋଗ ହେଉଛି। ଅଧ୍ୟକ୍ଷା ଓ ତାଙ୍କ ସ୍ୱାମୀ ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରୁଥିବା ନେଇ ମଧ ଅଭିଯୋଗ ହୋଇଛି।

# ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ କଲେ ବିଧାୟକ

ପୋଡ଼ାଗଡ଼, ୨୫।୫(ସମିସ):

କୋରାପୁଟ ବ୍ଲକ ଅନ୍ତର୍ଗତ ମହାଦେଇପୁଟ ଓ ମସ୍ତିପୁଟ ପଞ୍ଚାୟତରେ ନିର୍ମିତ ହେବାକୁ ୫୩.୫୦ଲକ୍ଷ ଟଙ୍କା ପ୍ରକଳ୍ପକୁ ଆଜି କୋରାପୁଟ ବିଧାୟକ ରଘୁରାମ ମାଛ ଯୋଗଦେଇ ଶିଳାନ୍ୟାସ କରିଛନ୍ତି। ମହାଦେଇପୁଟ ପଞ୍ଚାୟତ ଅନ୍ତର୍ଗତ ଏକଡେଲି ଶିବ ମନ୍ଦିରରେ ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନାର ୮ଲକ୍ଷ ଟଙ୍କା ବ୍ୟୟରେ ଭୋଗ ମଣ୍ଡପ, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ କରଞ୍ଜିଗୁଡା ସାଂସ୍କୃତିକ ମଣ୍ଡପ ,ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନାର ୬ଲକ୍ଷ ଟଙ୍କା ବ୍ୟୟରେ ଆରଡି ରୋଡ ଠାରୁ ସବ୍‌ସେଣ୍ଟର ପେଭରବ୍ଲକ ରାସ୍ତା ଏବଂ ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ଲିଟି ମାଳିଗୁଡ଼ା ସାଂସ୍କୃତିକ ମଣ୍ଡପର ବିଧାୟକ ଶ୍ରୀ ମାଛ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶିଳାନ୍ୟାସ କରିଥିଲେ। ମସ୍ତିପୁଟ ପଞ୍ଚାୟତ ଅନ୍ତର୍ଗତ ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନାର ୭ଲକ୍ଷ ଟଙ୍କା ବ୍ୟୟରେ ମସ୍ତିପୁଟ ଭାଗବତ ଟୁଙ୍ଗୀ, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ବାସୁପୁଟ ଶିବ ମନ୍ଦିର ମରାମତି, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ବଣ୍ଡାଗୁଡା ତାରିଣୀ ମନ୍ଦିର ମରାମତି, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ହିରିଡିପୁଟ ଶିବ ମନ୍ଦିର ମରାମତି, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ବାଗ୍ରାଗୁଡା ବାଘଗୁମ୍ଫା ବନଦୁର୍ଗା ଦେବୀ ମନ୍ଦିର ମରାମତି, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ତୋଟା ଆମ୍ବଗୁଡା ଝାଙ୍କରଦେବୀ ମନ୍ଦିର ପାଚେରୀ ନିର୍ମାଣ, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ଜାନିଗୁଡା ପଞ୍ଚୁ ପାଣ୍ଡବ ମନ୍ଦିର, ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା ରାଶିର ୩ ଲକ୍ଷ ଟଙ୍କା ବ୍ୟୟରେ ଗୁରୁମାଇଗୁଡା ସାଂସ୍କୃତିକ ମଣ୍ଡପ ଏବଂବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନାର ୬.୫ଲକ୍ଷ ଟଙ୍କା ବ୍ୟୟରେ ସୁଣ୍ଡିଗୁଡା ପେଭରବ୍ଲକ ରାସ୍ତା ପ୍ରଭୃତିର ବିଧାୟକ ଶ୍ରୀ ମାଛ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶିଳାନ୍ୟାସ କରିଥିଲେ। ମସ୍ତିପୁଟ ପଞ୍ଚାୟତରେ ୨୦ ଲକ୍ଷ ଏବଂ ମହାଦେଇପୁଟ ପଞ୍ଚାୟତରେ ୩୩.୫୦ ଲକ୍ଷ ଟଙ୍କା ସମୁଦାୟ ୫୩.୫୦ ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ହେବାକୁ ଥିବା ପ୍ରକଳ୍ପ ଗୁଡ଼ିକର ଶିଳାନ୍ୟାସ କରାଯାଇଛି। ସାଂସଦ ପ୍ରତିନିଧି ବାବୁଲା ବେଣିଆ କୋରାପୁଟ ବ୍ଲକ ଅଧ୍ୟକ୍ଷା ନମିତା ମାଝୀ, ଉପାଧ୍ୟକ୍ଷ ଶିବ ଗୋଲରୀ, ମହାଦେଇପୁଟ ସରପଞ୍ଚ ଗୋପୀନାଥ ମୁଦୁଲି, ବିଜେପି ନେତା ହରି ଜାନୀ,ରମେଶ ପାତ୍ର, ପୂର୍ବ ଗୌଡ, ମାନସ ମଲ୍ଲିକ, ଚନ୍ଦ୍ର ଶେଖର ମାଝୀ, ଧ୍ରୁବ ମାଳୀ, ତ୍ରିପତୀ ଗୌଡ, ନାରାୟଣ ନାୟକ, ଲକ୍ଷ୍ମୀକାନ୍ତ ନାଗ ଓ ଘନଶ୍ୟାମ ଗୌଡ ପ୍ରମୁଖ ଉପସ୍ଥିତ ଥିଲେ।

# ସାଇକଲ୍ ଚୋର ଗିରଫ

ଜୟପୁର,୨୫।୫ (ସମିସ): କୋରାପୁଟ ଜିଲ୍ଲା ଜୟପୁର ଟାଉନଥାନା ପୁଲିସ ଜଣେ ସାଇକେଲ ଚୋରକୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ସାଇଚଲ ଚୋର ସ୍ଥାନୀୟ ନଡ଼ିଆବାଡ଼ ସାହିର ଏସ୍. ଆନନ୍ଦ (୫୫)। ଅଭିଯୁକ୍ତଙ୍କ ନିକଟରୁ ଚୋରି ହୋଇଥିବା ସାଇକଲ ଜବତ କରାଯାଇଛି। ଅଭିଯୁକ୍ତ ଗତ ୨୧ ତାରିଖରେ ସ୍ଥାନୀୟ ଧୋବାସାହି ଜି.ଶ୍ୱେତଚନ୍ଦନଙ୍କ ଘର ସମ୍ମୁଖରେ ତାଙ୍କର ସାଇକେଲ ଚୋରି ହୋଇଥିବା ନେଇ ଥାନାରେ ଲିଖିତ ଅଭିଯୋଗକରିଥିଲେ। ଏନେଇଟାଉନଥାନା ଏଏସଆଇ ରମେଶ ଚନ୍ଦ୍ର ମହାପାତ୍ର ତଦନ୍ତ କରିବା ସହ ଅଭିଯୁକ୍ତଙ୍କୁ ଗିରଫ କରିବା ସହ କୋର୍ଟ ଚାଲାଣ କରିଛନ୍ତି। ଚୋରି ସାଇକଲକୁ ଅଭିଯୋଗକାରୀଙ୍କ ସାଇକଲ କ୍ରୟର କାଗଜପତ୍ର ଯାଞ୍ଚ ପରେ ପ୍ରଦାନ କରାଯିବ ବୋଲି ଜଣାପଡିଛି।

# ପିସିସି ସଭାପତିଙ୍କ କୋରାପୁଟ ଗସ୍ତ

● ରଜ ପୂର୍ବରୁ କୋରାପୁଟ ଜିଲ୍ଲା ସଭାପତି ଚୟନ



କୋରାପୁଟ,୨୫।୫ (ସମିସ): ପ୍ରଦେଶ କଂଗ୍ରେସ କମିଟି ସଭାପତି ଭକ୍ତ ଚରଣ ଦାସ ଶନିବାର କୋରାପୁଟ ଜିଲ୍ଲା ଗସ୍ତରେ ଆସିଛନ୍ତି। ଓଡ଼ିଶା ପ୍ରଭାରୀ ଅଜୟ କୁମାର ଲୋଲୁଙ୍କ ସହ ପିସିସି ସଭାପତି ସ୍ୱତନ୍ତ୍ର ସର୍କିଟ ହାଉସ ଠାରେ ଅବସ୍ଥାନ କରିବା ସମୟରେ ଦଳୀୟ ନେତା ଓ କର୍ମୀ ମାନେ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ। କୋରାପୁଟ ସାଂସଦ ସପ୍ତଗିରି ଉଲକା, ଲକ୍ଷ୍ମୀପୁର ବିଧାୟକ ପବିତ୍ର ସାଉନ୍ତା, ପିସିସି ସଂପାଦକ ରୂପକ ତୁରୁକ,ପୂର୍ବତନ ରାଜ୍ୟ ମହିଳା କଂଗ୍ରେସ ସଭାନେତ୍ରୀ ମିନାକ୍ଷୀ ବାହିନୀପତି,ପୂର୍ବତନ ସାଂସଦ ଜୟରାମ ପାଙ୍ଗି, ପୂର୍ବତନ ବିଧାୟକ ନିମାଇଁ ସରକାର,ସାଂସଦଙ୍କ ପ୍ରତିନିଧି ବାବୁଲା ବେନିଆ ଓ ମନୋଜ ଆଚାର୍ଯ୍ୟ, କଂଗ୍ରେସ ନେତା ଶଶି ଭୂଷଣ ପାତ୍ର, ଭଗବାନ ବାହିନୀପତି,କାଉନ୍‌ସିଲର ଚନ୍ଦ୍ର ପ୍ରଭା ହିଆଲ, ସନ୍ଧ୍ୟାରାଣୀ ଜେନା ପ୍ରମୁଖ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ କରିଥିଲେ। ଏହି ଅବସରରେ କୋରାପୁଟ ଜିଲ୍ଲାରେ କଂଗ୍ରେସର ସ୍ଥିତି ଓ ଭବିଷ୍ୟତ ରଣନୀତି ଉପରେ ଆଲୋଚନା କରିବା ସହ ଆସନ୍ତା ପଞ୍ଚାୟତ ଓ ପୌର ନିର୍ବାଚନରେ ଦଳକୁ ଏକ ସମ୍ମାନଜନକ ସ୍ଥିତିରେ ପହଞ୍ଚାଇବାକୁ ଆଲୋଚନା କରିଥିଲେ। ଜିଲ୍ଲାର କଂଗ୍ରେସ ସଭାପତି ଚୟନ ନିମନ୍ତେ ନେତାମାନଙ୍କ କାର୍ଯ୍ୟଧାରାକୁ ଆଧାର କରାଯିବ ଓ ରଜ ପୂର୍ବରୁ ଜିଲ୍ଲା କଂଗ୍ରେସ କମିଟି ସଭାପତିଙ୍କ ନାମ ଘୋଷଣା କରାଯିବ ବୋଲି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି। ରାଜନୈତିକ ପ୍ରଶିକ୍ଷଣ ନିମନ୍ତେ ବିଧାୟକମାନଙ୍କୁ ରାଜ୍ୟ କମିଟିରେ ସ୍ଥାନ ଦିଆ ଯାଇଛି। ଏହାଦ୍ୱାରା ବିଧାୟକ ମାନେ ଲୋକମାନଙ୍କ ପାଖକୁ ଯିବେ ,ଲୋକଙ୍କ ସହ ମିଶିବେ ,ସେମାନଙ୍କର କାମ କରିବେ ବୋଲି ସେ କହିଛନ୍ତି। ଗାଁକୁ ଚାଲ ଅଭିଯାନ ଆରମ୍ଭ କରାଯିବ। ଏଥିରେ ସାଂସଦଙ୍କ ଠାରୁ ଆରମ୍ଭ କରି ବିଧାୟକ ଏବଂ ଛାତ୍ର ଓ ଯୁବ କଂଗ୍ରେସ ନେତାମାନେ ଘରକୁ ଘର ଯାଇ କଂଗ୍ରେସର ବାର୍ତ୍ତା ପହଞ୍ଚାଇବେ ବୋଲି ସେ କହିଛନ୍ତି। ପିସିସି ସଭାପତି କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମଙ୍କ ଝିଅ ବିବାହ ଉତ୍ସବରେ ଯୋଗ ଦେଇଥିଲେ।

# ବାଇକ୍ ଦୁର୍ଘଟଣାରେ ଆଇନଜୀବୀ ଗୁରୁତର

କୋରାପୁଟ,୨୫।୫ (ସମିସ): ନୂଆ ପାଇପ୍ ବିଛାଇବା ପାଇଁ ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଖୋଳା ଯାଇଥିବା ଗାତରେ ଖସି ପଡ଼ି ଆଇନଜୀବୀ ଓ ତାଙ୍କ ପତ୍ନୀ ଗୁରୁତର ଆହତ ହୋଇଛନ୍ତି। କୋରାପୁଟ ବାର ଆସୋସିଏସନର ପୂର୍ବତନ ସଭାପତି ଅଜିତ ପାତ୍ର ଏବଂ ପତ୍ନୀ ଡଃ ଲୁନା ପଣ୍ଡା ରବିବାର ସକାଳେ ବାଇକ୍ ଯୋଗେ ଜେଲ୍ ରୋଡ଼ ଦେଇ ଯାଉଥିବା



ସମୟରେ ବିପରୀତ ଦିଗରୁ ଆସୁଥିବା ଗାଡ଼ିକୁ ରାସ୍ତା ଦେବାକୁ ଯାଇ ପାଣି ପାଇପ୍ ବିଛାଇବା ଗାତରେ ଖସି ପଡ଼ିଥିଲେ। ସ୍ଥାନୀୟ ବାସିନ୍ଦାଙ୍କ ସହାୟତାରେ ତୁରନ୍ତ ଉଭୟଙ୍କୁ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ଓ ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। ଶ୍ରୀ ପାତ୍ରଙ୍କ ଡ଼ାହାଣ ହାତ ଓ ପାଦ ଭାଙ୍ଗି ଯାଇଥିବା ଜଣାପଡିଛି। ସେହିପରି ଶ୍ରୀମତୀ ପଣ୍ଡାଙ୍କ ମୁଣ୍ଡରେ ଆଘାତ ଲାଗିଥିବା ବେଳେ ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ଘରକୁ ପଠାଇ ଦିଆ ଯାଇଛି। ଖବର ପାଇ କୋରାପୁଟ ବାର ଆସୋସିଏସନର ସଦସ୍ୟ ନୀମାଇ ସରକାର, ମନୋରଞ୍ଜନ ରାଉତରାୟ, ରୂପକ ତୁରୁକ୍, ପ୍ରଶାନ୍ତ ପାତ୍ର, କାମାକ୍ଷା ପ୍ରସାଦ ମାଝୀ, କୃଷ୍ଣ ସ ମେଡ଼ିକାଲରେ ପହଞ୍ଚି ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିଛନ୍ତି। ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସହରରେ ମେଗା ପାନୀୟ ଜଳ ପ୍ରକଳ୍ପ ନେଇ ରାସ୍ତା କଡ଼ରେ ଖୋଳି ପାଇପ୍ ଲାଇନ୍ ବିଛା ଯାଉଛି । କିନ୍ତୁ ପରବର୍ତ୍ତୀ ସମୟରେ ରାସ୍ତାକୁ ପୂର୍ବବସ୍ଥାରେ ନ ଆଣି କେବଳ ମାଟି ପକେଇ ଛାଡ଼ି ଦେଇଛି ବିଭାଗ। ଫଳରେ ସହରର ଭଲ ଥିବା ରାସ୍ତା ଖରାପ ହେଇଥିବା ବେଳେ ଏବେ ପ୍ରତିଦିନ ଦୁର୍ଘଟଣା ଘଟୁଥିବା ସାଧାରଣରେ ଅଭିଯୋଗ ହେଉଛି। ତେଣୁ ଏଥିପ୍ରତି ବିଭାଗ ଗୁରୁତ୍ୱ ଦେବାକୁ ଦାବି କରାଯାଇଛି।

# ୨୪ ଘଣ୍ଟାରେ କୋରାପୁଟରେ ୧୫୨ ମିମି ବର୍ଷା

ଲମତାପୁଟରେ ସର୍ବାଧିକ ୮୦ ମିମି



କୋରାପୁଟ,୨୫।୫ (ସମିସ): ଗତ ୨୪ ଘଣ୍ଟାରେ କୋରାପୁଟ ଜିଲ୍ଲାରେ ୧୫୨.୪ ମିମି ବର୍ଷା ହୋଇଥିବା ରେକର୍ଡ କରାଯାଇଛି। ଲମତାପୁଟ ବ୍ଲକରେ ସର୍ବାଧିକ ୮୦.୨ ମିମି ବର୍ଷା ହୋଇଥିବା ଜିଲ୍ଲା ଜରୁରୀ କାଳୀନ କାର୍ଯ୍ୟାଳୟ ସୂତ୍ରରୁ ଜଣା ପଡିଛି। କୋରାପୁଟ ବ୍ଲକରେ ୪୫ ମିମି ବର୍ଷା ହୋଇଥିବାବେଳେ ଦଶମନ୍ତପୁରରେ ୧୮ ମିମି ଏବଂ ବୋରିଗୁମ୍ମା ବ୍ଲକର ୯.୨ ମିମି ବର୍ଷା ହୋଇଛି। ତେବେ ଜିଲ୍ଲାର ବନ୍ଧୁଗାଁ, ନାରାୟଣପାଟଣା, ଲକ୍ଷ୍ମୀପୁର, ସେମିଳିଗୁଡା, ପଟ୍ଟାଙ୍ଗି, ନନ୍ଦପୁର, ଜୟପୁର, ବୈପାରିଗୁଡ଼ା,କୋଟପାଡ,କୁନ୍ଦୁରା ବ୍ଲକରେ ଆଦୌ ବର୍ଷା ହୋଇନଥିବା ଜଣାପଡ଼ିଛି। ଜୁନ ଦ୍ୱିତୀୟ ସପ୍ତାହରେ ସାଧାରଣତଃ କୋରାପୁଟ ଜିଲ୍ଲାକୁ ମୌସୁମୀ ଆସିଥାଏ, ହେଲେ ଚଳିତ ବର୍ଷ ମେ' ଶେଷ ଭାଗରେ ବର୍ଷା ପଡ଼ିଥିବାରୁ ଏହା ଅଦା ଚାଷୀଙ୍କ ପାଇଁ ଖୁସି ଖବର ବୋଲି ଆଲୋଚନା ହେଉଛି।

# କୋଟିଆରେ ପ୍ରଧାନମନ୍ତ୍ରୀଙ୍କ 'ମନ୍‌କି ବାତ' ର ସିଧା ପ୍ରସାରଣ

ପଟ୍ଟାଙ୍ଗି,୨୫।୫(ସମିସ): କୋଟିଆକୁ ନେଇ ଓଡ଼ିଶା-ଆନ୍ଧ୍ର ମଧ୍ୟରେ ବିବାଦ ଲାଗି ରହିଥିବା ବେଳେ କୋଟିଆ ପଞ୍ଚାୟତରେ ପ୍ରଧାନମନ୍ତ୍ରୀଙ୍କ 'ମନ୍‌କି ବାତ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପ୍ରଧାନମନ୍ତ୍ରୀଙ୍କ ଏହି କାର୍ଯ୍ୟକ୍ରମରେ ସେ ନିଜ ବାର୍ତ୍ତାରେ ଅନ୍ୟ ଦେଶରେ କରୁଥିବା ବିବାହ ସ୍ୱଦେଶରେ କରାଯିବା, କାହାକୁ ଉପହାର ଦେଲେ ସ୍ୱଦେଶୀ ପଦାର୍ଥ ଦେବା, ବୃକ୍ଷ ସଂରକ୍ଷଣ, ମହୁଚାଷ, ଦେଶ ଆତଙ୍କବାଦ ବିରୋଧରେ ଏକଜୁଟ ରହିଛି, ଅପରେସନ୍ ସିନ୍ଦୂର ମାଧ୍ୟମରେ ଆତଙ୍କି ମାନଙ୍କ ଠିକଣା ନଷ୍ଟ କରାଯାଇଥିବା ଆଦି ବିଷୟ ନେଇ ବାର୍ତ୍ତା ଦେଇଛନ୍ତି। ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ରହିଥିବା ଜନପ୍ରତିନିଧି ତଥା କୋରାପୁଟ ବିଧାୟକ ରଘୁରାମ ମାଛ, ବିଜେପି ଜିଲ୍ଲା ସଭାପତି ଶିବ ମୁଦୁଲି, ବିଜେପି ପୂର୍ବତନ ସଭାପତି ସୁମନ୍ତ ପ୍ରଧାନ , ବିଧାୟକ ପ୍ରାର୍ଥି ଚୈତନ୍ୟ ନାନ୍ଦିବାଲି, ଜିଲ୍ଲା ସାଧାରଣ



ସଂପାଦକ ଦେବେନ୍ଦ୍ର ମହାନ୍ତି, ସାଂସଦ ପ୍ରାର୍ଥୀ ତଥା ମନକିବାତ କାର୍ଯ୍ୟକ୍ରମର ସହ ସଂଯୋଜକ କାଳିରାମ ମାଝି, ମନ୍ କି ବାତ୍ କାର୍ଯ୍ୟକ୍ରମର ସଂଯୋଜକ ସନ୍ତୋଷିନୀ ପାତ୍ର, ଜାତୀୟ କାର୍ଯ୍ୟକାରୀ ସଦସ୍ୟ ଜୟରାମ ଭୋଇ, ଜିଲ୍ଲା କୋଷାଧ୍ୟକ୍ଷ ତ୍ରିନାଥ ପଣ୍ଡା, ପଟ୍ଟାଙ୍ଗି ମଣ୍ଡଳ ସଭାପତି ନରସିଂହ ବାଙ୍କା, ଜିଲ୍ଲା ମିଡ଼ିଆ ସଂଯୋଜକ ବଦ୍ରିନାରାୟଣ ପାତ୍ର, ସରପଞ୍ଚ ଲିୟୁ ଗେମେଲ, ବିଜେପି ଦଳର ବିଭିନ୍ନ ଜନପ୍ରତିନିଧି ଯୋଗ ଦେଇଥିଲେ। ଯେଉଁ କୋଟିଆ କମିଟି ଗଠନ ହୋଇଛି କୋଟିଆର ଉନ୍ନତି ନିମନ୍ତେ କାର୍ଯ୍ୟ କରିବ। ରାଜ୍ୟ ସରକାର ଅଧିକା ମାତ୍ରାରେ ଅନୁଦାନ ଦେଇ କୋଟିଆର ଉନ୍ନତି ନିମନ୍ତେ ପ୍ରୟାସ କରିବେ ବୋଲି କୁହାଯାଇଛି। କାର୍ଯ୍ୟକ୍ରମକୁ ପଟ୍ଟାଙ୍ଗି ଗୋଷ୍ଠୀ ଉନ୍ନୟନ ଅଧିକାରୀ ରାମକୃଷ୍ଣ ନାୟକଙ୍କ ଉପସ୍ଥିତିରେ ସମସ୍ତ ବ୍ଲକ କର୍ମକର୍ତ୍ତା ଉପସ୍ଥିତ ରହି ପରିଚାଳିତ କରିଥିଲେ। ଆଇନ ଶୃଙ୍ଖଳା ନିମନ୍ତେ ସୁନାବେଡ଼ା ଏସ୍‌ଡିପିଓ ସୁମିତ୍ରା ଜେନାଙ୍କ ଉପସ୍ଥିତିରେ ପୁଲିସ କର୍ମଚାରୀ ଉପସ୍ଥିତ ରହି କାର୍ଯ୍ୟକ୍ରମଟିକୁ ପରିଚାଳିତ କରିଥିଲେ।

# କୈଳାଶ ନଗର ରାସ୍ତା ମରାମତି ଦାବି

ସେମିଳିଗୁଡ଼ା, ୨୫।୫ (ସମିସ): ସୁନାବେଡ଼ା ପୌର ପରିଷଦର ଅନ୍ତର୍ଗତ ସେମିଳିଗୁଡା ସହରରେ ବିଭିନ୍ନ ଅଞ୍ଚଳରେ ଥିବା ରାସ୍ତା ଗୁଡ଼ିକ ମରାମତି ନ ହୋଇ ଅତି କଦର୍ଯ୍ୟ ହୋଇ ରହିଛି। ଫଳରେ ଅଞ୍ଚଳବାସୀ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ପାଗ ଶୁଖିଲା ଥିବା ସମୟରେ ରାସ୍ତାରେ କୃତ୍ରିମ ହ୍ରଦ ସୃଷ୍ଟି ହୋଇ ଦୁର୍ଘଟଣାର କାରଣ ପାଲଟୁଥିବା ଅଭିଯୋଗ ହେଉଛି। ଏଥିପ୍ରତି ପୌର ପ୍ରଶାସନ ଗୁରୁତ୍ୱ ଦେଉନଥିବା ଲୋକେ ଅଭିଯୋଗ କରିଛନ୍ତି। ଦୀର୍ଘ ଏକ ବର୍ଷ ହେଲା ସୁନାବେଡ଼ା ପୌର ପ୍ରଶାସନ ଏହି ଖାଲଖମା ରାସ୍ତା ଗୁଡ଼ିକ ଉପରେ ପଦକ୍ଷେପ ନେଉ ନାହାନ୍ତି। ବର୍ଷା ଦିନ ପୂର୍ବରୁ ଯଦି ରାସ୍ତା ଗୁଡ଼ିକର ମରାମତି କରାଯାଇଥାନ୍ତା, ତେବେ ସାଧାରଣ ଲୋକେ ହଇରାଣ ହୋଇନଥାନ୍ତେ। ଏହି କଦର୍ଯ୍ୟ ରାସ୍ତା ବିଷୟରେ ପୌର ପ୍ରଶାସନ ଜାଣି ଥିଲେ ହେଁ ଏହା କାହିଁକି କାର୍ଯ୍ୟକ୍ଷମ ହୋଇ ପାରିନାହିଁ ତାହା ଚିନ୍ତାର ବିଷୟ ହୋଇଛି। ସେମିଳିଗୁଡାର କୈଳାଶ ନଗର ରାସ୍ତା ଖାଲ ଖମାରେ ଭର୍ତ୍ତି ହୋଇ ରହିଛି। ଉକ୍ତ ରାସ୍ତା ଗୁଡ଼ିକ ଉପରେ ବହୁ ଲୋକ ନିର୍ଭର କରୁଥିବାରୁ ବହୁ ଗାଡ଼ିମୋଟର ଏବଂ ଲୋକେ ଯିବା ଆସିବା କରିଥାନ୍ତି। ଏ ରାସ୍ତାର ଶୀଘ୍ର ମରାମତି କରି ଲୋକଙ୍କୁ ଯନ୍ତ୍ରଣାରୁ ମୁକ୍ତ କରିବାକୁ ଦାବି ହେଉଛି।। ବାରମ୍ବାର ଅଭିଯୋଗ କରିଲେ ମଧ୍ୟ ପୌର ପରିଷଦ କୌଣସି ପଦକ୍ଷେପ ନେଉନଥିବା ନଗରବାସୀ ଅଭିଯୋଗ କରିଛନ୍ତି। ଗୁରୁବାର ରାତିରୁ ଶୁକ୍ରବାର ସକାଳ ପର୍ଯ୍ୟନ୍ତ ପ୍ରବଳ ବର୍ଷା ହେବା ଫଳରେ କୈଳାଶ ନଗର ଯିବା ରାସ୍ତାରେ ପାଣି ଜମି ରହିଥିବାରୁ ଯାତାୟାତ କରିବା ପାଇଁ ବହୁତ ଅସୁବିଧା ଦେଖା ଦେଇଛି। ଖବର ପାଇ ସୁନାବେଡ଼ା ପୌର ପରିଷଦ କାର୍ଯ୍ୟ ନିର୍ବାହ ଅଧିକାରୀ ନାରାୟଣ ନାୟକ, କନିଷ୍ଠ ଯନ୍ତ୍ରୀ ଅରୁଣ କୁମାର ନାୟକ ଶୁକ୍ରବାର ସକାଳେ ଉକ୍ତ କୈଳାଶ ନଗର ପରିଦର୍ଶନ କରି ସ୍ଥିତି ଅନୁଧ୍ୟାନ କରିଥିଲେ। ଉକ୍ତ ଅଞ୍ଚଳର ଲୋକେ ହୋଇରଣ ହେଉଥିବା ବିଷୟ ଅଧିକାରୀ ମାନେ ଦୃଷ୍ଟି ଆକର୍ଷଣ କରିଥିଲେ। କୈଳାଶ ନଗର ରାସ୍ତା ମାରମତି କରିବେ ବୋଲି ପ୍ରତିଶୃତି ଦେଇଥିଲେ।

# ପୌରାଞ୍ଚଳରେ ବ୍ଲିଚିଂ ପାଉଡର ସିଞ୍ଚନ ଲୋକଦେଖାଣିଆ

ନବରଙ୍ଗପୁର,୨୫।୫ (ସମିସ):

ନବରଙ୍ଗପୁର ପୌରପାଳିକା ପକ୍ଷରୁ ସହରର ବିଭିନ୍ନ ସ୍ଥାନରେ ଏଲଇଡି ଟିଭି ଉଦ୍‌ଘାଟନ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ତେବେ ଏହି ସମୟରେ ସହରରେ ବ୍ଲିଚିଂ ପାଉଡର ଯେଭଳି ଭାବେ ପକାଯାଇଛି, ତାକୁ ନେଇ ସାଧାରଣରେ ଚର୍ଚ୍ଚା ହେଉଛି। କାରଣ ପ୍ରତିଦିନ ଏଭଳି ଦୃଶ୍ୟ ଦେଖିବାକୁ ମିଳେ ନାହିଁ। କେବଳ ସ୍ୱାଧୀନତା ଦିବସ, ଗଣତନ୍ତ୍ର ଦିବସ କିମ୍ବା ଉଦ୍‌ଘାଟନୀ ଉତ୍ସବ ବେଳେ ଏଭଳି ଦେଖିବାକୁ ମିଳିଥାଏ।

ଏହାକୁ ନେଇ ପୂର୍ବତନ କାଉନସିଲର ତଥା ବିଶିଷ୍ଟ ଆଇନଜୀବୀ ସନ୍ତୋଷ କୁମାର ମିଶ୍ର ଅଭିଯୋଗ କରି କହିଛନ୍ତି ଯେ , ସେ ପ୍ରତିଦିନ ପୌରପାଳିକା ପକ୍ଷରୁ ବ୍ଲିଚିଂ ପାଉଡ଼ର, ଫିନାଇଲ, ମଶାତେଲ ଆଦି



ପରିମଳ ବ୍ୟବସ୍ଥା ପାଇଁ ଉପଯୋଗ କରିବା କଥା। କିନ୍ତୁ ନବରଙ୍ଗପୁର ପୌରାଞ୍ଚଳରେ ସମ୍ପୂର୍ଣ୍ଣ ଓଲଟା ଚିତ୍ର ଦେଖିବାକୁ ମିଳୁଛି। ନବରଙ୍ଗପୁର ସହରରେ କେବଳ ଅଗଷ୍ଟ ପନ୍ଦର ସ୍ୱାଧୀନତା ଦିବସ, ଜାନୁଆରୀ ୨୬ ଗଣତନ୍ତ୍ର ଦିବସ ଓ କିଛି ମହାପୁରୁଷ ମାନଙ୍କ ଜୟନ୍ତୀ ପାଳନ ସମୟରେ ମହାପୁରୁଷଙ୍କ ନାମରେ ନିର୍ମିତ ପାର୍କ ନିକଟରେ ହିଁ ବ୍ଲିଚିଙ୍ଗ ପାଉଡର ମୋଟା ଆକାରର ବା ଝୋଟି ଭଳି ବ୍ୟବହାର କରାଯାଉଛି। ଅପରପକ୍ଷେ ପ୍ରକାଶ କରୁଥିବା ଜଣାପଡ଼ିଛି। ଏଭଳି ଅନିୟମିତତା ବା ସରକାରଙ୍କ ପକ୍ଷରୁ ପ୍ରଦାନ କରାଯାଉଥିବା କୋଟି କୋଟି ଟଙ୍କାର ବିଚିଙ୍ଗ ପଉଡ଼ର, ଫିନାଇଲ,

> କେବଳ ସ୍ୱାଧୀନତା, ଗଣତନ୍ତ୍ର ଓ ଉଦ୍‌ଘାଟନ କାର୍ଯ୍ୟକ୍ରମରେ ବ୍ୟବହାର
> ଗୁରୁତର ଅଭିଯୋଗ ଆଣିଲେ ପୂର୍ବତନ କାଉନ୍‌ସିଲର

ରାଜ୍ୟ ସରକାର ଜନ ସାଧାରଣଙ୍କ ସ୍ୱାସ୍ଥ୍ୟ ସୁରକ୍ଷା ପାଇଁ କୋଟି କୋଟି ଟଙ୍କା ଖର୍ଚ୍ଚ କରି ପୌର ପାଳିକାକୁ ବ୍ଲିଚିଂ ପାଉଡ଼ର, ଫିନାଇଲ, ମଶାତେଲ ଆଦି ଭଳି ବିଭିନ୍ନ ସାମଗ୍ରୀ ପ୍ରଦାନ କରୁଥିବା ବେଳେ ସାଧାରଣ ଲୋକଙ୍କ ହିତ ସାଧନ ହୋଇ ପାରୁନାହିଁ ବୋଲି ସେ କହିବା ସହ ଏହାକୁ ନେଇ ବୁଦ୍ଧିଜୀବୀ ଅସନ୍ତୋଷ ମଶାତେଲ ଆଦିର ସଠିକ୍ ବ୍ୟବହାର କରା ନ ଯିବା ପଛର କାରଣ କଣ ଏବଂ ଏହାର ଏକ ନିରପେକ୍ଷ ତଦନ୍ତ କରି ପୌର ପରିଷଦର ସଂପୃକ୍ତ କର୍ତ୍ତୃପକ୍ଷଙ୍କ ବିରୁଦ୍ଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଜିଲ୍ଲା ପ୍ରଶାସନ ଏବଂ ରାଜ୍ୟ ସରକାରଙ୍କ ନିକଟରେ ଦାବି ହୋଇଛି।

# ଅଷ୍ଟଶମ୍ଭୁ ପଞ୍ଚାନନ ପୀଠରେ ଶୀତଳଷଷ୍ଠୀ ପାଇଁ ପ୍ରସ୍ତୁତି

ଜୟପୁର,୨୫।୫ (ସମିସ): କୋରାପୁଟ ଜିଲ୍ଲା ଜୟପୁର ସହର ଓଡିଆ ଓ ହିନ୍ଦୁ ସଂସ୍କୃତିର ବିଭିନ୍ନ ପୂଜାର୍ଚ୍ଚନା ଓ ଉତ୍ସବ ପାଳନପାଇଁ ଦକ୍ଷିଣ ଓଡିଶାରେ ଅନ୍ୟତମ ସହର ଭାବେ ପରିଚିତ। ସେହିପରି ପ୍ରତ୍ୟେକ ବର୍ଷ ଭଳି ଚଳିତ ବର୍ଷ ଆସନ୍ତା ୩୦ ତାରିଖ ଠାରୁ ୧ ତାରିଖ ପର୍ଯ୍ୟନ୍ତ ରାଜୁ ସାହିସ୍ଥିତ ରାଜାରାଜୁଡା ସମୟର ଅଷ୍ଟଶମ୍ଭୁ ପଞ୍ଚାନନ ଶୈବପୀଠ ଠାରେ ଶିବପାର୍ବତୀ ବିବାହ ଏବଂ ଶୀତଳଷଷ୍ଠି ଉତ୍ସବ ମହା ଆଡମ୍ବର ଓ ରୀତିନୀତିରେ ପାଳନ ନେଇ ଜୋରଦାର ପ୍ରସ୍ତୁତି ଆରମ୍ଭ ହୋଇଛି। ଏହିପରି ଆୟୋଜକ କମିଟିର ସୂଚନା ଅନୁଯାୟୀ ଆସନ୍ତା ୩୦ ତାରିଖ ସଂଧ୍ୟାରେ ଉଭୟ ମହାଦେବ ଓ ଦେବୀ ପାର୍ବତୀଙ୍କ ପୃଥକ ପୃଥକ ଭାବେ ମଙ୍ଗଳକୃତ୍ୟ ଅନୁଷ୍ଠିତ ହେବ। ସେହିପରି ୩୧ ତାରିଖରେ ଶୈବ ପୀଠ ଠାରେ ଉଭୟ ଭଗବାନ ଶିବ ଓ ପାର୍ବତୀଙ୍କ ବୈଦିକ ଓ ହିନ୍ଦୁ ରୀତିନୀତିରେ ବିବାହ କାର୍ଯ୍ୟ ସମ୍ପନ୍ନ ସହ ଶୀତଳଷଷ୍ଠୀ ମଧ୍ୟ ପାଳିତ ହେବ। ୧ ତାରିଖର ମଧ୍ୟାହ୍ନରେ ସାଧାରଣ ଜନତାଙ୍କୁ ବିଭାଗ ପ୍ରସାଦ ସେବନ ସହ ସଂଧ୍ୟାରେ ବାଜା ବାଜଣା ସହ ଉଭୟ ଶିବ ଓ ପାର୍ବତୀଙ୍କ ମୂର୍ତ୍ତି ସ୍ଥାପନ କରାଯାଇ ସହର ପରିକ୍ରମା କାର୍ଯ୍ୟକ୍ରମ ରହିଛି।

● ନମ୍ବାଲାଙ୍କ ମୃତଦେହ ଦେଉନି ପୁଲିସ

# ନ୍ୟାୟ ପାଇଁ କୋର୍ଟର ଦ୍ୱାରସ୍ଥ ହେଲେ ପରିବାର ବର୍ଗ

ମାଲକାନଗିରି,୨୫ ।୫(ସମିସ):

ଗତ ୨୧ ତାରିଖ ଦିନ ଛତିଶଗଡ଼ ନାରାୟଣପୁର ଜିଲ୍ଲାରେ ପୁଲିସ ଗୁଳିରେ ପ୍ରାଣ ହରାଇଥିବା ମାଓ ନେତା ନାମ୍ବାଲା କେଶବ ରାଓ ଓରଫ ବାସଭରାଜୁଙ୍କ ମରଶରୀରକୁ ପୁଲିସ ତାଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରୁ ନଥିବା ଅଭିଯୋଗ ହୋଇଛି। ସବୁଆଡୁ ନିରାଶ ହେବା ପରେ ତାଙ୍କ ପାଇଁ ଆଦାଲତର ଆଶ୍ରୟ ନେଇଥିବା ଜଣାପଡ଼ିଛି।

ମୃତ ନାମ୍ବାଲଙ୍କ ଭାଇ ରାମ ପ୍ରସାଦ ରାଓ ଅଭିଯୋଗ ଯେ, ତାଙ୍କର ମା' ଭାରତାମ୍ମାଙ୍କ ବୟସ ୯୦ ବର୍ଷ । ଗତ ୪୫ ବର୍ଷ ପୂର୍ବେ ପୁଅ ଘର ଛାଡି ମାଓ ସଂଗଠନରେ ସାମିଲ ହୋଇଥିଲା। ମା' ତାରପୁଅକୁ ଦେଖି ପାରି ନଥିବା ଓ ତାଙ୍କ ଶେଷ ଦର୍ଶନ ପାଇଁ ପୁଲିସ ଠାରେ ଗୁହାରି କରିଥିଲେ। ତେବେ ପୁଅର ମୃତ ଶରୀରକୁ ଛତିଶଗଡ ନାରାୟଣପୁର ପୁଲିସ ହସ୍ତାନ୍ତର କରି ନ ଥିଲା। ତେଣୁ ଶ୍ରୀକାକୁଳମ କୋର୍ଟରେ ନ୍ୟାୟ ପାଇଁ ପରିବାର ପକ୍ଷରୁ ଗୁହାରି କରାଯାଇଛି। ଆଜି ମଧ ପରିବାର ବର୍ଗ ବାସଭରାଜୁଙ୍କ ମୃତ ଶରୀରକୁ ପ୍ରଦାନ ପାଇଁ ନିବେଦନ କରିଥିଲେ। ତାଙ୍କ ନିଜ ଘର ଆନ୍ଧ୍ରପ୍ରଦେଶ ଶ୍ରୀକାକୁଳମ ଜିଲ୍ଲା କଟାବମାଳୀ ଥାନା ଅନ୍ତର୍ଗତ ଜି.ଏନ୍. ପେଟା ଗ୍ରାମର ବୋଲି ଜଣାପଡିଛି। ତେବେ ଶ୍ରୀକାକୁଳମ ଜିଲ୍ଲା ପୁଲିସ ପ୍ରଶାସନ ଓ ବିଧାୟକ ଠାରୁ ଆରମ୍ଭ କରି ସାଂସଦ ପର୍ଯ୍ୟନ୍ତ ଲୋକ ପ୍ରତିନିଧି ମରଶରୀର ପ୍ରଦାନ କଲେ ଏଠାରେ ଆଇନ ଶୃଙ୍ଖଳା ପରିସ୍ଥିତି ସୃଷ୍ଟି ହେବ ବୋଲି କହି ବିରୋଧ କରାଯାଇଛି। ଜଣେ ବିପ୍ଳବୀବାଦୀ ଓ ହିଂସାକୁ ସମର୍ଥନ କରୁଥିବା ନେତାଙ୍କୁ ଏହି ଅଞ୍ଚଳରେ ହିରୋ ଭାବେ ଚିତ୍ରଣ କରି ଶେଷକୃତ୍ୟ ସମ୍ପନ୍ନ କରାଯିବା ଆଶଙ୍କା ଥିବାରୁ ଶବକୁ ପ୍ରଦାନ ନ କରିବା ପାଇଁ ଛତିଶଗଡ ସରକାରଙ୍କ ଉପରେ ଚାପ ପକା ଯାଉଛି। ଅପରପକ୍ଷେ କୋର୍ଟ ମଧ ନ୍ୟାୟ ପାଇଁ ଛତିଶଗଡର ନ୍ୟାୟାଳୟର ଆଶ୍ରୟ ନେବାପାଇଁ ପରିବାର ବର୍ଗଙ୍କୁ କହିଛନ୍ତି।

# ଯୁବ ଭାରତ ପକ୍ଷରୁ ପଦଯାତ୍ରା



ରାୟଗଡ଼ା,୨୫।୫(ସମିସ ): ରାୟଗଡ଼ା ସହରର ନିୟୁ କଲୋନୀ ଛକରୁ ଭିୟୁ ପଏଣ୍ଟ ଯାଏ ପତଞ୍ଜଳି ଯୁବ ପକ୍ଷରୁ ଏକ ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଯୋଗର ପ୍ରଚାର ପ୍ରସାର ନିମନ୍ତେ ଏକ ସଚେତନତା ପଦଯାତ୍ରା ରାୟଗଡ଼ା ସ୍ଥିତ ନିୟୁତ କଲୋନୀ ଛକ ଠାରୁ ଆରମ୍ଭ ହୋଇ ସହରର ଶେଷ ଭାଗରେ ଥିବା ଭୁପଏଣ୍ଟ ଯାଏଁ ଅନୁଷ୍ଠିତ ହୋଇଥିଲା। ଯୁବ ଭାରତ ଜିଲ୍ଲା ପ୍ରଭାରୀ ବିନୟ କୁମାର ସ୍ୱାଇଁଙ୍କ ନେତୃତ୍ୱରେ ଏହି ପଦଯାତ୍ରା ହୋଇଥିଲା। ଯୋଗକୁ ଘରେ ଘରେ ପହଞ୍ଚିବା ପାଇଁ ସ୍ୱାମୀ ରାମଦେବଙ୍କ ସଂକଳ୍ପକୁ ସାକାର କରିବା ପାଇଁ ବିଭିନ୍ନ ସ୍ଲୋଗାନ ଦିଆଯାଇଥିଲା। ପ୍ରତିଦିନ ଯୋଗ କରିବା ସହ ଅନ୍ୟକୁ ଯୋଗ କରାଇବା ନେଇ ମହିଳାମାନେ ଶପଥ ନେଇଥିଲେ।

# ସାବିତ୍ରୀ ପାଇଁ ଟିକିରି ବଜାର ଚଳଚଞ୍ଚଳ



ଟିକିରି,୨୫।୫(ସମିସ):

ସାବିତ୍ରୀ ପାଇଁ ଟିକିରି ବଜାର ଚଳଚଞ୍ଚଳ ହୋଇପଡିଛି। ଦୋକାନ ବଜାର ଠାରୁ ଆରମ୍ଭ କରି ଶାଢୀ, ଗହଣା ଷ୍ଟେସନାରୀ, ଫଳମୂଳ ଦୋକାନରେ ପ୍ରବଳ ଗହଳି ପରିଲକ୍ଷିତ ହେଉଛି। ଭଲ ରୋଜଗାର ହେବା ଆଶାରେ ଦୋକାନ ଗୁଡିକରେ ମଧ ଆକର୍ଷଣୀୟ ରିହାତି ପ୍ରଦାନକରୁଛନ୍ତି। ଚୁଡି ଦୋକାନରେ ମଧ ପ୍ରବଳ ଭିଡ଼ ହେଉଛି। ଶାଢୀ ସହିତ ମ୍ୟାଚ୍ କରି ଚୁଡି କିଣୁଛନ୍ତି। ବିଭିନ୍ନ ଡିଜାଇନ ଅନୁସାରେ ଚୁଡିର ମୂଲ୍ୟ ୧୦୦ ଟଙ୍କାରୁ ୫୦୦ ଟଙ୍କା ପର୍ଯ୍ୟନ୍ତ ରହିଛି। ସେହିଭଳି ନାଲି ଶଙ୍ଖା ଗୁଡିକର ମୂଲ୍ୟ ୨୦ ଟଙ୍କା ହୋଇଥିବା ବେଳେ ଡିଜାଇନ ଅନୁସାରେ ଅନୁସାରେ ଶଙ୍ଖାର ମୂଲ୍ୟ ୧୦୦ ରୁ ୨୦୦ ଟଙ୍କା ପର୍ଯ୍ୟନ୍ତ ରହିଛି। ସାବିତ୍ରୀ ବ୍ରତରେ ପୂଜା ପାଇଁ ଯାଉଥିବା ଥାଳିରେ ଶାଢୀ ସହିତ ଶୃଙ୍ଗାର ସାମଗ୍ରୀ ସିନ୍ଦୁର, ଶଙ୍ଖା, ବ୍ରତ, ଆଇନା, କାଠ ପାନିଆ, ଗୁଆ, ଅଳତା ଆଦିର ପୂଜା ସାମଗ୍ରୀ କିଣିବା ପାଇଁ ଦୋକାନ ବଜାର ଚଳଚଞ୍ଚଳ ହୋଇଥିବା ଦେଖିବାକୁ ମିଳିଛି। ବଜାର, ମାର୍କେଟ ସମେତ ରାସ୍ତାକଡ ଓ ବିଭିନ୍ନ ଛକ ବଜାରରେ ଫଳ ବ୍ୟବସାୟୀ ପସରା ମେଲାଇ ବସିଥିବା ଦେଖିବାକୁ ମିଳିଛି। ଶାଢୀ, ଚୁଡି, କସ୍‌ମେଟିକ୍ସ ଆଦି ଦୋକାନରେ ଦର ଆକାଶଛୁଆଁ କୁହାଯାଉଛି। ଫଳ ବ୍ୟବସାୟୀ ମାନେ ସାବିତ୍ରୀ ବ୍ରତ ନିମନ୍ତେ ଆବଶ୍ୟକ ଫଳକୁ ଚଢ଼ାଦରରେ ବିକ୍ରି କରୁଥିବା ଦେଖାଯାଇଛି। ଆମ୍ବ, ପଣସ, ସପୁରୀ, ଲିଚୁ, କମଳା, ସପେଟା, ଅଙ୍ଗୁର, ପିଜୁଳି, କଦଳୀ, ଖଜୁରି, ତାଳ ଆଦି ଫଳମୂଳ ସହ ଗଜା ମୁଗର ଦରବୃଦ୍ଧି ଗ୍ରାହକଙ୍କ ମଧରେ ଅସନ୍ତୋଷ ସୃଷ୍ଟି କରିଛି। ଆମ୍ବ କିଲୋ ୮୦ ରୁ ୧୦୦ ଟଙ୍କା ଥିବାବେଳେ ସେଓ ୧୦୦ ରୁ ୧୨୦ ଟଙ୍କା, ଅଙ୍ଗୁର ୧୪୦ ରୁ ୧୫୦ ଟଙ୍କା, କମଳା କିଲୋ ପ୍ରତି ୧୨୦ ଟଙ୍କା ରହିଛି। କଦଳୀ ଡଜନ ପ୍ରତି ୭୦ରୁ ୧୦୦ ଟଙ୍କା, ସପୁରୀ ଗୋଟାକ ୮୦ ରୁ ୧୦୦ ଟଙ୍କା, ସେପଟା ୧୫୦ ଟଙ୍କା ଥିବାବେଳେ ପଣସ ଗୋଟାକ ୮୦ ରୁ ୧୦୦ ଟଙ୍କା, ଲିଚୁ କିଲୋପ୍ରତି ୧୫୦ ଟଙ୍କା, ଡାଳିମ୍ବ ୧୮୦ ରୁ ୨୦୦ ଟଙ୍କା ରହିଛି। କାକୁଡି କିଲୋ ପ୍ରତି ୫୦ ରୁ ୮୦ ଟଙ୍କା ଥିବାବେଳେ

## ଫଳ ଦର ଆକାଶ ଛୁଆଁ

ନଡିଆ ଗୋଟାକ ୩୦ରୁ ୪୦ ରହିଛି। ଗୋଟା ତାଳ ୨୦ ଟଙ୍କା ରହିଛି। ଫଳମୂଳ ଦରଦାମର ବୃଦ୍ଧି ଯୋଗୁ ଚିନ୍ତାରେ ଗ୍ରାହକ। ଦରଦାମ କଳାବଜାରୀ ରୋକିବାକୁ ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

# କୋଲାବ ଜଳଭଣ୍ଡାରକୁ ଡେଇଁ ଯୁବତୀଙ୍କ ଆତ୍ମହତ୍ୟା ଉଦ୍ୟମ

ସୁନାବେଡ଼ା,୨୫।୫(ସମିସ): ସୁନାବେଡ଼ା ନିକଟ କୋଲାବ ଜଳଭଣ୍ଡାରକୁ ଡେଇଁ ଜଣେ ୧୮ ବର୍ଷୀୟ ଯୁବତୀ ଆତ୍ମହତ୍ୟା ଉଦ୍ୟମ କରିଥିବା ବେଳେ ଲୋକେ ଉଦ୍ଧାର କରିବାରୁ ସେ ମୃତ୍ୟୁମୁଖରୁ ରକ୍ଷା ପାଇଯାଇଥିବା ଜଣାପଡ଼ିଛି। ଯୁବତୀ ଜଣକ ସୁନାବେଡ଼ା ହାଉସିଂ ବୋର୍ଡ କଲୋନୀର ବୋଲି ସୂଚନା ମିଳିଛି। ସମ୍ପୃକ୍ତ ଯୁବତୀ ରବିବାର ରାତି ପ୍ରାୟ ୯ଟା ବେଳେ ଏକ ସ୍କୁଟିରେ ଆସି ଘାଟଗୁଡ଼ା ପୋଲ ଉପରେ ରଖି ଜଳଭଣ୍ଡାରକୁ ଡେଇଁ ପଡ଼ିଥିଲେ। ବର୍ତ୍ତମାନ ଗ୍ରୀଷ୍ମ ଋତୁରେ ଜଳଭଣ୍ଡାରରେ ଜଳର ପରିମାଣ କମ୍‌ଥିବା ବେଳେ ନିକଟରେ ଥିବା କିଛି ଲୋକ ତୁରନ୍ତ ଉଦ୍ଧାର କାର୍ଯ୍ୟ ଆରମ୍ଭ କରିବାରୁ ଯୁବତୀଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରିଥିଲେ। ତାଙ୍କୁ ଉଦ୍ଧାର କରି ଲୋକେ ସୁନାବେଡ଼ା ସହରାଞ୍ଚଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତିକରି ପ୍ରାଥମିକ ଚିକିତ୍ସା କରାଇଥିଲେ। ପ୍ରାଥମିକ ଚିକିତ୍ସା ପରେ ଯୁବତୀଙ୍କୁ ନିଜ ଘରକୁ ପଠାଇ ଦିଆଯାଇଛି।



କୋରାପୁଟ ବ୍ଲକ୍ ଅନ୍ତର୍ଗତ ମହାଦେଇପୁଟ ଓ ମସ୍ତିପୁଟରେ ବିଧାୟକ ରଘୁରାମ ମାଛଙ୍କ ଶିଳାନ୍ୟାସ କାର୍ଯ୍ୟକ୍ରମ

## ସମସ୍ୟା ସମାଧାନ ପାଇଁ କୋଣ୍ଡାବାବୁଙ୍କ ଗୁରୁତ୍ୱ

# ରାୟଗଡ଼ା ଟ୍ରକ୍ ମାଲିକ ସଂଘର ସମାବେଶ

ରାୟଗଡ଼ା,୨୫।୫(ସମିସ):




ରାୟଗଡ଼ା ଟ୍ରକ୍ ମାଲିକ ୟୁନିୟନ ସଭାପତି ତଥା ବରିଷ୍ଠ ସଂଗଠକ ୟାଲ୍ଲା ଭେଙ୍କେଟେଶ୍ୱର ରାଓ (କୋଣ୍ଡାବାବୁ) ଙ୍କ ନେତୃତ୍ୱରେ ସଦର ବ୍ଲକ୍ ସିଲଟିଗଡ଼ା ଜଳ ଭଣ୍ଡାର ନିକଟସ୍ଥ ପଡ଼ିଆ ଠାରେ ରବିବାର ଏକ ବନ୍ଧୁମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଆଦି ନାରାୟଣ, ନରେନ୍ଦ୍ର ନାଏକ, କମଳକାନ୍ତ ସାଉନ୍ତା, ମାଧବରାଓ ସାରକା, ଜ୍ଞାନ ହିମିରିକା ପ୍ରମୁଖ ମଞ୍ଚାସୀନ ଥିଲେ। ଚକ୍ରଧର ବିଡିକା ମଞ୍ଚ ପରିଚାଳନା କରିଥିଲେ । କୋଣ୍ଡାବାବୁଙ୍କ ନେତୃତ୍ୱରେ ଗ୍ରାମବାସୀଙ୍କ ମୌଳିକ ଅଧିକାର ତଥା ବିଭିନ୍ନ ସମସ୍ୟାର ସମାଧାନ ଦିଗରେ ଏବଂ ସରକାରଙ୍କ ବିଭିନ୍ନ ଯୋଜନାରେ ସାମିଲ ହୋଇ ଉପକୃତ ହେବା ନେଇ କାର୍ଯ୍ୟକ୍ରମରେ ଆଲୋଚନା ହୋଇଥିଲା। କୋଣ୍ଡାବାବୁ ୨ବର୍ଷ ସଭାପତି ଦାୟିତ୍ୱ ତୁଲାଇ ଆସୁଥିବା ବେଳେ ସଂଘପାଖରେ ୧କୋଟି ଟଙ୍କାରୁ ଅଧିକ ଜମା ହୋଇପାରିଛି। ବର୍ଷ ବର୍ଷର ହିସାବ ପୂର୍ବ ଅଧିକାରୀଙ୍କୁ ମାଗିବାକୁ ପଡିବ ବୋଲି କହିବା ସହ ହିସାବ ନ ମିଳିଲେ ତାଙ୍କ ବାସଭବନ ସମ୍ମୁଖରେ ଧାରଣା ଦେବାକୁ ନିଷ୍ପତି ଗ୍ରହଣ କରିବୁ ବୋଲି କୋଣ୍ଡାବାବୁ ମଞ୍ଚରେ ଆହ୍ୱାନ ଦେଇଥିଲେ। ସେହିପରି ଟିକିରିଠାରେ ଥିବା କମ୍ପାନୀଗୁଡିକରେ ମଧ ଟ୍ରକ୍ ମାଲିକ ସଂଘରେ ଥିବା ସମସ୍ତ ସଦସ୍ୟ ତଥା ଟ୍ରକ୍ ମାଲିକଙ୍କ ଟ୍ରକ୍ ଗୁଡିକୁ ଲୋଡ୍ ମିଳିବା ପାଇଁ ପ୍ରୟାସ ଆରମ୍ଭ କରାଯିବ ବୋଲି କହିଥିଲେ। ସମସ୍ତଙ୍କୁ ଆଗକୁ ନେଇ ବଢ଼ିବା ତାଙ୍କ ଜୀବନର ଏକମାତ୍ର ଲକ୍ଷ୍ୟ ବୋଲି ଶ୍ରୀ କୋଣ୍ଡାବାବୁ ପ୍ରକାଶ କରିଥିଲେ। ଏହି କାର୍ଯ୍ୟକ୍ରମରେ ବୀରନାରାୟଣପୁର, କୁଲଜିଂ, କାଶିପୁରରର ଶତାଧିକ ଗ୍ରାମବାସୀ ଉପସ୍ଥିତ ଥିବା ବେଳେ ଟ୍ରକ ମାଲିକ ସଂଘର ବହୁ ସଦସ୍ୟ ଯୋଗ ଦେଇ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

# ଧାର ଟଙ୍କା ମାଗିବାକୁ ଯାଇଥିବା ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ

**ଧରାକୋଟ, ୨୫ ।୫(ସମିସ):** ଧରାକୋଟ ଥାନା ଅଞ୍ଚଳର ଜଣେ ମହିଳାଙ୍କ ଘରୁ ଗତ ଶନିବାର ସନ୍ଧ୍ୟାରେ ଝୁଲନ୍ତା ଅବସ୍ଥାରେ ଜଣେ ଯୁବକଙ୍କ ମୃତଦେହ ପୁଲିସ ଉଦ୍ଧାର କରିଛି। ମୃତକ ହେଲେ କବିସୂର୍ଯ୍ୟନଗର ଥାନା ଅନ୍ତର୍ଗତ ବାଲିଆସରା ଗ୍ରାମର ସୀମାଞ୍ଚଳ ପୋଲାଇ(୨୬)। ମୃତ ସୀମାଞ୍ଚଳଙ୍କ ଭାଇ ନିରଞ୍ଜନ ପୋଲାଇ ଧରାକୋଟ ଥାନାରେ ଦେଇଥିବା ଏତଲା ଅନୁଯାୟୀ ତାଙ୍କ ଭାଇ ସୀମାଞ୍ଚଳ ଗତ ଶନିବାର ଦିନ ଧାର ଟଙ୍କା ମାଗିବା ପାଇଁ ପୋଡ଼ାପଲି ଯାଉଛି କହି ଘରୁ ବାହାରି ଆସିଥିଲେ। ସନ୍ଧ୍ୟାରେ ଉକ୍ତ ଗାଁର ଜନୈକ ମହିଳା ତାଙ୍କୁ ଫୋନ କରି ତାଙ୍କ ଭାଇ ଆତ୍ମହତ୍ୟା କରିଥିବା ଜଣାଇଥିଲେ। ହେଲେ ନିରଞ୍ଜନଙ୍କ ଅଭିଯୋଗ ହେଲା ତାଙ୍କ ଭାଇକୁ ଷଡ଼ଯନ୍ତ୍ର କରି ହତ୍ୟା କରାଯାଇଛି। ପୁଲିସ ଶବ ଜବତ କରିବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଏଠାରେ ପ୍ରଶ୍ନ ଉଠୁଛି ସମ୍ପୃକ୍ତ ମହିଳାଙ୍କ ସହ ସୀମାଞ୍ଚଳଙ୍କ ସମ୍ପର୍କ କଣ? ସୀମାଞ୍ଚଳଙ୍କ ଠାରୁ ସେ ଟଙ୍କା ଧାର ଆଣିଥିଲେ କାହିଁକି? ସୀମାଞ୍ଚଳଙ୍କ ସହ ତାଙ୍କର ସୁସମ୍ପର୍କ ସୃଷ୍ଟି ହେଲା କିପରି? ରହସ୍ୟ ମଧରେ ରହିଥିବା ଏହି ଘଟଣା ବ୍ୟବଚ୍ଛେଦ ରିପୋର୍ଟ ଓ ପୁଲିସର ଉପଯୁକ୍ତ ତଦନ୍ତ ପରେ ଖୁଲାସା ହେବ ବୋଲି ପୁଲିସ କହିଛି।

# ସାପ କାମୁଡ଼ାରେ ଜଣେ ମୃତ

**ଭଞ୍ଜନଗର, ୨୫ ।୫(ସମିସ):** ଭିନ୍ନଭିନ୍ନ ଦୁଇଟି ସ୍ଥାନରେ ସାପ କାମୁଡ଼ାରେ ଜଣକର ମୃତ୍ୟୁ ହୋଇଥିବା ବେଳେ, ଜଣେ ଗୁରୁତର ଅବସ୍ଥାରେ ଚିକିତ୍ସାଧୀନ ରହିଛନ୍ତି। ଭଞ୍ଜନଗର ଥାନା ଅନ୍ତର୍ଗତ ବାଇବାଲି ନିକଟସ୍ଥ ନାରିଙ୍ଗିପଲ୍ଲୀ ଗାଁର ନଟିଆ ପ୍ରଧାନଙ୍କ ୯ ବର୍ଷର ଝିଅ ତେଜସ୍ୱିନୀ ଘରେ ଶୋଇଥିବା ବେଳେ ବିଷଧର ସାପ କାମୁଡ଼ାରେ ଗୁରୁତର ହୋଇଥିଲେ। ତାଙ୍କୁ ଭଞ୍ଜନଗର ମେଡିକାଲରେ ଭର୍ତ୍ତି କରାଯାଇଥିବା ବେଳେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଛି। ଏନେଇ ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି। ସେହିଭଳି ତାରାସିଙ୍ଗି ଥାନା ଅନ୍ତର୍ଗତ ବେରୁହାଁବାଡି ଗ୍ରାମର ସନ୍ତୋଷ ନାୟକଙ୍କ ଝିଅ ସୁଜାତା ନାୟକ ସାପ କାମୁଡାରେ ଗୁରୁତର ହୋଇପଡ଼ିଥିଲେ। ତାଙ୍କୁ ଭଞ୍ଜନଗର ମେଡିକାଲରେ ଭର୍ତ୍ତି କରାଯାଇଥିବା ବେଳେ ଅବସ୍ଥା ଗୁରୁତର ହେବାରୁ ବ୍ରହ୍ମପୁର ସ୍ଥାନାନ୍ତର କରାଯାଇଛି।

# ଓଲଟିଲା ଗ୍ୟାସ୍ ସିଲିଣ୍ଡର ବୋଝେଇ ଗାଡ଼ି

**କୁକୁଡାଖଣ୍ଡି, ୨୫ ।୫(ସମିସ):** ସଦର ଥାନା ଅନ୍ତର୍ଗତ ରତ୍ନପୁର ନିକଟସ୍ଥ ଲକ୍ଷ୍ମୀ ନୃସିଂହ ମନ୍ଦିର ନିକଟରେ ଭାରସାମ୍ୟ ହରାଇ ଓଲଟି ପଡ଼ିଛି ଏକ ଗ୍ୟାସ୍ ସିଲିଣ୍ଡର ବୋଝେଇ ଗାଡ଼ି। ଏହି ଦୁର୍ଘଟଣାରେ କୌଣସି ବ୍ୟକ୍ତିଙ୍କ କ୍ଷୟକ୍ଷତି ହୋଇନଥିବା ଜଣାପଡ଼ିଛି। ରବିବାର ସକାଳେ ଏହି ଗ୍ୟାସ୍ ସିଲିଣ୍ଡର୍ ଗାଡ଼ିଟି ଦୁର୍ବନ୍ଧ ଗ୍ରାମରୁ ବ୍ରହ୍ମପୁର ଅଭିମୁଖେ ଯାଉଥିଲା। ୫୯ ନମ୍ବର ଜାତୀୟ ରାଜପଥ ନିକଟସ୍ଥ ଲକ୍ଷ୍ମୀନୃସିଂହ ମନ୍ଦିର ନିକଟରେ ଗାଡିଟିର ଚକ ପମ୍ପଚର୍ ହୋଇଯିବାରୁ ଭାରସାମ୍ୟ ହରାଇ ଓଲଟି ପଡ଼ିଥିଲା। ଫଳରେ ଗ୍ୟାସ୍ ସିଲିଣ୍ଡର୍ ଗୁଡ଼ିକ ରାସ୍ତାରେ ପଡ଼ି ଯାଇଥିଲା। ଏହା ଦେଖି ସ୍ଥାନୀୟ ଲୋକେ ପହଞ୍ଚି ଟାଙ୍କି ଗୁଡ଼ିକ ହଟାଇବା ପରେ ଯାତାୟାତ ସ୍ୱାଭାବିକ ହୋଇଥିଲା।

# ସାମ୍ରାଜ୍ୟ ବିସ୍ତାର କରୁଛନ୍ତି ସାର କଳାବଜାରୀ

ପାପଡାହାଣ୍ଡି,୨୫।୫ (ସମିସ):

ସାମ୍ରାଜ୍ୟ ବିସ୍ତାର କରୁଛନ୍ତି ସାର କଳାବଜାରୀ। ଅଣ ଲାଇସେନ୍ସପ୍ରାପ୍ତ ସାର ବ୍ୟବସାୟୀଙ୍କ ପାଦୁର୍ଭାବ ବଢୁଛି। ବଢୁଛି ମହାଜନୀ କାରବାର। ବ୍ଲକର ଚାଷୀ କାଙ୍ଗାଳ। ଦଲାଲ ମାଲାମାଲ। ଏଭଳି ଗ୍ରାମରେ ସାର ବିହନ ବିକ୍ରୟ ହେଉଥିବା ଦେଖିବାକୁ ମିଳୁଛି। ଗତବର୍ଷ ଚେରଚେଟା ପଞ୍ଚାୟତ ଅନ୍ତର୍ଗତ ବତାସର ଅଞ୍ଚଳର ଚାଷୀ ମକା ଚାଷ ପାଇଁ ଜଣେ ଅଣ ଲାଇସେନ୍ସ ପ୍ରାପ୍ତ ମହାଜନଠାରୁ ସାର ଏବଂ ବିହନ ସୁଧରେ ଆଣି ମକା ଲଗାଇଥିଲେ। କିନ୍ତୁ ନା ମକା ହେଲା ନା ସୁଧ କମିଲା। ଫଳରେ ଚାଷୀ

## ● ବଢୁଛି ମହାଜନୀ କାରବାର

ଚାଲିଛି ପାପଡ଼ାହାଣ୍ଡି ବ୍ଲକରେ ମକା ଚାଷ । ନବରଙ୍ଗପୁର ଜିଲା ସଦରମହାକୁମାରୁ ମାତ୍ର ୧୨ କିଲୋମିଟର ପାପଡାହାଣ୍ଡି ବ୍ଲକ । ଜିଲ୍ଲା ସଦର ମହକୁମାର ପ୍ରତ୍ୟେକ ଦିନ କୌଣସି ନା କୌଣସି ଜିଲ୍ଲା ସ୍ତରୀୟ ଅଧିକାରୀ ମାନେ ପାପଡାହାଣ୍ଡି ବ୍ଲକ ଦେଇ ଜିଲ୍ଲାର ୬ଟି ବ୍ଲକକୁ ଯାଆନ୍ତି। କିନ୍ତୁ ପରିତାପର ବିଷୟ ଏହି ବ୍ଲକକୁ କୌଣସି ଅଧିକାରୀଙ୍କ ଦୃଷ୍ଟି ପଡୁନାହିଁ । ବର୍ତ୍ତମାନ ଖରିଫ ଚାଷ କାମ ବ୍ଲକ୍‌ରେ ଆରମ୍ଭ ହୋଇଛି । ବ୍ଲକରେ ମୁଖ୍ୟତଃ ଧାନ ଏବଂ ମକା ଚାଷ ଅଧିକ ପରିମାଣରେ ହୋଇଥାଏ। ଏହି ବ୍ଲକରେ ଗତ ବର୍ଷ ଯାଏଁ ୨୧ ଜଣଙ୍କର ସାର ଲାଇସେନ୍ସ ଥିଲା। କିନ୍ତୁ ବର୍ତ୍ତମାନ ବ୍ଲକର ପ୍ରାୟ ପ୍ରତ୍ୟେକ ବଡ଼ବଡ଼ ସର୍ବହାର ହୋଇ ଋଣ ଗ୍ରସ୍ତ ହୋଇଯାଇଛି। ବର୍ତ୍ତମାନ ସେହି ଅଞ୍ଚଳର ଚାଷୀ ମାନେ ଚାଷ କରିବେ କି ନାହିଁ, ବର୍ତ୍ତମାନ ସୁଦ୍ଧା ସ୍ଥିର କରିପାରୁନାହାନ୍ତି। ବର୍ତ୍ତମାନ ବ୍ଲକର ତୁମ୍ବାର୍ଲା , ଧନସୁଲି , ପାପଡାହାଣ୍ଡି , ଜଟାବାଲ , ପାତ୍ରୀ , ଭେଜା , ମୋକିୟା , ଶିରିସୀ , ପାଳପୁର , ଡ଼ଙ୍ଗାର, ଅଞ୍ଚଳରେ ଏହି ମହାଜନୀ କାରବାର ଜୋରଦାର ଚାଲିଛି । ସେହିଭଳି ଭାବେ ବ୍ଲକରେ ପ୍ରତେକ ଗ୍ରାମରେ ହାଇବ୍ରିଡ଼ ଧାନ ଏବଂ ମକା ବିହନ ବିକ୍ରୟ ହେଉଛି । ଏହି ବ୍ୟବସାୟ ପାଇଁ କୃଷି ବିଭାଗ ତରଫରୁ ଲାଇସେନ୍ସ ଦିଆଯାଇଥାଏ। କିନ୍ତୁ ବ୍ଲକରେ ଅଣ ଲାଇସେନ୍ସ ପ୍ରାପ୍ତ ବିହନ ଦକାନ ଲାଇସେନ୍ସ



ପ୍ରାପ୍ତ ଦକାନରୁ ଅଧିକ। ଯାହାର ଶିକାର ଚାଷୀ ହେଉଛନ୍ତି । ଏହି ବ୍ଲକରେ ଚାଷୀଙ୍କ ରାଜୁତି ନାହିଁ ରାଜୁତି ଚାଲିଛି କେବଳ ଅଣ ଲାଇସେନ୍ସ ପ୍ରାପ୍ତ ମହାଜନ ଙ୍କର। ମହାଜନ ଯାହା ଦେଉଛନ୍ତି ଚାଷୀ ତାହା ନେଇକି ଯାଉଛନ୍ତି ଏବଂ ଅମଳ ହେବାପରେ ଚାଷୀଙ୍କୁ ଷଷଣ କରୁଛନ୍ତି ଏହି ମହାଜନ ମାନେ। ଏହି ମହାଜନୀ କାରବାର ବନ୍ଦ ହୋଇଥାନ୍ତା ଯଦି ବ୍ୟାଙ୍କ କିମ୍ବା ସୋସାଇଟି ଠିକ ସମୟରେ ଚାଷୀଙ୍କୁ ଋଣ ଦେଇଥାନ୍ତା। ବ୍ଲକରେ ଚାଷ କାମ ଜୁନ ମାସରେ ସରୁ ଥିବା ବେଳେ ସୋସାଇଟି ଏବଂ ବ୍ୟାଙ୍କ ଜୁଲାଇ ଶେଷ ଆଡକୁ କିମ୍ବା ଅଗଷ୍ଟ ମାସରେ ଚାଷୀଙ୍କୁ ଋଣ ଯୋଗାଉଛି। ଯୋଦ୍ୱାରା ଚାଷୀ ବାଧ ହୋଇ ମହାଜନୀ ଙ୍କ ଶୁଙ୍ଖଳିରେ ବନ୍ଧା ହୋଉଛି ଏବଂ ନାନା ଅସୁବିଧାର ସମ୍ମୁଖୀନ ହେଉଛି। ମହାଜନ ଅମଳ ଶେଷ ହେବାପରେ ଚାଷୀ ଙ୍କ ଠାରେ ପହଞ୍ଚି ସବୁ ମକା ନେଇକି ଚାଲିଆସି, ମାସେ କିମ୍ବା ଦୁଇ ମାସ ପରେ ଚାଷୀଙ୍କ ହାତରେ ସିଙ୍ଗ ଧରାଇ ମହାଜନ କ୍ଷୀର ପିଉଛି। ଅନ୍ୟ ପଟେ ଏହି ଅଞ୍ଚଳରେ ଅଣ ସ୍ୱୀକୃତିପ୍ରାପ୍ତ ହାଇବ୍ରିଡ଼ ବିହନ କରବାର ଜୋର ଧରିଛି । ଅନ୍ୟ ପଟେ ଅଣ ସ୍ୱୀକୃତି ପ୍ରାପ୍ତ ବିହନ କମ୍ପାନୀ ର କର୍ମଚାରୀ ଙ୍କ ହାତ ମୁଠାରେ ଏହି ଅଣ ଲାଇସେନ୍ସ ପ୍ରାପ୍ତ ଦୋକାନୀ ରହିଥିବା ଚାଷୀ ମହଲରେ ଆଲଚନା ହେଉଛି। ପରିତାପର ବିଷୟ ଯେ ଯଦି କୌଣସି ଚାଷୀ ନିଜ ଖର୍ଚ୍ଚରୁ ଚାଷ କରିବାକୁ ବାହାରିଲେ ଦୋକାନୀ ଗୋଟିଏ ଆଧାର କାର୍ଡ ରେ କେବଳ ଦୁଇ ପେକେଟ ସାର ଦେଉଛନ୍ତି କିନ୍ତୁ ଆଶ୍ଚର୍ଯ୍ୟ ର ବିଷୟ ଅଣ ଲାଇସେନ୍ସ ପ୍ରାପ୍ତ ଦୋକାନୀଙ୍କ ପାଖରେ ଏତେ ପରିମାଣର ସାର ଆସୁଛି କେମିତି ବୋଲି ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ବର୍ତ୍ତମାନ ମାନ ଏହି ମହାଜନ ମାନେ ସେମାନଙ୍କ ଚାଷୀଙ୍କୁ ସାର ବାଣ୍ଟି ସାରିଥିବା ଚାଷୀ ମହଲରେ ଆଲୋଚନା ହେଉଛି। ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଲେ ଚାଷୀଙ୍କ ଭବିଷ୍ୟତ ଉଜ୍ଜଳ ହୋଇଥାନ୍ତା ବୋଲି ଚାଷୀ ମହଲରେ ଦାବି ହେଉଛି ।

# ବିଭାଗ ପାଇଁ ଉଦାହରଣ ବଡ଼ଗଡ଼ ବନାଞ୍ଚଳ



**ସୋରଡ଼ା, ୨୫ ।୫(ସମିସ):** ଦକ୍ଷିଣ ଘୁମୁସର ବନଖଣ୍ଡର ବଡ଼ଗଡ଼ ରେଞ୍ଜ ବିଭାଗ ବହୁମୂଲ୍ୟ ବନଜାତ ଦ୍ରବ୍ୟ ଦେଇ ନିଆରା ଉଦାହରଣ ସୃଷ୍ଟି କରିଛି। ଯାହା ବର୍ଷ ବର୍ଷ ଧରି ରାଜ୍ୟର କାଠ ଚୋରା ଚାଲାଣକାରୀଙ୍କ ଭୂସ୍ୱର୍ଗ ପାଲଟିଥିଲା ଆଜି ସେଥିରେ ପରିବର୍ତ୍ତନ ହୋଇ ସମାଜର ମୁଖ୍ୟ ସ୍ରୋତରେ ଅଞ୍ଚଳବାସୀଙ୍କୁ ସାମିଲ କରାଇବାରେ ନିରନ୍ତର ପ୍ରୟାସ ଜାରି ରଖିଛନ୍ତି ଏଠାକାର ବନାଞ୍ଚଳ ଅଧିକାରୀ ଅଞ୍ଜନ କୁମାର ନାୟକ। ବନଜାତ ଦ୍ରବ୍ୟ ସହିତ ବିକ୍ରିରେ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କୁ ବନସୁରକ୍ଷା ନିମିତ୍ତ ସଚେତନ କରାଇବା ସହ ଅଧିକରୁ ଅଧିକା କିପରି ଗ୍ରାମାଞ୍ଚଳ ମାନଙ୍କରେ ତୃଣମୂଳସ୍ତରରେ ଲୋକଙ୍କୁ ସ୍ୱାବଲମ୍ବୀ କରାଯାଇପାରିବ ସେଥିପ୍ରତି ନିରନ୍ତର ଉଦ୍ୟମ ଜାରି ରଖି ପ୍ରୋତ୍ସାହନ ଯୋଗାଇ ଦେଉଛନ୍ତି। ବନବିଭାଗ ତରଫରୁ ପ୍ରତ୍ୟେକ ଗ୍ରାମାଞ୍ଚଳମାନଙ୍କରେ ବନ ସଂରକ୍ଷଣ ସମିତି ଗ୍ରୁପ୍ ଗଠନ କରି ସେଥିରେ ଲୋକଙ୍କୁ ସାମାଜିକ ଏବଂ ଆର୍ଥିକ ସହାୟତା ପ୍ରଦାନ କରାଇବା ସହ ଗ୍ରାମାଞ୍ଚଳରେ ମହିଳା ମାନଙ୍କୁ ବନବିଭାଗ ତତଫରୁ ଲୋନ୍ ମଧ ଯୋଗାଇଦିଆଯାଇଛି। ଏହି ରେଞ୍ଜର ରାଇପଦାର ରାଧାକୃଷ୍ଣ, କାଦଗୁଡ଼ାର ରଘୁନାଥ, ମା ଶୁଳିଆ, ମା' ସନ୍ତୋଷୀ, ଖାରିଗୁଡାର ମା' ଘୁଙ୍ଗି, ମା' ଦୁର୍ଗା, ସାପୁଆର ସାଇବାବା, ଅମ୍ବିଳିଆମ୍ବର ମା' ପାଟଖଣ୍ଡା, କେ. ଢଉଗାଁର ମା ବୃନ୍ଦାବତୀ ଆଦି ମହିଳା ଗୋଷ୍ଠୀ ସଦସ୍ୟ ସଫଳତା ପାଇଛନ୍ତି। ନୂଆଁ ଜଙ୍ଗଲର ପରିଚୟ ଦେବା ସହିତ ଜଙ୍ଗଲରେ ବନ୍ୟା ପ୍ରାଣୀଙ୍କ ପାଇଁ ପାନୀୟ ଜଳ ବ୍ୟବସ୍ଥା ଓ ଫଳ ଗଛ ରୋପଣ, ନୂଆଁ ଗଛ ସୃଷ୍ଟି ଆଦି ପଦକ୍ଷେପ ନିହାତି ପ୍ରଶଂସନୀୟ। ଏହିଭଳି କାର୍ଯ୍ୟକ୍ରମ ଦ୍ୱାରା ଅତି କମ ସମୟରେ ଅଞ୍ଚଳକୁ ନିଆରା ପରିଚୟ ଦେଇଥିବା ନେଇ ସାଧାରଣରେ ଚର୍ଚ୍ଚା ହେଉଛି।

# ସମ୍ପୂର୍ଣ୍ଣା

ସକାଳ
THE SAKALA
www.sakalaepaper.com

## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ।

**ମୀନ:** ମାନସିକ ଶାନ୍ତି ପାଇବେ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

## ଆଜିର ଇତିହାସ

- ୧୮୨୨- ନରୱେର ଏକ ଚର୍ଚ୍ଚରେ ନିଆଁ ଲାଗିଯିବାରୁ ୧୨୨ ଲୋକଙ୍କ ମୃତ୍ୟୁ।
- ୧୯୫୭- ମୁମ୍ବାଇରେ ଜନତା ବୀମା ପଲିସିର ଆରମ୍ଭ।
- ୧୯୬୯- ଆପୋଲୋ-୧୦ର ମହାକାଶଚାରୀ ପୃଥିବୀପୃଷ୍ଠକୁ ଫେରିଲେ।
- ୧୯୮୩- ଜାପାନରେ ୭.୮ ତୀବ୍ରତାର ଭୂମିକମ୍ପ ହେବାରୁ ୧୦୪ ଲୋକ ମୃତ।
- ୧୯୯୧- ବ୍ୟାଙ୍କକ୍‌ରେ ଏକ ବିମାନ ଦୁର୍ଘଟଣାରେ ୨୨୩ ଜଣଙ୍କ ମୃତ୍ୟୁ।
- ୨୦୧୪-ନରେନ୍ଦ୍ର ମୋଦୀ ଭାରତର ୧୫ତମ ପ୍ରଧାନମନ୍ତ୍ରୀ ଭାବେ ଶପଥ ନେଲେ।

## କୁଟ୍ଟିକେୟାର

### ରୋଗୀ ଓ ବୟସ୍କଙ୍କ ମନୋବଳ ବଢ଼ାଉଛନ୍ତି ଛାତ୍ର



କେରଳର ପତନମତିଟ୍ଟା ଜିଲ୍ଲା ନେଦୁବପୁରମ୍ ଗ୍ରାମ ପଞ୍ଚାୟତ ପିଲାମାନଙ୍କୁ ନିଶାଦ୍ରବ୍ୟ ତଥା ମୋବାଇଲ ଫୋନ୍ ବ୍ୟବହାରରୁ ଦୂରେଇ ରଖିବା ପାଇଁ ଏକ ନିଆରା ପଦକ୍ଷେପ ହାତକୁ ନେଇଛି। ଏହା କୁଟ୍ଟିକେୟାର ନାମରେ ପରିଚିତ। ପିଲାଙ୍କୁ ସାମାଜିକ ସମ୍ପର୍କ ସହ ପରିଚିତ କରିବା ଉଦ୍ଦେଶ୍ୟରେ ଏହି ପ୍ରୟାସ ଆରମ୍ଭ କରାଯାଇଛି। ଏହି ପ୍ରୋଜେକ୍ଟ ଜରିଆରେ ଅଷ୍ଟମରୁ ଦ୍ୱାଦଶ ଶ୍ରେଣୀର ଛାତ୍ରମାନେ ଗାଁ ଗାଁ ବୁଲି ବୃଦ୍ଧ ଓ ରୋଗାକ୍ରାନ୍ତ ଲୋକଙ୍କୁ ଭେଟିଥାନ୍ତି। ଏଥିସହ ସେମାନଙ୍କ ସ୍ୱାସ୍ଥ୍ୟାବସ୍ଥା ବାବଦରେ ପଚାରି ଶୀଘ୍ର ସୁସ୍ଥ ହେବା ନେଇ ସେମାନଙ୍କୁ ପ୍ରୋତ୍ସାହିତ କରିଥାନ୍ତି। ୪ ଏପ୍ରିଲ୍, ୨୦୨୪ ମସିହାରେ ଏଭଳି ଏକ ପ୍ରୟାସର ଆରମ୍ଭ ହୋଇଥିଲା। ଛାତ୍ରମାନେ ଗାଁର ବିଭିନ୍ନ ୱାର୍ଡ ବୁଲି ବୃଦ୍ଧ କିମ୍ବା ରୋଗୀ ଥିବା ଲୋକଙ୍କ ପାଖରେ ପହଞ୍ଚିଥାନ୍ତି। ଏହାଦ୍ୱାରା ପିଲାଙ୍କଠାରେ ସମ୍ବେଦନଶୀଳତା ଓ ସାମାଜିକ ଦାୟିତ୍ୱବୋଧ ବୃଦ୍ଧି ହେଉଥିବାର ଲକ୍ଷ୍ୟ କରାଯାଇଛି। ଏମାନେ ରୋଗୀଙ୍କୁ ସାନ୍ତ୍ୱନା ଦେବା ସହ ଜରୁରୀ ସୂଚନା ମଧ୍ୟ ଦେଇଥାନ୍ତି। ସେହିପରି କୁଟ୍ଟିକେୟାରରେ ୧୬ ଜଣ ପିଲାଙ୍କୁ ପ୍ରାଥମିକ ଚିକିତ୍ସା ପାଇଁ ତାଲିମ ଦିଆଯାଇଛି। ଆୟୁର୍ବେଦିକ ଡାକ୍ତର ଅଧିନେଶ ଗୋପନ ଏହି ପ୍ରୋଜେକ୍ଟ ଆରମ୍ଭ କରିଥିଲେ। ଅଧିନେଶଙ୍କ କହିବା ଅନୁଯାୟୀ, 'ପିଲାମାନେ ପ୍ରଥମେ ସର୍ଭେ କରି ଗାଁରେ ରୋଗୀମାନଙ୍କ ତଥ୍ୟକୁ ଏକତ୍ର କରନ୍ତି। ପରେ ସେହି ତଥ୍ୟକୁ ବିଶ୍ଳେଷଣ କରନ୍ତି। ଏଥିସହ ଗୋଟିଏ ମାସରେ ଅତି କମ୍‌ରେ ଜଣେ ହେଲେ ରୋଗୀକୁ ସେମାନେ ଭେଟିଥାନ୍ତି। ଅବଶ୍ୟ ପିଲାମାନେ ଚାହିଁଲେ ଅଧିକ ରୋଗୀଙ୍କୁ ମଧ୍ୟ ଭେଟି ପାରିବେ। ପ୍ରତିପିଲାଙ୍କୁ ଗୋଟିଏ ଗୋଟିଏ ଡାଏରୀ ଦିଆଯାଇଛି, ଯେଉଁଥିରେ ସେମାନେ ସେମାନଙ୍କ ଅନୁଭୂତି, ଭାବନା ଓ ରୋଗୀଙ୍କ ସହ ଜଡ଼ିତ ତଥ୍ୟ ଲେଖନ୍ତି। ପିଲାଙ୍କ ଡାଏରୀଗୁଡ଼ିକ ଯାଞ୍ଚ ହୁଏ। ଏଥିସହ ସବୁଠୁ ଭଲ ସେବା ପ୍ରଦାନ କରିଥିବା ପିଲାଙ୍କୁ ପୁରସ୍କୃତ କରାଯାଏ। ଏନ୍‌ସିସି ଓ ରେଡ୍‌କ୍ରସ୍‌ରେ ଭାଗ ନେଉଥିବା ପିଲାଙ୍କୁ ଗ୍ରେସ୍ ମାର୍କ ମିଳିଥାଏ। ସେହିଭଳି କୁଟ୍ଟିକେୟାରରେ ସ୍ୱେଚ୍ଛାସେବୀ ଭାବେ କାର୍ଯ୍ୟରତ ପିଲାଙ୍କୁ ମଧ୍ୟ ଦ୍ୱାଦଶ ପରୀକ୍ଷାରେ ଗ୍ରେସ୍ ମାର୍କ ମିଳିଥାଏ।



## 'ଲଭ୍ ଆଣ୍ଡ ୱାର୍' ଓଜନ କମାଇଲେ ରଣବୀର, ଭିକି

ବଲିଉଡ୍‌ର ଲୋକପ୍ରିୟ ଅଭିନେତା ରଣବୀର କପୁର ବହୁତ ଜଲ୍‌ଦି 'ଲଭ୍ ଆଣ୍ଡ ୱାର୍' ଫିଲ୍ମରେ ନଜର ଆସିବେ। ତାଙ୍କ ସହ ଭିକି କୌଶଲ ଓ ଆଲିଆ ଭଟ୍ଟ ମଧ୍ୟ ଲିଡ୍ ରୋଲରେ ନଜର ଆସିବେ। ତେବେ ଏହି ଫିଲ୍ମର ସୁଟିଂ ଆରମ୍ଭ ହେବା ପୂର୍ବରୁ ଭିକି ଓ ରଣବୀର ସେମାନଙ୍କ ଶରୀରରେ ପରିବର୍ତ୍ତନ ଆଣିଛନ୍ତି। ଉଭୟ ସେମାନଙ୍କ ଚରିତ୍ରକୁ ପରଦା ଉପରେ ସଫଳ ରୂପାୟନ ପାଇଁ ଓଜନ ହ୍ରାସ କରିଛନ୍ତି। ରଣବୀର ପାଖାପାଖି ୧୨ କେଜି ଓଜନ ହ୍ରାସ କରିଥିବାବେଳେ ଭିକି ୧୫ କେଜି କମାଇଛନ୍ତି। 'ଲଭ୍ ଆଣ୍ଡ ୱାର୍'ର କାହାଣୀ ଯୁଦ୍ଧପୃଷ୍ଠ ଭୂମି ଉପରେ ଗଢ଼ିଉଠିଥିବା ଏକ ତ୍ରିକୋଣୀୟ ପ୍ରେମ ଉପରେ ଆଧାରିତ। ସଞ୍ଜୟ ଲୀଳା ଭଁସାଲୀ ଏହାର ନିର୍ଦ୍ଦେଶନା ଦେଇଛନ୍ତି। ଏହାପୂର୍ବରୁ ରଣବୀର, ସଞ୍ଜୟଙ୍କ ଫିଲ୍ମ 'ସାଓଁରିୟା'ରେ କାମ କରିଥିଲେ। ତେବେ ଭିକି ପ୍ରଥମ ଥର ପାଇଁ ସଞ୍ଜୟଙ୍କ ସହ କାମ କରୁଛନ୍ତି। ଏହା ୨୦୨୬ରେ ପରଦାକୁ ଆସିପାରେ ବୋଲି କୁହାଯାଉଛି।

## ଦୋକାନରେ ନାହାନ୍ତି ଦୋକାନୀ

ଦକ୍ଷିଣ କୋରିଆ ରାଜଧାନୀ ସିଓଲରେ କିଛି ଦୋକାନ ଏମିତି ଅଛି, ଯେଉଁଠି କୌଣସି ଦୋକାନୀ ନାହାନ୍ତି। ଏଠାରେ ଗ୍ରାହକଙ୍କ ହାତକୁ ଜିନିଷ ଦେବା ପାଇଁ ନା ଦୋକାନୀ ଥାଆନ୍ତି ନା ଦୋକାନକୁ ଜଗିବା ପାଇଁ ସିକ୍ୟୁରିଟି ଗାର୍ଡ। ଏଠାରେ ଗ୍ରାହକଙ୍କ ଭରସାରେ ହିଁ ଦୋକାନ ଚାଲେ। ଗ୍ରାହକ ଦୋକାନକୁ ଆସନ୍ତି ଏବଂ ଟଙ୍କା ଦେଇ ଆବଶ୍ୟକ ଜିନିଷ କିଣନ୍ତି। ଏ ଲାଗି ସ୍ୱୟଂଚାଳିତ ମେସିନ୍‌ର ବ୍ୟବସ୍ଥା କରାଯାଇଛି। ଗ୍ରାହକ ମେସିନ୍‌ରେ ଟଙ୍କା ପୈଠ କରି ନିଜ ମନ ମୁତାବିକ ଜିନିଷ କିଣନ୍ତି। କେବଳ ଦୋକାନ ନୁହେଁ, ଏଠାରେ ଥିବା କିଛି ବାର୍ ବି ସମ୍ପୂର୍ଣ୍ଣ ସ୍ୱୟଂଚାଳିତ। ଗ୍ରାହକଙ୍କୁ ପରଷିବା ପାଇଁ ଏଠାରେ ୱେଟର୍‌ଙ୍କ ସ୍ଥାନରେ ରୋବଟ୍ ଅଛନ୍ତି। ଲୋକେ ଦୋକାନରେ ଲାଗିଥିବା ମେସିନ୍‌ରେ ପେମେଣ୍ଟ କରିଥାନ୍ତି। ତେବେ ଦୋକାନରେ ଦୋକାନୀ ନ ରହିବାର ଏକ ନିର୍ଦ୍ଦିଷ୍ଟ କାରଣ ଅଛି। ସିଓଲରେ ଜନ୍ମହାର ହ୍ରାସ ପାଇବା ଯୋଗୁଁ ଏଭଳି ବ୍ୟବସ୍ଥାକୁ ପରିଚିତ କରାଯାଇଛି। ବିଶେଷକରି ଏଠାରେ ଯୁବପିଢ଼ିଙ୍କ ସଂଖ୍ୟା ଦ୍ରୁତ ଭାବେ କମୁଛି। ଫଳରେ ଦୋକାନ ତଥା ଅନ୍ୟ ସ୍ଥାନରେ କାମ କରିବା ପାଇଁ ଲୋକଙ୍କ ଅଭାବ ପରିଲକ୍ଷିତ ହେଉଛି। ଶ୍ରମିକଙ୍କ ଅଭାବ ଯୋଗୁଁ ମଜୁରି ମଧ୍ୟ ବଢ଼ୁଛି। ଏଭଳି ସ୍ଥିତିରେ କୌଣସି ଦୋକାନୀ ଲୋକଙ୍କୁ ରଖିବା ପରିବର୍ତ୍ତେ ରୋବଟ୍‌କୁ ରଖୁଛନ୍ତି। ଯାହାକି ସେମାନଙ୍କୁ ଶସ୍ତା ଓ ସୁବିଧାଜନକ ହେଉଛି।



## ସାବିତ୍ରୀ ଅମାବାସ୍ୟା

ଆଜି ପବିତ୍ର ସାବିତ୍ରୀ ବ୍ରତ। ଏହାକୁ ଜ୍ୟେଷ୍ଠ ମାସ ଅମାବାସ୍ୟାରେ ପାଳନ କରାଯାଏ। ସଧବା ନାରୀମାନେ ଅଖଣ୍ଡ ସୌଭାଗ୍ୟ ଓ ସ୍ୱାମୀଙ୍କ ଦୀର୍ଘ ଜୀବନ କାମନା କରି ଏହି ବ୍ରତ ପାଳନ କରିଥାନ୍ତି। ଏହି ଦିନ ମହିଳାମାନେ ଉପବାସ ରଖନ୍ତି। ସାବିତ୍ରୀ ବ୍ରତରେ ଦେବୀ ସାବିତ୍ରୀ, ଯମଦେବତା ଓ ସତ୍ୟବାନଙ୍କୁ ପୂଜା କରାଯାଏ। ପୁରାଣ କାହାଣୀ ଅନୁସାରେ, ଯମରାଜା ଆସି ସତ୍ୟବାନଙ୍କ ପ୍ରାଣ ନେବା ସମୟରେ ସାବିତ୍ରୀ ନିଜ ବୁଦ୍ଧି ଓ ସତୀତ୍ୱ ବଳରେ ଯମରାଜଙ୍କ ଠାରୁ ନିଜ ସ୍ୱାମୀଙ୍କ ପ୍ରାଣ ଫେରି ପାଇଥିଲେ। ଏହାବାଦ୍ ଏହି ପୂଜାରେ ବର ଗଛ ପୂଜାର ବିଶେଷ ମହତ୍ତ୍ୱ ରହିଛି। ଓଡ଼ିଆ ଘରର ପରମ୍ପରା ଅନୁସାରେ, ବ୍ରତ ପାଇଁ ସମସ୍ତ ଜିନିଷ ମହିଳାଙ୍କ ବାପଘରୁ ଆସିଥାଏ। ଯାହା ସାବିତ୍ରୀ ଭାର ନାମରେ ଜଣାଶୁଣା।

ଏହି ପୂଜାର ଆରାଧ୍ୟ ଦେବୀ ହେଉଛନ୍ତି ମା' ସାବିତ୍ରୀ। ସ୍ୱାମୀଙ୍କର ନିରାମୟ ଜୀବନ ତଥା ମଙ୍ଗଳ କାମନା କରି ସଧବା ନାରୀମାନେ ସାବିତ୍ରୀ ବ୍ରତ ପାଳନ କରିବାର ପ୍ରଥା ରହିଛି। ଅନ୍ନ ଜଳ ସ୍ପର୍ଶ ନ କରି ସଧବା ନାରୀମାନେ ଏହି ବ୍ରତ ପାଳନ କରି ସ୍ୱାମୀଙ୍କୁ ପୂଜା କରିବାର ପରମ୍ପରା ରହିଛି। ଚଉଁରା ମୂଳ, ଠାକୁର ଘର ଏବଂ ବରଗଛରେ ସଧବା ନାରୀମାନେ ଏହି ପୂଜା କରିଥାନ୍ତି। ନୂଆ ଶାଢ଼ି ସହିତ ଶଙ୍ଖା, ସିନ୍ଦୂର ଏବଂ ଅଳତାକୁ ପୂଜା କରନ୍ତି। ଏହାବାଦ୍ ନଡ଼ିଆ, ଖଜୁରି, ତାଳ, ଆମ୍ବ, ପଣସ, ଲିଚୁ ଆଦି ଭୋଗ ଲାଗି କରନ୍ତି। ସ୍ୱାମୀଙ୍କ ଦୀର୍ଘ ଆୟୁଷ ପାଇଁ ଏହି ବ୍ରତରେ



ସାବିତ୍ରୀ ଉପାଖ୍ୟାନ ପାଠ କରାଯାଏ। ସଧବା ନାରୀମାନେ ଏହି ବ୍ରତକୁ ନିଷ୍ଠାର ସହ ପାଳନ କରନ୍ତି। ପୂଜା ଶେଷ ପରେ ଫଳାହାର କରନ୍ତି। ବରଗଛର ବିଭିନ୍ନ ଶାଖାରେ ଭିନ୍ନ ଭିନ୍ନ ଦେବତା ବାସ କରୁଥିବା ବିଶ୍ୱାସ ରହିଛି। ସାବିତ୍ରୀ ଅମାବାସ୍ୟାରେ ବରଗଛକୁ ପୂଜା କରିବା ବିଧି ଅଛି। ପୌରାଣିକ କାହାଣୀ ଅନୁସାରେ, ସାବିତ୍ରୀ ପତିବ୍ରତା ଧର୍ମ ପାଳନ କରି ନିଜ ସ୍ୱାମୀ ସତ୍ୟବାନଙ୍କ ଜୀବନ ଫେରାଇ ଆଣିଥିଲେ। ଯୁବାବସ୍ଥାରେ ସତ୍ୟବାନଙ୍କ ମୃତ୍ୟୁ ହୋଇଥିଲା। ସେଇଠୁ ସାବିତ୍ରୀ ମୃତ୍ୟୁ ଦେବତା ଯମରାଜଙ୍କୁ ନିଜ ସ୍ୱାମୀଙ୍କ ଜୀବନ ମାଗିଥିଲେ। ସେ ଭକ୍ତି ଓ ନିଷ୍ଠାର ସହ ଯମରାଜଙ୍କୁ ପ୍ରସନ୍ନ କରି ସତ୍ୟବାନଙ୍କୁ ମୃତ୍ୟୁ କବଳରୁ ଫେରାଇ ଆଣିବାରେ ସଫଳ ହୋଇଥିଲେ। ସାବିତ୍ରୀ ବରଗଛ ତଳେ ହିଁ ନିଜ ସ୍ୱାମୀଙ୍କ ଜୀବନ ଫେରି ପାଇଥିଲେ। ଏହି କାରଣ ଯୋଗୁଁ ଏହିଦିନ ବରଗଛ ପୂଜାର ପରମ୍ପରା ଥିବା କୁହାଯାଏ।

## ସ୍ୱସ୍ତି

## ନୌତାପରେ ସୂର୍ଯ୍ୟ ଉପାସନା



ଜ୍ୟୋତିଷଙ୍କ ମତେ ପ୍ରତିବର୍ଷ ଜ୍ୟେଷ୍ଠ ମାସରେ ସୂର୍ଯ୍ୟ ରୋହିଣୀ ନକ୍ଷତ୍ରରେ ୧୫ ଦିନ ଅବସ୍ଥାନ କରି ମୃଗଶିରା ନକ୍ଷତ୍ରକୁ ଗୋଚର ହୁଅନ୍ତି। ଏହି ୧୫ ଦିନ ମଧ୍ୟରୁ ପ୍ରଥମ ୯ ଦିନ ପ୍ରଚଣ୍ଡ ଗ୍ରୀଷ୍ମ ପ୍ରବାହ ହୋଇଥାଏ। ଏହାକୁ 'ନୌତପା' ବା 'ନୌତାପ' କୁହାଯାଏ। ମଇ ୨୫ରୁ ଏହା ଆରମ୍ଭ ହୋଇଛି ଏବଂ ଜୁନ୍ ୮ରେ ସମାପ୍ତ ହେବ। ବୈଜ୍ଞାନିକ ଦୃଷ୍ଟିକୋଣରୁ ଦେଖିଲେ ଏହି ସମୟକାଳରେ ସୂର୍ଯ୍ୟ ଓ ପୃଥିବୀ ମଧ୍ୟରେ ଦୂରତା ହ୍ରାସ ପାଇଥାଏ। ପୃଥିବୀର ଉତ୍ତର ଗୋଲାର୍ଦ୍ଧ ସୂର୍ଯ୍ୟଙ୍କର ଅତି ନିକଟତର ରହିଥିବାରୁ ସୌର ରଶ୍ମି ସିଧାସଳଖ ପଡ଼େ। ଫଳରେ ତାପମାତ୍ରା ଅଧିକ ରହେ। କୁହାଯାଏ କି, ନୌତାପ ସମୟରେ ପ୍ରବଳ ଗରମ ଅନୁଭୂତ ହେଲେ ଭଲ ବର୍ଷା ହୁଏ। ଅନ୍ୟପକ୍ଷରେ କମ୍ ତାପ ପ୍ରବାହ ହେଲେ ସ୍ୱାଭାବିକ ବୃଷ୍ଟିପାତ ହୋଇଥାଏ। ଏହି ସମୟରେ ସୂର୍ଯ୍ୟଙ୍କ ଉପାସନା ମହତ୍ତ୍ୱ ରଖେ। ତେବେ ଜାତକରେ ସୂର୍ଯ୍ୟଙ୍କୁ ମଜଭୁତ କରିବା ପାଇଁ ନୌତାପରେ କିଛି ଉପାୟ ଆପଣାଇବା ଉଚିତ।


- ନୌତପା ସମୟରେ ନିତିଦିନ ସୂର୍ଯ୍ୟଦେବଙ୍କ ଆରାଧନା କରନ୍ତୁ।
- ଭୋର୍‌ରୁ ସ୍ନାନ ସାରି ସୂର୍ଯ୍ୟ ଦେବଙ୍କୁ ଜଳ ଅର୍ଘ୍ୟ ଅର୍ପଣ କରନ୍ତୁ।
- ଆଦିତ୍ୟ ହୃଦୟ ସ୍ତୋତ୍ର ପାଠ କରନ୍ତୁ।
- ନୌତାପରେ ଦହି, ନଡ଼ିଆ, ଜଳ, ଗୁଡ଼, ବସ୍ତ୍ର ଆଦି ଦାନ କରନ୍ତୁ।

## ଜ୍ୟେଷ୍ଠ ମାସରେ ଜଳ ଦାନ

**ଜ୍ୟେଷ୍ଠ ମାସ ସୂର୍ଯ୍ୟଦେବଙ୍କୁ ସମର୍ପିତ। କୁହାଯାଏ, ଜ୍ୟେଷ୍ଠ ପୂର୍ଣ୍ଣିମା ଦିନ ଚନ୍ଦ୍ର ଜ୍ୟେଷ୍ଠ ନକ୍ଷତ୍ରରେ ଥାନ୍ତି। ସେଥିପାଇଁ ଏହି ମାସର ନାଁ ଜ୍ୟେଷ୍ଠ। ଉକ୍ତ ମାସର ପ୍ରାରମ୍ଭ କୃଷ୍ଣ ପ୍ରତିପଦାରୁ ଆରମ୍ଭ ହୋଇଥାଏ ଏବଂ ଜ୍ୟେଷ୍ଠ ପୂର୍ଣ୍ଣିମାରେ ସମାପ୍ତ ହୁଏ। ତେବେ ଏହି ମାସର ସମ୍ବନ୍ଧ ଜଳ ସହ ଯୋଡ଼ା ଯାଇଛି। ଏହି ମାସରେ ସୂର୍ଯ୍ୟଦେବ ଏବଂ ବରୁଣ ଦେବଙ୍କ ଉପାସନା ଫଳଦାୟୀ। ଜ୍ୟେଷ୍ଠ ମାସରେ ଭୀଷଣ ଗରମ ଅନୁଭୂତ ହୋଇଥାଏ। ଏଣୁ ଏହି ମାସରେ ଜଳ ଦାନକୁ ଶୁଭ ବୋଲି କୁହାଯାଏ।**

**ଜଳର ମହତ୍ତ୍ୱ:** ଏହି ମାସରେ ଭୀଷଣ ଗରମ ହୋଇଥାଏ। ସେଥିପାଇଁ ଅଧିକାଂଶ ନଦୀ, ପୋଖରୀ, କୂଅ ଶୁଖି ଯାଏ। ପୁଣି କେତେକ ସ୍ଥାନରେ ଜଳାଭାବ ଦେଖାଯାଏ। ସେଥିପାଇଁ ଏହି ମାସରେ ଜଳ ସଂରକ୍ଷଣ କରିବାର ପରମ୍ପରା ଅଛି। ଭୀଷଣ ଗରମ ଏବଂ ଜଳାଭାବ ଯୋଗୁଁ ବହୁ ସମସ୍ୟା ସୃଷ୍ଟି ହୋଇଥାଏ। ଏହିପରି ଭାବେ ଏହି ମାସ ଜଳର ମହତ୍ତ୍ୱ ବାବଦରେ ବୁଝାଏ। ସେହିପରି ନିର୍ଜଳା ଏକାଦଶୀର ସମ୍ବନ୍ଧ ଜଳ ସହ ଜଡ଼ିତ। ନିର୍ଜଳା ରହି ଭକ୍ତ ଏହାକୁ ପାଳନ କରନ୍ତି। ଏହି ବ୍ରତରେ ଅନ୍ନ ସହିତ ଜଳ ମଧ୍ୟ ତ୍ୟାଗ କରାଯାଏ।

**ବିଷ୍ଣୁଙ୍କ ପ୍ରିୟ ମାସ:** ଏହି ମାସ ଭଗବାନ ବିଷ୍ଣୁଙ୍କ ପ୍ରିୟ ମାସ ବୋଲି ବିଚାର କରାଯାଏ। ତା'ସହ ବରୁଣ ଦେବ, ଶନିଦେବ, ସୂର୍ଯ୍ୟ ଦେବ ଏବଂ ହନୁମାନଙ୍କ ଉପାସନା କରାଯାଏ। ଏହି ମାସରେ ଏହି ସବୁ ଦେବତାଙ୍କ ବିଶେଷ ପୂଜାପାଠ କରିବା ସହ ଜଳଦାନ କରିବାର ପରମ୍ପରା ଅଛି। କେବଳ ସେତିକି ନୁହେଁ, ପବିତ୍ର ନଦୀ ଗଙ୍ଗା, ଯମୁନା, ନର୍ମଦାରେ ସ୍ନାନ କରିବାକୁ କୁହାଯାଏ।



## କାଚ ଭାଙ୍ଗିବା ଅଶୁଭ

ଘରେ କାଚ ଭାଙ୍ଗିବାକୁ ଅଶୁଭ ବୋଲି କୁହାଯାଏ। ଏହା ନକାରାତ୍ମକ ଶକ୍ତି, ଦୁର୍ଭାଗ୍ୟର କାରଣ ସାଜିଥାଏ। ତେବେ ବାସ୍ତୁ ଶାସ୍ତ୍ରରେ କାଚ ଭାଙ୍ଗିବା କେଉଁ ସଙ୍କେତ ଦିଏ, ସେ ସମ୍ପର୍କରେ ଜାଣିବା।



- ବାସ୍ତୁ ଶାସ୍ତ୍ର ଅନୁସାରେ, କାଚ ଭାଙ୍ଗିବା ଘରେ ନକାରାତ୍ମକ ଶକ୍ତିକୁ ଆକର୍ଷିତ କରିଥାଏ। ଏହା ଦ୍ୱାରା ମାନସିକ ଅଶାନ୍ତି, ପାରିବାରିକ ଝଗଡ଼ା ଏବଂ ଅଶାନ୍ତି ବୃଦ୍ଧି ପାଏ।
- କାଚକୁ ମା' ଲକ୍ଷ୍ମୀଙ୍କ ପ୍ରତୀକ ଭାବେ ବିବେଚନା କରାଯାଏ। ଏଣୁ ଭଙ୍ଗା କାଚ ରଖିବା ଲକ୍ଷ୍ମୀଙ୍କ ପ୍ରତି ଅସମ୍ମାନକୁ ସୂଚାଏ। ଏହାଦ୍ୱାରା ଆର୍ଥିକ ସମସ୍ୟା ଉପୁଜେ।
- ଭଙ୍ଗା କାଚ ପରିବାର ମଧ୍ୟରେ ଫାଟ ସୃଷ୍ଟି କରେ। ଏହା ପ୍ରେମ ଜୀବନକୁ ପ୍ରଭାବିତ କରିଥାଏ।
- ଶୁଭ କାର୍ଯ୍ୟରେ ବାଧା ସୃଷ୍ଟି କରେ। ଫଳରେ କାର୍ଯ୍ୟରେ ବାରମ୍ବାର ବାଧା ଆସେ।
- ଘର ଦର୍ପଣ କାଚ ଭାଙ୍ଗିବାକୁ ମଧ୍ୟ ଅଶୁଭ ବୋଲି କୁହାଯାଇଛି। ଏହା ଦୁର୍ଭାଗ୍ୟ ଆଣେ ଓ ଆତ୍ମବିଶ୍ୱାସକୁ ପ୍ରଭାବିତ କରେ।

### ଫ୍ରେଞ୍ଚ୍ ଓପନ୍ ଟେନିସ୍ ଆରମ୍ଭ

# ସାବାଲେଙ୍କା, ଝେଙ୍ଗ୍‌ଙ୍କ ବିଜୟ



ପ୍ୟାରିସ,୨୫ ।୫(ସମିସ): ଐତିହାସିକ ରୋଲାଣ୍ଡ ଗ୍ୟାରସ୍ ଷ୍ଟାଡିୟମରେ ବର୍ଷରୁ ଦ୍ୱିତୀୟ ଗ୍ରାଣ୍ଡସ୍ଲାମ ଟୁର୍ଣ୍ଣାମେଣ୍ଟ ଫ୍ରେଞ୍ଚ୍ ଓପନ୍ ରବିବାରଠାରୁ ଆରମ୍ଭ ହୋଇଛି । ଉଭୟ ପୁରୁଷ ଓ ମହିଳା ଏକକ ପ୍ରତିଯୋଗିତାରେ ସିଡେଡ୍ ଖେଳାଳିମାନେ ପ୍ରଥମ ରାଉଣ୍ଡରେ ବିଜୟୀ ହୋଇ ଅଭିଯାନ ଆରମ୍ଭ କରିଛନ୍ତି । ମହିଳା ଏକକରେ ବିଜୟର ନ ୧ ଖେଳାଳି ତଥା ଟପ୍ ସିଡ୍ ଖେଳାଳି ବେଲାରୁଷର ଅରିନା ସାବାଲେଙ୍କା ୬-୧, ୬-୦ ସିଧା ସେଟ୍‌ରେ ରୁଷିଆର କାମିଲା ରାଖିମୋଭାଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିବା ସହ ଅଭିଯାନ ଆରମ୍ଭ କରିଛନ୍ତି । ସେହିପରି ଅଷ୍ଟମ ସିଡ୍ ଚୀନ୍‌ର କିନୱେନ ଝେଙ୍ଗ୍ ୬-୪, ୬-୩ ସେଟ୍‌ରେ ରୁଷିଆର ଆନାଷ୍ଟାସିଆ ପାଭଲ୍ୟୁଚେଙ୍କୋଭାଙ୍କୁ, ୧୩ତମ ସିଡ୍ ଏଲିନା ଭିଟୋଲିନା ୬-୧,୬-୧ ସେଟ୍‌ରେ ତୁର୍କୀର ସେନେପ ସୋନମେଜଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡକୁ ଉଠିଛନ୍ତି । ଆମେରିକାର ୨୮ ତମ ସିଡ୍ ଖେଳାଳି ପେଟୋନ ଷ୍ଟେର୍ଣ୍ଣସ ୦-୬, ୩-୬ ସେଟ୍‌ରେ ଜର୍ମାନୀର ଇଭା ଲିସ୍‌ଙ୍କଠାରୁ ପରାସ୍ତ ହୋଇ ବିଦାୟ ନେଇଛନ୍ତି ।


## ଦ୍ୱିତୀୟ ରାଉଣ୍ଡରେ ଟମି ପଲ୍

ପୁରୁଷ ଏକକରେ ଦ୍ୱାଦଶ ସିଡ୍ ଆମେରିକାର ଟମି ପଲ ପ୍ରଥମ ରାଉଣ୍ଡରେ ବିଜୟ ହୋଇ ଅଭିଯାନ ଆରମ୍ଭ କରିଛନ୍ତି । ପଲ୍ ୬-୭, ୬-୨, ୬-୩, ୬-୧ ମାରାଥନ ସେଟ୍‌ରେ ଡେନମାର୍କର ଏଲମେର ମୋଲୋରଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି । ଫ୍ରାନ୍ସର ୩୧ତମ ସିଡ୍ ଜିଓଭାନି ଏମ୍‌ପେସି ପେରିକାର୍ଡ ୪-୬, ୬-୩, ୭-୬, ୬-୪ ସେଟ୍‌ରେ ବେଲଜିୟମର ଜିଜୋଉ ବେର୍ଗସଙ୍କୁ ହରାଇ ଦ୍ୱିତୀୟ ରାଉଣ୍ଡକୁ ଉଠିଛନ୍ତି । ୨୮ ତମ ସିଡ୍ ଆମେରିକାର ବ୍ରାଣ୍ଡନ ନାକାସିମା ୬-୭, ୬-୪, ୧-୬, ୨-୬ ସେଟ୍‌ରେ ଆର୍ଜେଣ୍ଟିନାର ମାରିଆନୋ ନାଭୋନଙ୍କଠାରୁ ପରାସ୍ତ ହୋଇ ବିଦାୟ ନେଇଛନ୍ତି । ଦ୍ୱିତୀୟ ସିଡ୍ ସ୍ପେନର କାର୍ଲୋସ ପ୍ରଥମ ରାଉଣ୍ଡରେ ଜାପାନର କେଇ ନିଶିକୋରୀଙ୍କୁ ଭେଟିବେ । ସେହିପରି ଅନ୍ୟଏକ ପ୍ରଥମ ରାଉଣ୍ଡ ମୁକାବିଲାରେ ଆମେରିକାର ରେଇଲି ଓପେଲକା ୧-୬, ୬-୩, ୭-୫, ୭-୬ ସେଟ୍‌ରେ ଅଷ୍ଟ୍ରେଲିଆର ରିଙ୍କି ହିଜିକାଟାଙ୍କୁ ପରାସ୍ତେ କରି ଅଗ୍ରଗତି କରିଛନ୍ତି । ସର୍ବିଆର ହମାଦ ମେଡଜେଡୋଭିକ ୬-୩, ୬-୩, ୭-୬ ସେଟ୍‌ରେ କାମିଲ୍ ମାଜଚରଜାକଙ୍କୁହ ହରାଇ ଅଗ୍ରଗତି କରିଛନ୍ତି ।

### ମୋନାକୋ ଫର୍ମୁଲା-୧ ଗ୍ରାଁପ୍ରି

# ସିଜିନର ଦ୍ୱିତୀୟ ଟାଇଟଲ୍ ଜିତିଲେ ନୋରିସ୍

ମୋନାକୋ,୨୫ ।୫(ସମିସ): ମ୍ୟାକଲରେନ୍ ଡ୍ରାଇଭର ତଥା ବ୍ରିଟ୍ ଫର୍ମୁଲା-୧ ରେସନ ଲାଣ୍ଡୋ ନୋରିସ ମୋନାକୋ ଫର୍ମୁଲା-୧ ଗ୍ରାଁପ୍ରିରେ ବାଜି ମାରିଛନ୍ତି । ରବିବାର ଅନୁଷ୍ଠିତ ଅନ୍ତିମ ରେସ୍‌ରେ ସେ ଫେରାରୀର ଚର୍ଲ୍ସ ଲେକଲେର୍କ ଓ ମ୍ୟାକଲରେନ ସାଥି ଡ୍ରାଇଭର ଓସ୍କାର ପିଆଷ୍ଟ୍ରିଙ୍କୁ ପଛରେ ପକାଇ ସେ ସିଜିନର ଦ୍ୱିତୀୟ ଟାଇଟଲ ହାସଲ କରିଛନ୍ତି । ପୂର୍ବରୁ ସେ ସିଜିନ ଆରମ୍ଭରେ ଅଷ୍ଟ୍ରେଲିଆନ୍ ଗ୍ରାଁପ୍ରି ଟାଇଟଲ ହାସଲ କରିଥିଲେ । ସେହିପରି ରେଡବୁଲ୍‌ର ମ୍ୟାକ୍ସ ଭର୍ଷ୍ଟାପେନ ଚତୁର୍ଥ ଓ ଫେରାରୀର ଲୁଇସ ହାମିଲଟନ ୫ ସ୍ଥାନରେ ରହି ଅଭିଯାନ ଶେଷ କରିଛନ୍ତି । ୨୫ ବର୍ଷୀୟ ନୋରିସ୍ ଏପର୍ଯ୍ୟନ୍ତ ୭ଟି ସଜିନ୍‌ରେ ଅଂଶଗ୍ରହଣ କରି ମୋଟ୍ ଉପରେ ୫ଟି ଗ୍ରାଁପ୍ରିରେ ଟାଇଟଲ ହାସଲ କରିଛନ୍ତି ।



### ଜର୍ମାନୀ କପ୍ ଫୁଟବଲ

# ୨୮ ବର୍ଷ ପରେ ଷ୍ଟର୍ଟଗାର୍ଟକୁ ପ୍ରଥମ ଟାଇଟଲ



ବର୍ଲିନ୍,୨୫ ।୫(ସମିସ): ଜର୍ମାନୀ କପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟରେ ଭିଏଫ୍‌ବି ଷ୍ଟର୍ଟଗାର୍ଟ ଚାମ୍ପିଅନ ହୋଇଛି । ଫାଇନାଲ ମୁକାବିଲାରେ ଷ୍ଟର୍ଟଗାର୍ଟ ୪-୨ ଗୋଲରେ ଥାର୍ଡ ଟାୟର ଦଳ ଅର୍ମିନିଆ ବିଏଲେଫେଲ୍ଡକୁ ପରାସ୍ତ କରି ଦୀର୍ଘ ୨୮ ବର୍ଷରେ ପ୍ରଥମ ଟାଇଟଲ ହାସଲ କରିଛି । ପୂର୍ବରୁ ୧୯ ୯ ୭ରେ ଷ୍ଟର୍ଟଗାର୍ଟ ପ୍ରଥମ ଜର୍ମାନ କପ୍ ଟାଇଟଲ ଜିତିଥିଲା । ସ୍ଥାନୀୟ ଅଲିମ୍ପିଆ ଷ୍ଟାଡିଅନରେ ଅନୁଷ୍ଠିତ ଫାଇନାଲ ମ୍ୟାଚ୍‌ରେ ଷ୍ଟର୍ଟଗାର୍ଟ ତରଫରୁ ଏଞ୍ଜୋ ମିଲୋଟ ୨୨ ଓ ୬୬ତମ ମିନିଟ୍‌ରେ ଦୁଇଟି, ନିକ ଓଲ୍ଟମେଡ୍ ୧୫ ଓ ଡେନିଜ ଉନଦାଭ ୨୮ତମ ମିନିଟ୍‌ରେ ଗୋଲ ସ୍କୋର କରିଥିଲେ । ସେହିପରି ଅର୍ମିନିଆ ତରଫରୁ ୮୨ତମ ମିନିଟ୍‌ରେ ଜୁଲିଆନ କାନିଆ ଗୋଲ ଦେଇଥିଲେ । କିନ୍ତୁ ୮୫ତମ ମିନିଟ୍‌ରେ ଷ୍ଟର୍ଟଗାର୍ଟର ଜୋଶା ଭାଗନୋମାନଙ୍କ ଆତ୍ମଘାତୀ ଗୋଲ ଫଳରେ ଅର୍ମିନିଆ ପରାଜୟ ବ୍ୟବଧାନ କମିଥିଲା ।

### ଆଇପିଏଲ୍ ୧୮ ରେ କ୍ଲାସେନ୍‌ଙ୍କ ଶତକ; କୋଲକାତା ୧୧୦ ରନ୍‌ରେ ପରାସ୍ତ

# ପ୍ରଥମ ଓ ଶେଷରେ ହାଇଦରାବାଦ୍‌ର ଦମ୍‌ଦାର ବିଜୟ

ଦିଲ୍ଲୀ, ୨୫।୫ (ଏଜେନ୍ସି)

ହେନ୍‌ରିକ୍ କ୍ଲାସେନ (୧୦୫*) ଓ ଟ୍ରାଭିସ ହେଡ୍ (୬୮)ଙ୍କ ବିସ୍ଫୋରକ ବ୍ୟାଟିଂ ବଳରେ ଏଠାରେ ରବିବାର ଅନୁଷ୍ଠିତ ଆଇପିଏଲ୍‌ର ୬୭ତମ ଲିଗ୍ ମ୍ୟାଚ୍‌ରେ ସନ୍‌ରାଇଜର୍ସ ହାଇଦରାବାଦ୍ ୧୧୦ ରନ୍‌ରେ କୋଲକାତା ନାଇଟ୍ ରାଇଡର୍ସକୁ ପରାସ୍ତ କରିଛି । ଏହା ଫଳରେ ଦଳ ପ୍ରଥମ ଓ ଶେଷ ମ୍ୟାଚ୍‌ରେ ଦମ୍‌ଦାର ବିଜୟ ହାସଲ କରି ଆଇପିଏଲ୍-୧୮ ଅଭିଯାନ ଶେଷ କରିଛି । ଚଳିତ ଆଇପିଏଲ୍‌ରେ ହାଇଦରାବାଦ୍ ଖେଳିଥିବା ପ୍ରଥମ ମ୍ୟାଚ୍‌ରେ ରାଜସ୍ଥାନ ରୟାଲ୍ସକୁ ୪୪ ରନ୍‌ରେ ପରାସ୍ତ କରିଥିଲା । ଏଥିରେ ଇଶାନ କିଶାନ ଅପରାଜିତ ୧୦୬ ଓ ଟ୍ରାଭିସ୍ ହେଡ୍ ୬୭ ରନ୍ କରିବା ଫଳରେ ଦଳ ପ୍ରଥମେ ବ୍ୟାଟିଂ କରି ୬ ୱିକେଟରେ ୨୮୬ (ଚଳିତ ସଂସ୍କରଣରେ ସର୍ବାଧିକ) ରନ୍ କରିଥିଲା । ଜବାବରେ ରାଜସ୍ଥାନ ୬/୨୪୨ ରନ୍ କରିଥିଲା । ସେହିପରି ଆଜି କ୍ଲାସେନ ୩୯ ବଲ୍‌ରେ ୧୦୫ ଓ ହେଡ୍ ୪୦ ବଲ୍‌ରେ ୭୬ ରନ୍ କରିବା ଫଳରେ ଦଳ ପ୍ରଥମେ ବ୍ୟାଟିଂ କରି ୩ ୱିକେଟରେ ୨୭୮ ରନ୍ ବା ଆଇପିଏଲ୍ ଇତିହାସରେ ତୃତୀୟ ସର୍ବାଧିକ ସ୍କୋର କରିଥିଲା । ଜବାବରେ ଡିଫେଣ୍ଡିଂ ଚାମ୍ପିଅନ କୋଲକାତା ଆଉ ୮ଟି ବଲ ବାକିଥାଇ ୧୬୮ ରନ୍‌ରେ ଅଲଆଉଟ ହୋଇଯାଇଥିଲା । ଫଳରେ ଦଳ ୧୧୦ ରନ୍‌ରେ ମ୍ୟାଚ୍‌କୁ ଜିତିବା ସହ ପ୍ରଥମ ଓ ଶେଷ ମ୍ୟାଚ୍‌ରେ ଦମ୍‌ଦାର ଖେଳିବାରେ ସମର୍ଥ ହୋଇଥିଲା । ଏହି ବିଜୟ ପରେ ହାଇଦରାବାଦ୍ ୧୪ଟି ମ୍ୟାଚ୍‌ରୁ ୬ ବିଜୟ ସହ ୧୩ ପଏଣ୍ଟ ପାଇ ଟେବଲର ୬ଷ୍ଠ ସ୍ଥାନରେ ରହି ଅଭିଯାନ ଶେଷ କରିଛି । ଅନ୍ୟ ପକ୍ଷରେ କୋଲକାତା ୧୪ ମ୍ୟାଚ୍‌ରୁ ୫ ବିଜୟ ସହ ୧୨ ପଏଣ୍ଟ ପାଇ ୮ମ ସ୍ଥାନରେ ରହିଛି । ଆଇପିଏଲ୍ ଇତିହାସରେ ଏହା କୋଲକାତା ରନ୍ ବ୍ୟବଧାନରେ ସର୍ବବୃହତ ପରାଜୟ ବରଣ କରିଛି । ବିଜୟୀ ଦଳର କ୍ଲାସେନ୍‌ଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି ।

ଏହି ମ୍ୟାଚ୍‌ରେ ଦକ୍ଷିଣ ଆଫ୍ରିକୀୟ କ୍ଲାସେନ ୩୭ ବଲ୍‌ରେ ଶତକ ହାସଲ କରିବା ସହ ୩୯ ବଲ୍‌ରେ ୭ ଚୌକା ଓ ୯ ଛକା ସହ ୧୦୫ ରନ୍‌ରେ ଅପରାଜିତ ରହିଥିଲେ । ଫଳରେ ଆଇପିଏଲ୍ ଇତିହାସରେ କ୍ଲାସେନ ତୃତୀୟ ଯୁଗ୍ମ ଦ୍ରୁତତମ ଶତକ ହାସଲ କରିଥିଲେ । ତାଙ୍କ ବ୍ୟତୀତ ଟ୍ରାଭିସ ହେଡ୍ ୪୦ ବଲ୍‌ରେ ୬ଟି ଲେଖାଏଁ ଚୌକା ଓ ଛକା ସହ ୭୬, ଅଭିଷେକ ଶର୍ମା ୧୬ ବଲ୍‌ରେ ୩୨, ଇଶାନ କିଶାନ ୨୦ ବଲ୍‌ରେ ୨୯ ରନ୍ କରିଥିଲେ । ଜବାବରେ କୋଲକାତା ୧୮.୪ ଓଭରରେ ୧୬୮ ରନ୍ କରିଥିଲା । ଦଳ ପକ୍ଷରୁ କେହି ବଡ଼ ସ୍କୋର କରି ନ ଥିଲାବେଳେ ମନୀଷ ପାଣ୍ଡେ ସର୍ବାଧିକ ୩୭, ହର୍ଷିତ ରାଣା ୩୪ ଓ ସୁନୀଲ ନାରାୟଣ ୩୧ ରନ୍ କରିଥିଲେ । ହାଇଦରାବାଦ୍ ପକ୍ଷରୁ ଜୟଦେବ ଉନାଦକତ, ଏଶାନ ମାଲିଙ୍ଗା ଓ ବାମହାତୀ ସ୍ପିନର ହର୍ଷ ଦୁବେ ୩ଟି ଲେଖାଏଁ ୱିକେଟ ଅକ୍ତିଆର କରି ଦଳକୁ ବଡ଼ ବିଜୟ ପ୍ରଦାନ କରିଥିଲେ ।



**ଆଇପିଏଲ୍‌ରେ ୫ ଉଚ୍ଚତମ ସ୍କୋର**

| ଦଳ | ସ୍କୋର | ବିପକ୍ଷ | ଭେନ୍ୟୁ |
|---|---|---|---|
| ହାଇଦରାବାଦ୍ | ୨୮୭/୩ | ବେଙ୍ଗାଲୁରୁ | ବେଙ୍ଗାଲୁରୁ |
| ହାଇଦରାବାଦ୍ | ୨୮୬/୬ | ରାଜସ୍ଥାନ | ହାଇଦରାବାଦ୍ |
| ହାଇଦରାବାଦ୍ | ୨୭୭/୩ | ମୁମ୍ବାଇ | ହାଇଦରାବାଦ୍ |
| କୋଲକାତା | ୨୭୨/୭ | ଦିଲ୍ଲୀ | ବିଶାଖାପାଟନମ |
| ହାଇଦରାବାଦ୍ | ୨୬୬/୭ | ଦିଲ୍ଲୀ | ଦିଲ୍ଲୀ |

**ଆଇପିଏଲ୍‌ରେ ଦ୍ରୁତତମ ଶତକ**

| ଖେଳାଳି | ବଲ୍ | ମ୍ୟାଚ୍ | ଭେନ୍ୟୁ |
|---|---|---|---|
| କ୍ରିସ୍ ଗେଲ୍ | ୩୦ | ବେଙ୍ଗାଲୁରୁ- ପୁଣେ | ବେଙ୍ଗାଲୁର |
| ବୈଭବ ସୂର୍ଯ୍ୟବଂଶୀ | ୩୫ | ରାଜସ୍ଥାନ- ଗୁଜରାଟ | ଜୟପୁର |
| ୟୁସୁଫ ପଠାନ | ୩୭ | ରାଜସ୍ଥାନ- ମୁମ୍ବାଇ | ମୁମ୍ବାଇ |
| ଡେଭିଡ ମିଲର | ୩୮ | ପଞ୍ଜାବ-ବେଙ୍ଗାଲୁରୁ | ମୋହାଲି |
| ଟ୍ରାଭିସ ହେଡ | ୩୯ | ହାଇଦରାବାଦ- ବେଙ୍ଗାଲୁରୁ | ବେଙ୍ଗାଲୁରୁ |

**ଆଇପିଏଲ୍-୨୦୨୫: ପଏଣ୍ଟ ସାରଣୀ**

| ଦଳ | ମ୍ୟାଚ୍ | ବିଜୟ | ପରାଜୟ | ବାତିଲ୍ | ପଏଣ୍ଟ | ରନରେଟ୍ |
|---|---|---|---|---|---|---|
| ଗୁଜରାଟ | ୧୪ | ୯ | ୫ | ୦ | ୧୮ | +୦.୨୫୪ |
| ପଞ୍ଜାବ | ୧୩ | ୮ | ୪ | ୧ | ୧୭ | +୦.୩୨୭ |
| ବେଙ୍ଗାଲୁରୁ | ୧୩ | ୮ | ୪ | ୧ | ୧୭ | +୦.୨୫୫ |
| ମୁମ୍ବାଇ | ୧୩ | ୮ | ୫ | ୦ | ୧୬ | +୧.୨୯୨ |
| ଦିଲ୍ଲୀ | ୧୪ | ୭ | ୬ | ୧ | ୧୫ | +୦.୦୧୧ |
| ହାଇଦରାବାଦ୍ | ୧୪ | ୬ | ୭ | ୧ | ୧୩ | -୦.୨୪୧ |
| ଲକ୍ଷ୍ନୌ | ୧୩ | ୬ | ୭ | ୦ | ୧୨ | -୦.୩୩୭ |
| କୋଲକାତା | ୧୪ | ୫ | ୭ | ୨ | ୧୨ | +୦.୩୦୫ |
| ରାଜସ୍ଥାନ | ୧୪ | ୪ | ୧୦ | ୦ | ୮ | -୦.୫୪୯ |
| ଚେନ୍ନାଇ | ୧୪ | ୪ | ୧୦ | ୦ | ୮ | -୦.୬୪୭ |

### ଆସାମ ପ୍ରିମିୟର ଲିଗ୍

# କଳିଙ୍ଗ ୱାରିୟର୍ସ ଚାମ୍ପିଅନ




ଭୁବନେଶ୍ୱର, ୨୫।୫ (ସମିସ): ଆସାମର ଗୁଆହାଟୀଠାରେ ଚାଲିଥିବା ଆସାମ ଚେସ୍ ପ୍ରିମିୟର ଲିଗ୍ ରବିବାର ଶେଷ ହୋଇଛି । ଏଥିରେ ଭାଗ ନେଇଥିବା ଓଡ଼ିଶା ଭିତ୍ତିକ ଫ୍ରାଞ୍ଚାଇଜ୍ କଳିଙ୍ଗ ୱାରିୟର୍ସ ସର୍ବାଧିକ ପଏଣ୍ଟ ପାଇ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛି । ଏହି ଫ୍ରାଞ୍ଚାଇଜ୍‌ର ମାଲିକ ଅଲ୍ ଓଡ଼ିଶା ଚେସ ସଂଘ ରହିଛି । ଏହି ସଂଘର ସମ୍ପାଦକ ଦେବବ୍ରତ ଭଞ୍ଜଙ୍କ ନେତୃତ୍ୱରେ କଳିଙ୍ଗ ୱାରିୟର୍ସ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରି ଶ୍ରେଷ୍ଠ ସଫଳତା ପାଇଛି । ଏହି ଦଳରେ ଜିଏମ୍ ଅଙ୍କିତ ରାଜପାରା, ଅମେୟ ଗୁପ୍ତା, ଅମ୍ଲାନ ମହନ୍ତ, ମୃଣ୍ମୟ ରାଜଖୋୱା ପ୍ରମୁଖ ଭାଗ ନେଇଛନ୍ତି । ଓଡ଼ିଆ ଖେଳାଳି ସିଏମ୍ ହର୍ଷିତ ରଞ୍ଜନ ସାହୁ ଓ ଏଫ୍‌ଏମ୍ ରାଜେଶ ନାୟକ ସୁନ୍ଦର ଖେଳ ପ୍ରଦର୍ଶନ କରିଥିଲେ । କଳିଙ୍ଗ ୱାରିୟର୍ସ ସର୍ବାଧିକ ୫.୫ ପଏଣ୍ଟ ପାଇଥିଲା । ପୁରସ୍କାର ବାବଦରେ ଓଡ଼ିଶା ଭିତ୍ତିକ ଦଳ ୩ ଲକ୍ଷ ଟଙ୍କା ଓ ଟ୍ରଫି ପାଇଥିଲା । ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୮ଟି ଦଳ ଭାଗନେଇଥିଲା । ଅନ୍ୟ ଦଳଗୁଡିକ ହେଲେ ଆକ୍ସମ ରାଇନୋସ ଚେକ୍‌ମେଟ୍ସ, ରାଞ୍ଚି କ୍ୟାପିଟାଲ୍ସ, ସାଭୟ ଚେକ୍‌ମେଟ୍ସ, ନାଇଟ୍ ମୁଭର୍ସ, ଏଜୁ ହବ୍ ଚେକ୍‌ମେଟ୍ସ, ବିଟିଆର୍ ୱାରିୟର୍ସ ଓ ୯୧ ୟାର୍ଡ୍ସ କ୍ଲବ୍ ।

# ଟ୍ରେଏ କୁଲେ ଭାରତ-ଏ ବୋଲିଂ କୋଚ୍

ମୁମ୍ବାଇ,୨୫ ।୫(ସମିସ): ଅଷ୍ଟ୍ରେଲିଆର ପୂର୍ବତନ ଘରୋଇ କ୍ରିକେଟର ଟ୍ରେଏ କୁଲେ ଭାରତ-ଏ ଦଳର ବୋଲିଂ କୋଚ୍ ନିଯୁକ୍ତ ହୋଇଛନ୍ତି । ସେ ଆଗାମୀ ଇଂଲଣ୍ଡ ଗସ୍ତରେ ଦାୟିତ୍ୱ ବହନ କରିବେ । ରବିବାର ଭାରତ-ଏ ଦଳ ଇଂଲଣ୍ଡରେ ପହଞ୍ଚିଛି । କୁଲେ ଭାରତୀୟ କ୍ରିକେଟ କଣ୍ଟ୍ରୋଲ ବୋର୍ଡ (ବିସିସିଆଇ) ସେଣ୍ଟର ଅଫ୍ ଏକ୍ସିଲେନ୍ସ (ସିଓଇ) ରେ ବୋଲିଂ କୋଚ୍ ରହିଛନ୍ତି । ସେ ମଧ୍ୟ ଇଂଲଣ୍ଡର ବୋଲିଂ କୋଚ୍ ରହିଥିଲେ । ତାଙ୍କ ତତ୍ତ୍ୱାବଧାନରେ ଇଂଲଣ୍ଡ ୨୦୦୫ ଆଶେଶ୍‌ରେ ୨-୧ରେ ସିରିଜ ବିଜୟୀ ହୋଇଥିଲା । ୫୭ ବର୍ଷୀୟ କୁଲେ ବେଙ୍ଗାଲୁରୁସ୍ଥିତ ଜାତୀୟ କ୍ରିକେଟ ଏକାଡେମୀରେ ଦ୍ରୁତ ବୋଲିଂ କୋଚ୍ ଭାବେ କାର୍ଯ୍ୟ କରିଆସୁଛନ୍ତି । ୨୦୨୨ ଫେବୃଆରୀରେ ଦକ୍ଷିଣ ଆଫ୍ରିକାରେ ଅନୁଷ୍ଠିତ ଟି-୨୦ ବିଶ୍ୱକପରେ ଭାରତୀୟ ମହିଳା ଦଳର ବୋଲିଂ କୋଚ୍ ଭାବେ ଦାୟିତ୍ୱ ସମ୍ପାଦନ କରିଥିଲେ । ହୃଷିକେଶ କାନିଟକର ଭାରତ-ଏ ଦଳର ମୁଖ୍ୟ କୋଚ୍ ରହିଛନ୍ତି ।



ଇଂଲଣ୍ଡ ଗସ୍ତରେ ଯାଇ ଲଣ୍ଡନରେ ପହଞ୍ଚିଥିବା ଭାରତ-ଏ କ୍ରିକେଟ ଦଳର ଖେଳାଳିମାନେ ।

## ଓସିଏର ଅମ୍ପାୟାର ପଦୋନ୍ନତି ପରୀକ୍ଷା

କଟକ,୨୫।୫(ସମିସ): ଓଡିଶା କ୍ରିକେଟ ଆସୋସିଏସନ(ଓସିଏ)ର ଅମ୍ପାୟାର ପଦୋନ୍ନତି ପରୀକ୍ଷା ବାରବାଟୀ ଷ୍ଟାଡିୟମରେ ଆୟୋଜିତ ହୋଇଛି । ଏଥିରେ ଓସିଏର ୨୧ଜଣ ପ୍ୟାନେଲ ଅମ୍ପାୟାର ଅଂଶ ଗ୍ରହଣ କରିଥିଲେ । ବିସିସିଆଇର ବରିଷ୍ଠ ଅମ୍ପାୟାର ଅରୁଣ କୁମାର ବାସା ପରୀକ୍ଷା ପରିଚାଳନା କରିଥିଲେ । ରାଜ୍ୟରେ କ୍ରିକେଟର ବିକାଶ ଦିଗରେ ଓସିଏ ନିରନ୍ତର କାର୍ଯ୍ୟ କରୁଛି । ଏହି ପରିପ୍ରେକ୍ଷୀରେ ଅମ୍ପାୟାରମାନଙ୍କ କୌଶଳ ବିକାଶ ପାଇଁ ଏଭଳି ପରୀକ୍ଷା ହୋଇଥିବା ନେଇ ଓସିଏ ପକ୍ଷରୁ ପ୍ରେସ ବିବୃତ୍ତି ମାଧମରେ ସୂଚନା ଦିଆଯାଇଛି ।




### ଖେଲୋ ଇଣ୍ଡିଆ ବିଚ୍ ଗେମ୍ସ


# ପେଞ୍ଚକ ସିଲାଟ୍‌ରେ ଓଡ଼ିଶାକୁ ୮ ପଦକ



ଭୁବନେଶ୍ୱର,୨୫ ।୫(ସମିସ)

ଡିୟୁର ଘୋଗ୍ଲା ବିଚ୍‌ରେ ଚାଲିଥିବା ପ୍ରଥମ ଖେଲୋ ଇଣ୍ଡିଆ ବିଚ୍ ଗେମ୍ସରେ ଓଡ଼ିଶା ୮ଟି ପଦକ ହାସଲ କରିଛି । ଏହି ଇଭେଣ୍ଟରେ ୨୦ ଜଣ ଓଡ଼ିଆ ପ୍ରତିଭାବାନ ଖେଳାଳି ଅଂଶଗ୍ରହଣ କରିଥିଲେ । ଓଡ଼ିଆ ଖେଳାଳିମାନେ ୩ଟି ରୌପ୍ୟ ଓ ୫ଟି କାଂସ୍ୟ ପଦକ ହାସଲ କରିଛନ୍ତି । ଓଡ଼ିଶାର ସୋହିଲ ଗୁରୁଙ୍ଗ୍ ସୋଲୋ ଓ ଟେଣ୍ଡି ଇଭେଣ୍ଟରେ ୨ଟି ରୌପ୍ୟ ପଦକ ଜିତିଛନ୍ତି । ପୁରୁଷ ଗାଣ୍ଡା ଓ ଉଭୟ ପୁରୁଷ ଓ ମହିଳା ରେଗୁ ଟିମ୍ କାଂସ୍ୟ ପଦକ ଜିତିଛନ୍ତି । ଅନିନ୍ଦିତା ପାତ୍ର ଟେଣ୍ଡିଂ ଇଭେଣ୍ଟରେ ରୌପ୍ୟ, ରୁଦ୍ର ପ୍ରତାପ ଷଡଙ୍ଗୀ ରତୁ ଗିଲ୍ କାଂସ୍ୟ ପଦକଜିତି ଓଡ଼ିଶାକୁ ଗୌରବାନ୍ୱିତ କରିଛନ୍ତି । ଓଡ଼ିଶା ସରକାରଙ୍କ କ୍ରୀଡ଼ା ବିଭାଗ ତରଫରୁ ଖେଳାଳିମାନଙ୍କୁ ସ୍ଥାନୀୟ ବିଜୁ ପଟ୍ଟନାୟକ ବିମାନ ବନ୍ଦରରେ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା । ଏହି ପ୍ରତିଯୋଗିତାରେ ପ୍ରେମ ସିଂ ଥାପ୍ପା ଦାୟିତ୍ୱର ରେଫ୍ରିସିପ୍ କରିଥିବାରୁ ଇଣ୍ଡିଆ ଫେଡେରେସନ ତରଫରୁ ସମ୍ମାନୀତ ହୋଇଥିଲେ । କ୍ରୀଡ଼ା ବିଭାଗ ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, ଅନୁସଚିବ ବିଜୟ ସ୍ୱାଇଁ, ଓଏସ୍‌ଡି ଧିରଜ ପଟ୍ଟନାୟକଙ୍କ ସମେତ ସମାଜସେମୀ ତଥା ପେଞ୍ଚକ ସିଲାଟ ଆସୋସିଏସନ ଖୋର୍ଦ୍ଧାର ସମ୍ପାଦକ ଜୀତେନ୍ଦ୍ର କୁମାର ରାଉତ, ଆସୋସିଏସନ ଓଡ଼ିଶା ସଭାପତି ତାପସ କୁମାର ରାୟ ଚୌଧୁରୀ, ଉପ-ସଭାପତି ମନୋରଞ୍ଜ ଭଞ୍ଜ, ଅରବିନ୍ଦ ନାୟକ, ସାଧାରଣ ସମ୍ପାଦକ ଗୁରୁ ପ୍ରେମ୍ ସିଂ ଥାପ୍ପା, ବ୍ୟକ୍ତିଗତ ଉପଦେଷ୍ଟା ସୁମନ ମୋଦି ପ୍ରମୁଖ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି ।

## ଏସୀୟ ଜୁ ଜିତ୍‌ସୁରେ ଅନୁପମାଙ୍କୁ ଦ୍ୱିତୀୟ ପଦକ



ଭୁବନେଶ୍ୱର, ୨୫।୫ (ସମିସ): ଓଡ଼ିଶାର ଅନୁପମା ସ୍ୱାଇଁ ଭାରତ ପକ୍ଷରୁ ନବମ ଏସୀୟ ଜୁ ଜିତ୍‌ସୁରେ ପଦକ ଜିତିବାରେ ସମର୍ଥ ହୋଇଛନ୍ତି । ଜୋର୍ଡାନ୍‌ରେ ଚାଲିଥିବା ଏହି ପ୍ରତିଯୋଗିତାର ମହିଳା ୫୨ କିଲୋଗ୍ରାମ୍ କାଟାଗୋରୀରେ କଣ୍ଟାକ୍ଟରେ ସେ କାଂସ୍ୟ ପଦକ ହାସଲ କରିଛନ୍ତି । ଏହି ପ୍ରତିଯୋଗିତାରେ ଅନୁପମା ଦ୍ୱିତୀୟ ପଦକ ବିଜୟୀ ହେବାରେ ସମର୍ଥ ହୋଇଛନ୍ତି ।

### ୧୯ ବର୍ଷରୁ କମ୍ ଆନ୍ତଃ ଜିଲ୍ଲା କ୍ରିକେଟ

# ଆଜିଠାରୁ ଦ୍ୱିତୀୟ ପର୍ଯ୍ୟାୟ ଲିଗ୍

କଟକ,୨୫।୫(ସମିସ): ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଆନୁକୂଲ୍ୟରେ କଟକରେ ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟ ଖେଳାଯାଉଛି । ପ୍ରଥମ ପର୍ଯ୍ୟାୟରେ ଗ୍ରୁପ-ଏ ଏବଂ ଗ୍ରୁପ-ବିର ମ୍ୟାଚ୍ ଶେଷ ହୋଇଛି । ଗ୍ରୁପ-ଏରୁ ଝାରସୁଗୁଡା ଏବଂ ଗ୍ରୁପ-ବିରୁ ଖୋର୍ଦ୍ଧା ଉଭୟ ୧୬ ପଏଣ୍ଟ ଲେଖାଏ ସଂଗ୍ରହ କରି ଶୀର୍ଷରେ ରହିଛନ୍ତି । ସୋମବାରଠାରୁ ଦ୍ୱିତୀୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଆରମ୍ଭ ହେବ । ଗ୍ରୁପ-ସି ଏବଂ ଗ୍ରୁପ-ଡିରେ ସ୍ଥାନ ପାଇଥିବା ଦଳ ପ୍ରତିଯୋଗିତାକୁ ଓହ୍ଲାଇବେ । ରେଭେନ୍ସା ବିଶ୍ୱବିଦ୍ୟାଳୟର ଦୁଇଟି ଗ୍ରାଉଣ୍ଡ ସମେତ ଅଡଶପୁର, ଡ୍ରିମସ, ସନସାଇନ ଏବଂ ବିଡାନାସୀ ଗ୍ରାଉଣ୍ଡରେ ସମସ୍ତ ମ୍ୟାଚ୍ ଖେଳାଯିବ । ୩୧ ତାରିଖ ପର୍ଯ୍ୟନ୍ତ ଦ୍ୱିତୀୟ ପର୍ଯ୍ୟାୟ ଲିଗ୍ ମ୍ୟାଚସୂଚୀ ରହିଛି । ସୋମବାର କଟକ-ଏ ଏବଂ କେନ୍ଦୁଝର, ବାଲେଶ୍ୱର ଓ ଢ଼େଙ୍କାନାଳ, ପୁରୀ ଓ କନ୍ଧମାଳ, ଭୁବନେଶ୍ୱର-ଏ ଓ ରାଉରକେଲା, ଗଞ୍ଜାମ ଓ ବରଗଡ, ନୂଆପଡା ଏବଂ ପୁରୀ ମଧ୍ୟରେ ମୁକାବିଲା ହେବ ।

### ୩୮ ତମ ଭୁବନେଶ୍ୱର ସ୍କୁଲ ଓପନ ଚେସ୍

# ସତ୍ୟମ୍ ଚାମ୍ପିଅନ, ପ୍ରୀତମ ରନର୍ସ ଅପ୍



ଭୁବନେଶ୍ୱର, ୨୫।୫ (ସମିସ): ସତ୍ୟମ ସ୍ୱରୂପ ସାହୁ ଓ ପ୍ରୀତମ ହୋତା ୩୮ତମ ଭୁବନେଶ୍ୱର ସ୍କୁଲ୍ ଓପନ ଚେସ୍ ଚାମ୍ପିଅନ୍‌ସିପ୍‌ରେ ଯଥାକ୍ରମେ ଚାମ୍ପିଅନ ଓ ରନର୍ସ ଅପ୍ ହୋଇଛନ୍ତି । କଟକ ଗୁରୁ ନାନକ ପବ୍ଲିକ୍ ସ୍କୁଲ୍‌ର ସତ୍ୟମ ୫ ରାଉଣ୍ଡରୁ ସର୍ବାଧିକ ୪.୫ ଓ ଖଣ୍ଡଗିରି ମଦର୍ସ ପବ୍ଲିକ୍ ସ୍କୁଲ୍‌ର ପ୍ରୀତମ ୪ ପଏଣ୍ଟ ପାଇ ରନର୍ସ ଅପ୍ ହୋଇଛନ୍ତି । ଏମାନଙ୍କ ପଛକୁ ୫ମ ସ୍ଥାନ ଯାଏ ଥିବା ପ୍ରତିଯୋଗୀ ମଧ୍ୟ ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ । ସେମାନଙ୍କ ମଧ୍ୟରୁ ୟୁନିଟ୍-୮ ଡିଏଭି ପବ୍ଲିକ୍ ସ୍କୁଲ୍‌ର ଆରିସ ନନ୍ଦ ଗୋସ୍ୱାମୀ, କଟକ ମେଡିକାଲ ଡିଏଭି ପବ୍ଲିକ୍ ସ୍କୁଲ୍‌ର ନିରେକ ପରିଡ଼ା ଓ ଭୁବନେଶ୍ୱର କେନ୍ଦ୍ରୀୟ ବିଦ୍ୟାଳୟ ନଂ-୧'ର ସ୍ୱସ୍ତିକ ତ୍ରିପାଠୀ ଯଥାକ୍ରମେ ତୃତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଥିଲେ । ଭୁବନେଶ୍ୱର ଚେସ ସଂଘ ଆନୁକୂଲ୍ୟରେ ଏହି ପ୍ରତିଯୋଗିତା ଉପକଣ୍ଠ କେଶୁରାସ୍ଥିତ ରୟାଲ ପବ୍ଲିକ୍ ସ୍କୁଲ ପରିସରରେ ରବିବାର (ଆଜି) ଅନୁଷ୍ଠିତ ହୋଇଥିଲା । ଏହାକୁ ସ୍କୁଲ୍‌ର ପ୍ରିନ୍ସିପାଲ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ । ଖେଳ ଶେଷରେ ଟାଟା ଷ୍ଟିଲର ଏରିଆ ମ୍ୟାନେଜର ସୁଶାନ୍ତ ରଥ ମୁଖ୍ୟ ଅତିଥି ଓ ଭୁବନେଶ୍ୱର ଚେସ ସଂଘ ସମ୍ପାଦକ ଦେବାଶିଷ ପାଣିଗ୍ରାହୀ ସମ୍ମାନିତ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ ।

■ ଚତୁଃରାଷ୍ଟ୍ରୀୟ ହକି ଟୁର୍ଣ୍ଣାମେଣ୍ଟ

## ଚିଲିକୁ ହରାଇଲା କନିଷ୍ଠ ଭାରତୀୟ ମହିଳା ଦଳ



ରୋସାରିଓ,୨୫।୫(ସମିସ): ଆର୍ଜେଣ୍ଟିନାର ରୋସାରିଓ ଚାଲିଥିବା ଚତୁଃରାଷ୍ଟ୍ରୀୟ ମହିଳା ହକି ଟୁର୍ଣ୍ଣାମେଣ୍ଟରେ ଭାରତୀୟ କନିଷ୍ଠ ମହିଳା ଦଳ ବିଜୟରୁ ଅଭିଯାନ ଆରମ୍ଭ କରିଛି। ରବିବାର ଭାରତୀୟ ଦଳ ୨-୧ ଗୋଲରେ ଦକ୍ଷିଣ ଆମେରିକୀୟ ଦେଶ ଚିଲିକୁ ପରାସ୍ତ କରିଛି। ଭାରତ ପାଇଁ ଶୁଖବୀର କୌର ୩୯ତମ ଓ କନିକା ସିୱାଚ୍ ୫୮ତମ ମିନିଟ୍‌ରେ ଗୋଲ ସ୍କୋର କରିଥିଲେ। ଅନ୍ୟପଟେ ଚିଲି ତରଫରୁ ଜାଭେରିଆ ସାଏଞ୍ଜ ବିଂଶତମ ମିନିଟ୍‌ରେ ଦଳ ତରଫରୁ ଏକମାତ୍ର ଗୋଲ ଦେଇ ଦଳକୁ ଅଗ୍ରଣୀ କରାଇଥିଲେ। କିନ୍ତୁ ଏହାପରେ ଭାରତ ଦୁଇଟି ଗୋଲ ଦେଇ ବିଜୟୀ ହୋଇଥିଲା। ଭାରତ ଏବେ ତା'ର ଦ୍ୱିତୀୟ ମୁକାବିଲାରେ ସୋମବାର ଅନ୍ୟତମ ଲାଟିନ ଆମେରିକୀୟ ଦେଶ ଉରୁଗୁଏକୁ ଭେଟିବ।

■ ମାଲେସିଆ ମାଷ୍ଟର୍ସ ବ୍ୟାଡ୍‌ମିଣ୍ଟନ

## ଫାଇନାଲ ହାରି ଶ୍ରୀକାନ୍ତ ରନର୍ସଅପ୍

କ୍ୱାଲାଲମ୍ପୁର,୨୫।୫(ସମିସ): ସ୍ଥାନୀୟ ଅକ୍ସିଆଟା ଏରିନାରେ ଅନୁଷ୍ଠିତ ମାଲେସିଆ ମାଷ୍ଟର୍ସ ସୁପର ୫୦୦ ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଅଭିଜ୍ଞ ଭାରତୀୟ ଖେଳାଳି ଉପ- ବିଜେତା ହୋଇ ଅଭିଯାନ ଶେଷ କରିଛନ୍ତି। ରବିବାର ଅନୁଷ୍ଠିତ




ପୁରୁଷ ଏକକ ଫାଇନାଲ ମୁକାବିଲଶରେ ଶ୍ରୀକାନ୍ତ ୧୧-୨୧, ୯-୨୧ ସିଧାସଳଖ ଗେମ୍‌ରେ ଚୀନ୍‌ର ଲି ସି ଫେଙ୍ଗଠାରୁ ମାତ୍ର ୩୬ ମିନିଟ୍‌ରେ ପରାସ୍ତ ହୋଇ ରନର୍ସଅପ୍ ହୋଇଛନ୍ତି। ୩୨ ବର୍ଷୀୟ ଶ୍ରୀକାନ୍ତ ଦୀର୍ଘ ୬ ବର୍ଷ ପରେ କୌଣସି ବିଡବ୍ଲ୍ୟୁଏଫ୍ ଫାଇନାଲରେ ପ୍ରବେଶ କରିଥିଲେ ମଧ୍ୟ ଟାଇଟଲ ହାସଲ କରିବାରେ ବିଫଳ ହୋଇଛନ୍ତି। ଏହାପୂର୍ବରୁ ସେ ୨୦୧୯ରେ ଇଣ୍ଡିଆନ ଓପନ୍ ଫାଇନାଲରେ ପ୍ରବେଶ କରିଥିଲେ ମଧ୍ୟ ରନର୍ସଅପ୍ ହୋଇଥିଲେ। ଶନିବାର ସେମିଫାଇନାଲରେ ସେ ଜାପାନର ବିଶ୍ୱର ୨୩ ନଂ ଖେଳାଳି ୟୁସି ତନାକାଙ୍କୁ ୨୧-୧୮, ୨୪-୨୨ରେ ପରାସ୍ତ କରି ଫାଇନାଲକୁ ଉଠିଥିଲେ। ୨୦୨୧ ବିଶ୍ୱ ଚାମ୍ପିଅନସିପ୍‌ରେ ସେ ରୌପ୍ୟ ପଦକ ହାସଲ କରିଥିଲେ। ଶ୍ରୀକାନ୍ତ ଏବେ ବିଶ୍ୱ ମାନ୍ୟତାର ୪୭ତମ ସ୍ଥାନରେ ରହିଛନ୍ତି। ପୂର୍ବରୁ ଅନ୍ୟ ଭାରତୀୟ ଖେଳାଳିମାନେ ପରାସ୍ତ ହୋଇ ବିଦାୟ ନେଇସାରିଥିଲେ।

ଆଇପିଏଲ୍ ୧୮ | ଦମ୍ ଦେଖାଇଲେ ଯୁବ ଖେଳାଳି

# ଶେଷ ମ୍ୟାଚ୍ ଜିତି ଶେଷରେ ରହିଲା ଚେନ୍ନାଇ



ଅହମ୍ମଦାବାଦ୍, ୨୫।୫ (ଏଜେନ୍ସି): ଏଠାରେ ରବିବାର ଅନୁଷ୍ଠିତ ଆଇପିଏଲ୍‌ର ୬୭ତମ ଲିଗ୍ ମ୍ୟାଚ୍‌ରେ ଚେନ୍ନାଇ ସୁପର କିଙ୍ଗ୍‌ସ ୮୩ ରନ୍‌ର ବୃହତ୍ ବ୍ୟବଧାନରେ ଟେବଲ ଟପ୍ପର ଗୁଜରାଟ ଟାଇଟନ୍ସକୁ ପରାସ୍ତ କରିଛି। ଆଇପିଏଲ୍ ଇତିହାସରେ ସର୍ବବୃହତ୍ ରନ୍ ବ୍ୟବଧାନରେ ପରାଜୟ ସତ୍ତ୍ୱେ ଗୁଜରାଟ ୧୪ଟି ମ୍ୟାଚ ଖେଳି ୯ ବିଜୟ ଓ ୫ ପରାଜୟ ସହ ଅଭିଯାନ ଶେଷ କରିଛି। ଏହା ଫଳରେ ଦଳ ଏବେ ସୁଦ୍ଧା ୧୮ ପଏଣ୍ଟ ପାଇ ପଏଣ୍ଟ ଟେବଲର ପ୍ରଥମ ସ୍ଥାନରେ ରହିଛି। ୧୭ ପଏଣ୍ଟ ଲେଖାଏଁ ସଂଗ୍ରହ କରି ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ଥିବା ପଞ୍ଜାବ କିଙ୍ଗ୍‌ସ କିମ୍ବା ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ସେମାନଙ୍କ ଶେଷ ମ୍ୟାଚ୍ ଜିତିପାରିଲେ ଟେବଲର ଟପ୍ପର ହେବେ। ଅନ୍ୟ ପକ୍ଷରେ ୫ଥରର ଚାମ୍ପିଅନ ଓ ୫ ଥରର ରନର୍ସ ଅପ୍ ଚେନ୍ନାଇ ୧୪ଟି ମ୍ୟାଚ୍‌ରୁ ୪ଟି ବିଜୟ ସହ ୮ ପଏଣ୍ଟ ପାଇଛି। ରାଜସ୍ଥାନ ମଧ୍ୟ ୮ ପଏଣ୍ଟ ପାଇଛି। କିନ୍ତୁ ଚେନ୍ନାଇ ସୁପର କିଙ୍ଗ୍‌ସର ଖରାପ ନେଟ ରନ୍ ରେଟ୍ ଯୋଗୁଁ ୧୦ଟି ଦଳ ମଧ୍ୟରେ ୧୦ମ ସ୍ଥାନରେ ରହିଛି। ଆଇପିଏଲ୍ ଇତିହାସରେ ଏହା ପ୍ରଥମ ଘଟଣା ଯେଉଁଥିରେ କି ଚେନ୍ନାଇ ପଏଣ୍ଟ ଟେବଲର ଶେଷ ସ୍ଥାନ ସହ ଅଭିଯାନ ଶେଷ କରିଛି। ଏହି ମ୍ୟାଚରେ ଦଳର ନେତୃତ୍ୱ ନେଇଥିବା ମହେନ୍ଦ୍ର ସିଂ ଧୋନି ମଧ୍ୟ ଶାନ୍ତ୍ୱନାମୂଳକ ବିଜୟ ସହ ସିଜନ ଶେଷ କରିଛନ୍ତି। ତାଙ୍କ ନେତୃତ୍ୱରେ ଦଳ ୧୦ଥର ଫାଇନାଲ ଖେଳିଥିଲେ ମଧ୍ୟ ଶେଷରେ ସେ ହାର ମାନି ନକରାତ୍ମକ ରେକର୍ଡ କରି ଚଳିତ ସିଜନ ଶେଷ କରିଛନ୍ତି। ବିଜୟୀ ଦଳ ପକ୍ଷରୁ ୨୩ଟି ବଲ ଖେଳି ୪ ଚୌକା ଓ ୫ ଛକା ସହ ସର୍ବାଧିକ ୫୭ ରନ୍ କରିଥିବା ଦକ୍ଷିଣ ଆଫ୍ରିକୀୟ ଯୁବ ଖେଳାଳି ଡିୱାଲ୍ଡ ବ୍ରେଭିସ୍‌ଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ସମ୍ମାନ ମିଳିଛି।



| ଆଇପିଏଲ୍‌ରେ ଆଜି | |
|---|---|
| ପଞ୍ଜାବ ବନାମ ମୁମ୍ବାଇ | |
| ଜୟପୁର/ ରାତି ୭.୩୦ | ଷ୍ଟାରସ୍ପୋର୍ଟ୍ସ / ଜିଓ ହଟ୍‌ଷ୍ଟାର |

### ନୁର, ଅଂଶୁଲଙ୍କ ଚମତ୍କାର ବୋଲିଂ

ଦୁଇ ବିଦେଶୀ ଖେଳାଳି ଡେଭନ କନୱେ (୫୨) ଓ ଡିୱାଲ୍ଡ ବ୍ରେଭିସ (୫୭)ଙ୍କ ଅର୍ଦ୍ଧଶତକ ବଳରେ ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଚେନ୍ନାଇ ସୁପର କିଙ୍ଗ୍‌ସ ୫ ୱିକେଟରେ ୨୩୦ ରନ୍ କରିଥିଲା। ଚଳିତ ସିଜନରେ ଦଳର ଏହା ସର୍ବାଧିକ ଦଳଗତ ସ୍କୋର ହୋଇଥିଲା। ଜବାବରେ ୨୩୧ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଗୁଜରାଟ ଟାଇଟନ୍ସ ପ୍ରତିପକ୍ଷ ନୁର ଅହମ୍ମଦ୍ ଓ ଅଂଶୁଲ କାମ୍ବୋଜଙ୍କ ବୋଲିଂର ଉଚିତ ମୁକାବିଲା କରି ନ ପାରି ୯ଟି ବଲ୍ ବାକିଥାଇ ୧୪୭ ରନ୍‌ରେ ଅଲଆଉଟ ହୋଇଯାଇଥିଲା। ପ୍ରଥମଥର ଲାଗି ଦଳର ୩ଜଣ ଯାକ ଟପ୍ ଅର୍ଡର ବ୍ୟାଟର ଅଧିନାୟକ ଶୁବମନ ଗିଲ୍ (୧୩), ଜୋଶ ବଟଲର (୫) ଓ ସାଇ ସୁଦର୍ଶନ (୪୧) ବ୍ୟାଟିଂରେ ଫେଲ ମାରିଥିଲେ। ସୁଦର୍ଶନ ଦଳ ପକ୍ଷରୁ ସର୍ବାଧିକ ରନ୍ କରିଥିଲେ ମଧ୍ୟ ଦଳକୁ ସେ ନକରାତ୍ମକ ପରାଜୟରୁ ରକ୍ଷା କରିପାରି ନ ଥିଲେ। ଅନ୍ୟ କୌଣସି ବ୍ୟାଟର ମଧ୍ୟ ଚେନ୍ନାଇ ବୋଲରଙ୍କୁ ମୁକାବିଲା କରିପାରି ନ ଥିଲେ। ଶାହରୁଖ ଖାନ୍ (୧୯), ରାହୁଲ ତେୱାତିଆ (୧୪), ରାଶିଦ୍ ଖାନ୍ (୧୨) ଓ ଅଲରାଉଣ୍ଡର ଜେରାଲ୍ଡ କୋଏଜି (୫) ରନ୍ କରି ବିଫଳ ହୋଇଥିଲେ। ପୂର୍ବରୁ ଏମାନେ କିଛି ମ୍ୟାଚ୍ ବିଜୟୀ ଇନିଂସ ଖେଳିଥିଲେ ମଧ୍ୟ ଏହି ମ୍ୟାଚ୍‌ରେ ମିଳିତ ଭାବେ ଫେଲ୍ ମାରିଥିଲେ। ଚେନ୍ନାଇ ପକ୍ଷରୁ ଆଫଗାନ ସ୍ପିନର ଓ ହରିୟାଣାର ପେସ୍ ବୋଲର ଅଂଶୁଲ କାମ୍ବୋଜ ୩ଟି ଲେଖାଏଁ ୱିକେଟ ନେଇଥିଲେ। ଏହା ଫଳରେ ନୁରଙ୍କ ୱିକେଟ ସଂଖ୍ୟା ଚଳିତ ସିଜନରେ ୨୪ରେ ପହଞ୍ଚିଛି। ଆଇପିଏଲ୍-୨୦୨୫ରେ ମଧ୍ୟ ସେ ସର୍ବାଧିକ ୨୪ଟି ୱିକେଟ ଅକ୍ତିଆର କରିଛନ୍ତି।



### କନ୍‌ୱେ, ବ୍ରେଭିସ୍‌ଙ୍କ ଅର୍ଦ୍ଧଶତକ

ଏଠାରେ ପ୍ରଥମେ ବ୍ୟାଟିଂ କରି ଚେନ୍ନାଇ ଟିମ୍ ଆରମ୍ଭରୁ ଶେଷ ପର୍ଯ୍ୟନ୍ତ ଦ୍ରୁତଗତିରେ ରନ୍ ସଂଗ୍ରହ କରିଥିଲା। ଦଳ ପକ୍ଷରୁ ଚଳିତ ସିଜନରେ ବଦଳ ଖେଳାଳି ରୂପେ ଖେଳିଥିବା ଯୁବ ଓପନର କରିଥିବା ଆୟୁଷ ମହାତ୍ରେ ୧୭ ବଲ୍‌ରେ ୩୪ ରନ୍, ଉର୍ଭିଲ ପଟେଲ ୧୯ ବଲ୍‌ରେ ୧୯ ବଲ୍‌ରେ ୩୭ ଓ ବ୍ରେଭିସ୍ ୨୩ ବଲ୍‌ରେ ୫୭ ରନ୍ କରିଥିଲେ। ଏମାନଙ୍କ ବ୍ୟତୀତ ୩ ବରିଷ୍ଠ ଖେଳାଳି ଡେଭନ କନୱେ ୩୫ ବଲ୍‌ରେ ୫୨, ଶିବମ ଦୁବେ ୮ ବଲ୍‌ରୁ ୧୭ ଓ ରବୀନ୍ଦ୍ର ଜାଡେଜା ୧୮ ବଲ୍‌ରୁ ଅପରାଜିତ ୨୧ ରନ୍ କରିବା ଫଳରେ ଦଳ ୮/୨୩୦ ରନ୍‌ର ଏକ ବିଶାଳ ସ୍କୋର କରିଥିଲା। ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ସର୍ବାଧିକ ୨ଟି ୱିକେଟ ମିଳିଥିଲା।

**ସଂକ୍ଷିପ୍ତ ସ୍କୋର**

**ଚେନ୍ନାଇ ସୁପର କିଙ୍ଗ୍‌ସ : ୨୩୦/୫, ୨୦ ଓଭର** (ଡିୱାଲ୍ଡ ବ୍ରେଭିସ-୫୭, ଡେଭନ କନୱେ-୫୨, ଉର୍ଭିଲ ପଟେଲ-୩୭, ଆୟୁଷ ମହାତ୍ରେ-୩୪, ପ୍ରସିଦ୍ଧ କ୍ରିଷ୍ଣା-୨/୨୨)।

**ଗୁଜରାଟ ଟାଇଟନ୍ସ : ୧୪୭/୧୦, ୧୮.୩ ଓଭର** (ସାଇ ସୁଦର୍ଶନ-୪୧, ଅର୍ଶାଦ୍ ଖାନ୍-୨୦, ଅଂଶୁଲ କାମ୍ବୋଜ-୩/୧୩, ନୁର ଅହମ୍ମଦ୍-୩/୨୧, ରବୀନ୍ଦ୍ର ଜାଡେଜା-୨/୧୭)।

ଆମେର୍ସଫୁଟ୍‌ରୁ ଜେନିଭା ପର୍ଯ୍ୟନ୍ତ

# ଟାଇଟଲ ହାସଲରେ ବିରଳ ଶତକ



ସର୍ବିଆର ଅଭିଜ୍ଞ ଟେନିସ୍ ତାରକା ନୋଭାକ ଜୋକୋଭିଚ୍ ଖେଳ ଜାରି ରଖିଥିଲେ ମଧ୍ୟ କିଂବଦନ୍ତୀ ଆଖ୍ୟା ଅର୍ଜନ କରିସାରିଛନ୍ତି। ଓପନ୍ ଏରାରେ ସେ ଆଉ ଏକ ବଡ଼ ଉପଲବ୍ଧୀ ହାସଲ କରି ବିଶ୍ୱ ଟେନିସରେ ନିଜର ପ୍ରଭୁତ୍ୱ ଜାହିର କରିଛନ୍ତି। ଜେନିଭା ଓପନ୍ ଏଟିପି ଟୁର ୨୫୦ ପ୍ରତିଯୋଗିତାରେ ଚାମ୍ପିଅନ ହୋଇ ସେ କ୍ୟାରିଅରର ୧୦୦ତମ ଏଟିପି ଟୁର ଟାଇଟଲ ଜିତିଛନ୍ତି। ଫାଇନାଲ ମୁକାବିଲାରେ ପ୍ରଥମ ସେଟ୍‌ରେ ପରାସ୍ତ ହୋଇ ପଛରେ ପଡିଥିଲେ ମଧ୍ୟ ପ୍ରତ୍ୟାବର୍ତନ କରି ବାକି ଦୁଇଟି ସେଟ୍‌ରେ ବିଜୟୀ ହୋଇଛନ୍ତି। ସେ ପୋଲାଣ୍ଡ ହୁବର୍ଟ ହୁରକାଜଙ୍କୁ ୫-୭, ୭-୬, ୭-୬ ସେଟ୍‌ରେ ପରାସ୍ତ କରି ଚାମ୍ପିଅନ ହୋଇଛନ୍ତି। ଟେନିସରେ ୧୯୬୮ରେ ଓପନ୍ ଏରାର ପ୍ରାରମ୍ଭ ହୋଇଥିଲା। ଏହାପରେ ସବୁ ଖେଳାଳିଙ୍କୁ ଆମେଚର ଓ ପେସାଦାର ଟେନିଟର ୪ଟି ଗ୍ରାଣ୍ଡସ୍ଲାମରେ ଭାଗ ନେବାକୁ ଅନୁମତି ପାଇଥିଲେ। ଜୋକୋଭିଚ୍‌ଙ୍କ ଏହି ଲମ୍ବା ଯାତ୍ରା ନେଦରଲାଣ୍ଡସର ଆମେରର୍ସଫର୍ଟରୁ ଆରମ୍ଭ ହୋଇ ଏବେ ଜେନିଭାରେ ପହଚିଛି। ଅର୍ଥାତ ୨୦୦୬ରେ ଆମେର୍ସଫୁଟ୍‌ରେ ହିଁ ସେ ନିଜ କ୍ୟାରିଅରର ପ୍ରଥମ ଏଟପି ଟୁର ଟାଇଟଲ ହାସଲ କରିଥିଲେ ଓ ଇତିମଧ୍ୟରେ ୧୯ ବର୍ଷ ବିତି ଯାଇଛି। ଗତ ଗୁରୁବାର ଜୋକୋଭିଚ୍ ୩୮ ବର୍ଷ ବୟସରେ ପଦାର୍ପଣ କରିଛନ୍ତି। ଶେଷରେ ତାଙ୍କର ଏହି ୧୦୦ତମ ଟାଇଟଲ ସ୍ୱପ୍ନ ସାକାର ହୋଇଛି। ଗତ ମାଦ୍ରିଦ୍ ଓପନ୍‌ରେ ପ୍ରଥମ ରାଉଣ୍ଡ ପରାଜୟ ପରେ ସେ ନିଜ କୋଚ୍ ବ୍ରିଟେନର ଆଣ୍ଡି ମୁରେଙ୍କଠାରୁ ସମ୍ପର୍କ ଛିନ୍ନ କରିଥିଲେ।

**୧୦୦ କ୍ଲବରେ ୭ ଖେଳାଳି**

ତାଙ୍କ ପୂର୍ବରୁ କେବଳ ସ୍ୱିଜରଲାଣ୍ଡର ରୋଜର ଫେଡରର ୧୦୩ ଓ ଆମେରିକାର ଜିମ୍ମି କର୍ଣ୍ଣର୍ସ ୧୦୯ ଟାଇଟଲ ହାସଲ କରି ଏହି ଏଲିଟ କ୍ଲବରେ ସ୍ଥାନ ପାଇଥିଲେ। ଏକଦା ଫେଡରର ମଧ୍ୟ ଜୋକୋଭିଚ୍‌ଙ୍କ କଡ଼ା ପ୍ରତିଦ୍ୱନ୍ଦ୍ୱୀ ରହିଥିଲେ। ଅନପଟେ ମହିଳା ବିଭାଗରେ ମାର୍ଟିନ ନାଭ୍ରାତିଲୋଭା ୧୬୭, କ୍ରିସ୍ ଏଭେର୍ଟ ୧୫୭ ଓ ଜର୍ମାନୀ ଷ୍ଟେଫି ଗ୍ରାଫ୍ ୧୦୭ଟି ଡବ୍ଲ୍ୟୁଟିଏ ଟାଇଟଲ ହାସଲ କରି ଏହି ୧୦୦ କ୍ଲବରେ ସ୍ଥାନ ପାଇଛନ୍ତି। ଉଭୟ ପୁରୁଷ ଓ ମହିଳା ଟେନିସକୁ ବିଚାର କଲେ ମୋଟ୍ ୭ ଜଣ ଖେଳାଳି ୧୦୦ରୁ ଉଦ୍ଧ୍ୱର୍ ଟାଇଟଲ ଜିତି ଏହି ହଣ୍ଡ୍ରେଡ୍ କ୍ଲବ୍‌ରେ ସ୍ଥାନ ପାଇଛନ୍ତି।

### ୨୦ଟି ଭିନ୍ନ ସିଜନରେ ଟ୍ରଫି ଜିତିବାରେ ପ୍ରଥମ

ଜୋକୋଭିଚ୍ ବିଶ୍ୱର ଏକମାତ୍ର ଖେଳାଳି ଭାବେ ୨୦ଟି ଭିନ୍ନ ସିଜନରେ ଟ୍ରଫି ଜିତି ଏକ ବିରଳ ସଫଳତା ଅର୍ଜନ କରିଛନ୍ତି। ଏଥିରେ ଏକ ଅଲିମ୍ପିକ୍ସ ସ୍ୱର୍ଣ୍ଣ ପଦକ ସାମିଲ ରହିଛି। ବିଶ୍ୱର ପ୍ରାୟ ସବୁ ଟୁର୍ଣ୍ଣାମେନଟ୍‌ରେ ଟାଇଟଲ ଜିତିଛନ୍ତି।

**ସର୍ବାଧିକ ଟାଇଟଲ ହାସଲକାରୀ ଖେଳାଳି**

| ଖେଳାଳି | ଦେଶ | ସଂଖ୍ୟ |
|---|---|---|
| ଜିମ୍ମି କର୍ଣ୍ଣର | ଆମେରିକା | ୧୦୯ |
| ରୋଜର ଫେଡରର | ସ୍ୱିଜରଲାଣ୍ଡ | ୧୦୩ |
| ନୋଭାକ ଜୋକୋଭିଚ୍ | ସର୍ବିଆ | ୧୦୦* |
| ଇଭାନ ଲେଣ୍ଡଲ | ଚେକ ଗଣରାଜ୍ୟ | ୯୪ |
| ରାଫେଲ ନାଦାଲ | ସ୍ପେନ୍ | ୯୨ |

**ଜୋକୋଭିଚ୍‌ଙ୍କ ୧୦୦ଟି ଟାଇଟଲ**

| | |
|---|---|
| ଗ୍ରାଣ୍ଡସ୍ଲାମ | ୨୪ |
| ଏଟିପି ଫାଇନାଲ୍ସ | ୭ |
| ଏଟିପି ୧୦୦୦ ମାଷ୍ଟର୍ସ | ୪୦ |
| ଏଟିପି ୫୦୦ | ୧୫ |
| ଏଟିପି ୨୫୦ | ୧୩ |
| ଅଲିମ୍ପିକ୍ସ | ୧ |

### ପ୍ୟାରିସ ଅଲିମ୍ପିକ୍ସରେ ସ୍ୱର୍ଣ୍ଣ

ସବୁ ପ୍ରକାର ସଫଳତା ଅର୍ଜନ କରିଥିଲେ ମଧ୍ୟ ଜୋକୋଭିଚ୍ ଅଲିମ୍ପିକ୍ସରେ ସଫଳତା ପାଇ ନଥିଲେ। ୨୦୦୮ ବେଜିଂ ଅଲିମ୍ପିକ୍ସରେ ସେ ଏକକରେ କାଂସ୍ୟ ପଦକ ହାସଲ କରିଥିଲେ ମଧ୍ୟ କେବେ ସ୍ୱର୍ଣ୍ଣ ପଦକ ଜିତି ନଥିଲେ ଓ ଏ ନେଇ ତାଙ୍କର ଏକ ବଡ଼ ଅବଶୋସ ରହିଥିଲା। ୨୦୨୪ ପ୍ୟାରିସ ଅଲିମ୍ପିକ୍ସରେ ସେ ଏକକ ଫାଇନାଲରେ ସ୍ପେନ ଯୁବ ଖେଳାଳି କାର୍ଲୋସ ଆଲକାରାଜଙ୍କୁ ପରାସ୍ତ କରି ସ୍ୱର୍ଣ୍ଣ ପଦକ ହାସଲ କରି ଇତିହାସ ସୃଷ୍ଟି କରିଥିଲେ।

### ୨୫ତମ ଗ୍ରାଣ୍ଡସ୍ଲାମ ପାଇଁ ଫ୍ରେଞ୍ଚ୍ ଓପନ୍

୨୪ଟି ଗ୍ରାଣ୍ଡସ୍ଲାମ ଟାଇଟଲ ଜିତିଥିବା ଜୋକୋଭିଚ ଆଉ ଗୋଟିଏ ଟାଇଟଲ ହାସଲ କଲେ ବିଶ୍ୱ ରେକର୍ଡ ସୃଷ୍ଟି କରିବା ସହ ଇତିହାସ ସୃଷ୍ଟି କରିବେ। ସେ ପୁରୁଷ ବିଭାଗରେ ସର୍ବାଧିକ ଗ୍ରାଣ୍ଡସ୍ଲାମ ଟାଇଟଲ ଜିତିଛନ୍ତି। ତେବେ ଅଷ୍ଟ୍ରେଲିଆ ମହିଳା କିଂବଦନ୍ତୀ ମାର୍ଗାରେଟ୍ କୋର୍ଟ ୨୪ଟି ଗ୍ରାଣ୍ଡସ୍ଲାମ ଟାଇଟଲ ହାସଲ କରିଛନ୍ତି। ତେଣୁ ଆଉ ଗୋଟିଏ ଟାଇଟଲ ଜିତିଥିଲେ ସେ କୋର୍ଟଙ୍କୁ ପଛରେ ପକାଇ ନୂଆ ମାଇଲଖୁଣ୍ଟ ଅତିକ୍ରମ କରିବେ। ସୋମବାର ସେ ଚଳିତ ଫ୍ରେଞ୍ଚ୍ ଓପନ୍‌ରେ ଆମେରିକାର ମ୍ୟାକେଞ୍ଜି ମ୍ୟାକଡୋନାଲ୍ଡଙ୍କୁ ପ୍ରଥମ ରାଉଣ୍ଡ ମୁକାବିଲାରେ ଭେଟି ଅଭିଯାନ ଆରମ୍ଭ କରିବେ।

## ରାମଲାଲାଙ୍କୁ ଦର୍ଶନ କଲେ ବୀରୁଷ୍କା



ଅଯୋଧ୍ୟା,୨୫।୫(ସମିସ): ଟେଷ୍ଟରୁ କିଛିଦିନ ଦଳେ ଅବସର ଘୋଷଣା କରିଥିବା ଭାରତୀୟ ବ୍ୟାଟିଂ ସୁପରଷ୍ଟାର ବିରାଟ କୋହଲି ଓ ତାଙ୍କ ପତ୍ନୀ ତଥା ବଲିଉଡ ଅଭିନେତ୍ରୀ ଅନୁଷ୍କା ଶର୍ମା ଅଯୋଧ୍ୟା ଗସ୍ତ କରି ରାମଲାଲାଙ୍କ ଦର୍ଶନ କରିଛନ୍ତି। ରବିବାର ସକାଳ ୭ଟାରେ ଦୁହେଁ ରାମଲାଲାଙ୍କ ଦର୍ଶନ କରିଥିଲେ। କିନ୍ତୁ ରାମ ମନ୍ଦିରରେ ଦୁହିଁଙ୍କ ଫଟୋ ସାମ୍ନାକୁ ଆସିନାହିଁ। ରାମଲାଲାଙ୍କୁ ଦର୍ଶନ କରିବା ପରେ ଦୁହେଁ ହନୁମାନ ଗଡିରେ ପହଞ୍ଚିଥିଲେ। କୋହଲି ୧ କେଜି ୨୫ ଗ୍ରାମ୍‌ର ଲଡୁ ଓ ଫୁଲ ଚଢ଼ାଇଥିଲେ। ପୁଜାରୀ ତାଙ୍କୁ ଧଳା ରଙ୍ଗର ଫୁଲମାଳା ପିନ୍ଧାଇବା ସହ ଆଶୀର୍ବାଦ ଦେଇଥିଲେ। ସେହିପରି ଅନୁଷ୍କାଙ୍କୁ ପୂଜାରୀ ହଳଦିଆ ରଙ୍ଗର ମାଳା ପିନ୍ଧିବାକୁ ଦେଇଥିଲେ। ଅନୁଷ୍କାଙ୍କ ହାତଧରି କୋହଲି ମନ୍ଦିର ପରିକ୍ରମା କରିଥିଲେ। ଦୁହେଁ ସେଠାରେ ୨୦ ମିନିଟ୍ ରହିଥିଲେ। ହନୁମାନ ଗଡିରେ ମହନ୍ତ ହନୁମାନଙ୍କ ପ୍ରତୀମା ଉପହାର ପ୍ରଦାନ କରିଥିଲେ। ଉଲ୍ଲେଖଥାଉ କି, ଟେଷ୍ଟରୁ ସନ୍ୟାସ ନେବା ପରେ କୋହଲି ଓ ଅନୁଷ୍କା ବୃନ୍ଦାବନରେ ଯାଇ ସେଠାରେ ପ୍ରେମାନନ୍ଦ ଜୀ ମହରାଜଙ୍କୁ ସାକ୍ଷାତ କରିଥିଲେ। ପ୍ରେମାନନ୍ଦ ଜୀଙ୍କ ଆଶ୍ରମରେ ଦୁହେଁ ୨ ଘଣ୍ଟା ୨୦ ମିନିଟ୍ ସମୟ ବିତାଇଥିଲେ। ମେ ୧୨ ତାରିଖରେ କୋହଲି ଟେଷ୍ଟ କ୍ରିକେଟରୁ ଅବସର ଘୋଷଣା କରିଥିଲେ। ସେହିପରି ଟି-୨୦ ବିଶ୍ୱକପ୍ ବିଜୟ ପରେ ସେ ଓ ରୋହିତ ଶର୍ମା କ୍ରିକେଟର ଏହି ଛୋଟ ଫର୍ମାଟ୍‌ରୁ ଅବସର ନେଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS